

ଟେନିସ୍ ହଲ୍ ଅଫ୍ ଫେମ୍‌ରେ ଫେଡେରର୍

▶ପୃଷ୍ଠା ୧୦ ଦେଖନ୍ତୁ...


RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-144 ◆THURSDAY ◆20 NOVEMBER 2025 ◆PAGE-12 ◆₹ 6.00 | SAMBALPUR | ◆ବର୍ଷ-୪୩ ◆ସଂଖ୍ୟା-୧୪୪ ◆ଗୁରୁବାର ◆୨୦ ନଭେମ୍ବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


## ବିପଦରେ ୩୫୦ କୋଟି ହ୍ୱାଟ୍ସଆପ୍ ୟୁଜର୍ସଙ୍କ ଡାଟା



**ଭାରତର ୭୪.୯ କୋଟି ବ୍ୟବହାରକାରୀ**

**ପ୍ରୋଫାଇଲ ପିକ୍ଚର ଷ୍ଟାଟସ୍ ପ୍ରଘଟ ହୋଇପାରେ**

■ ନୂଆଦିଲ୍ଲୀ, ୧୯।୧୧ (ଏଜେନ୍ସି): ବିପଦରେ ବିଶ୍ୱର ୩.୫ ବିଲିୟନ ଅର୍ଥାତ୍ ୩୫୦ କୋଟିରୁ ଅଧିକ ହ୍ୱାଟ୍ସଆପ୍ ବ୍ୟବହାରକାରୀଙ୍କ ବ୍ୟକ୍ତିଗତ ତଥ୍ୟ। ଏଥିରେ କେବଳ ଭାରତର ସର୍ବାଧିକ ୭୪.୯ କୋଟି ବ୍ୟବହାରକାରୀଙ୍କ ଆକାଉଣ୍ଟ ରହିଛି। ସୁରକ୍ଷାରେ ବଡ଼ ତ୍ରୁଟି ଯୋଗୁ ହ୍ୱାଟ୍ସଆପ୍‌ରେ ବ୍ୟବହାରକାରୀଙ୍କ ପ୍ରୋଫାଇଲ୍ ପିକ୍ଚର ଏବଂ ଷ୍ଟାଟସ୍ ଆଦିରେ ଥିବା ତଥ୍ୟ ଲିକ୍ ହୋଇଯାଇପାରେ। ଭିଏନା ବିଶ୍ୱବିଦ୍ୟାଳୟର ଗବେଷକମାନେ ଏହି ତ୍ରୁଟିକୁ ଧରିଛନ୍ତି। ଗବେଷକଙ୍କ ଅନୁଯାୟୀ, ଏହି ଦୁର୍ବଳତା ଯେକୌଣସି ବ୍ୟକ୍ତିଙ୍କୁ ଯାଞ୍ଚ କରିବାକୁ ଅନୁମତି ଦିଏ ଯେ ଜଣେ ବ୍ୟକ୍ତି ହ୍ୱାଟ୍ସଆପ୍‌ରେ ସକ୍ରିୟ ଅଛନ୍ତି କି ନାହିଁ। ତା'ପରେ ସେମାନଙ୍କ ପ୍ରୋଫାଇଲ୍ ପିକ୍ଚର ଓ ଷ୍ଟାଟସ୍‌ର ବିବରଣୀ ସହଜରେ ବାହାର କରାଯାଇପାରିବ। ପରେ ଏହାର ସମ୍ଭାବ୍ୟ ଅପବ୍ୟବହାର କରାଯାଇପାରେ ବୋଲି ଗବେଷକମାନେ କହିଛନ୍ତି। ଏହି ସମସ୍ୟାଟି ହ୍ୱାଟ୍ସଆପ୍‌ର କନେକ୍ଟ ଡିସ୍କଭରି ଫିଚରର ବୈଶିଷ୍ଟ୍ୟରେ ରହିଛି। ଏହା ବ୍ୟବହାରକାରୀଙ୍କ ଫୋନ୍ ଠିକଣା ପୁସ୍ତିକାକୁ ସିଙ୍କ୍ କରି ଲୋକଙ୍କୁ ସର୍ଚ୍ଚ ସହଜ କରିବା ପାଇଁ ଡିଜାଇନ୍ କରାଯାଇଥିଲା, କିନ୍ତୁ ଏହା ଅଜାଣତରେ ୟୁଜରଙ୍କ ଡାଟାର ବଡ଼ ପରିମାଣରେ ଚୋରି ପାଇଁ ଦ୍ୱାର ଖୋଲି ଦେଇଥିଲା। ଗବେଷକମାନେ ରିପୋର୍ଟ କରିଛନ୍ତି ଯେ ଏଥିରେ ବିଶ୍ୱର ୩୫୦ କୋଟି ବ୍ୟବହାରକାରୀଙ୍କ ମଧ୍ୟରୁ ଭାରତର ୭୪.୯ କୋଟି (୨୧.୬୭%), ଇଣ୍ଡୋନେସିଆର ୨୩୫ନିୟୁତ (୬.୮୧%), ବ୍ରାଜିଲର ୨୦୭ ନିୟୁତ ▶ପୃଷ୍ଠା-୭

# ବିହାରରେ ପୁଣି ନୀତୀଶ ସରକାର

## ରାଜ୍ୟପାଳଙ୍କୁ ଭେଟି ଦେଲେ ଇସ୍ତଫା; ଆଜି ୧୦ମ ଥର ପାଇଁ ମୁଖ୍ୟମନ୍ତ୍ରୀ ରୂପେ ନେବେ ଶପଥ



**ଯୋଗ ଦେବେ ପ୍ରଧାନମନ୍ତ୍ରୀ, ଗୃହମନ୍ତ୍ରୀ, କୃଷିମନ୍ତ୍ରୀ**

**ଶପଥ ଉତ୍ସବରେ ଉପସ୍ଥିତ ରହିବେ ୧୧ ମୁଖ୍ୟମନ୍ତ୍ରୀ**

■ ପାଟନା, ୧୯।୧୧ (ଏଜେନ୍ସି): ଯାହା ଆଶା କରାଯାଉଥିଲା, ତାହା ହିଁ ଘଟିଛି। ଆଜି ବିହାର ମୁଖ୍ୟମନ୍ତ୍ରୀ ନୀତୀଶ କୁମାର ରାଜ୍ୟପାଳଙ୍କୁ ଭେଟି ନିଜ ଇସ୍ତଫାପତ୍ର ପ୍ରଦାନ କରିଛନ୍ତି ଓ ଆସନ୍ତାକାଲି ପୁଣି ମୁଖ୍ୟମନ୍ତ୍ରୀ ଭାବରେ ଶପଥ ନେବାକୁ ଯାଉଛନ୍ତି। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ, ଗୃହମନ୍ତ୍ରୀ ଅମିତ୍ ଶାହା, ବିଜେପି ଜାତୀୟ ଅଧ୍ୟକ୍ଷ ଜେ.ପି.ନଡ୍ଡା, କେନ୍ଦ୍ରମନ୍ତ୍ରୀ ଶିବରାଜ ସିଂହ ଚୌହାନ, ୧୧ ରାଜ୍ୟର ମୁଖ୍ୟମନ୍ତ୍ରୀ ଓ ୧୫୦ ବିଶିଷ୍ଟ ଅତିଥିଙ୍କ ଉପସ୍ଥିତିରେ ନୀତୀଶ ୧୦ମ ଥର ପାଇଁ ବିହାରର ମୁଖ୍ୟମନ୍ତ୍ରୀ ଭାବରେ ଶପଥ ନେବେ ବୋଲି ସୂଚନା ମିଳିଛି।

ଆଜି ସକାଳେ ବିଜେପି ବିଧାୟକ ଦଳ ବୈଠକ ଅନୁଷ୍ଠିତ ହୋଇଥିଲା। ଦଳୀୟ ପର୍ଯ୍ୟବେକ୍ଷକ ତଥା ଉତ୍ତରପ୍ରଦେଶ ଉପମୁଖ୍ୟମନ୍ତ୍ରୀ କେଶବ ପ୍ରସାଦ ମୌର୍ଯ୍ୟ, ସହ ପର୍ଯ୍ୟବେକ୍ଷକ ଅର୍ଜୁନରାମ ମେଘୱାଲ ଓ ସାଧ୍ୱୀ ନିରଞ୍ଜନ ଜ୍ୟୋତିଙ୍କ ଉପସ୍ଥିତିରେ ସମ୍ରାଟ ଚୌଧୁରୀଙ୍କୁ ବିଜେପି ବିଧାୟକ ଦଳ ନେତା ଓ ବିଜୟ ସିହ୍ନାଙ୍କୁ ବିଧାୟକ ଦଳ ଉପନେତା ମନୋନୟନ କରାଯାଇଥିଲା। ଅନ୍ୟପକ୍ଷରେ ଜେଡିୟୁ ବିଧାୟକ ଦଳ ବୈଠକରେ ନୀତୀଶ କୁମାର ବିଧାୟକ ଦଳ ନେତା ନିର୍ବାଚିତ ହୋଇଥିଲେ। ପରେ ଏନ୍‌ଡିଏ ବିଧାୟକ ଦଳ ବୈଠକ ବିଧାନସଭା ସେଂଟ୍ରାଲ ହଲରେ ଅନୁଷ୍ଠିତ ହୋଇଥିଲା ଏବଂ ନୀତୀଶ କୁମାର ସର୍ବସମ୍ମତିକ୍ରମେ ନେତା ନିର୍ବାଚିତ ହୋଇଥିଲେ। ତେଣୁ ଆସନ୍ତାକାଲି ନୀତୀଶ ମୁଖ୍ୟମନ୍ତ୍ରୀ ଏବଂ ସମ୍ରାଟ ଚୌଧୁରୀ ଓ ବିଜୟ ସିହ୍ନା ଉପମୁଖ୍ୟମନ୍ତ୍ରୀ ରୂପେ ଶପଥ ନେବା ପ୍ରାୟ ଚୂଡ଼ାନ୍ତ ହୋଇଛି। ବିଧାୟକ ଦଳ ନେତା ନିର୍ବାଚନର ଔପଚାରିକତା ଶେଷ ପରେ ନୀତୀଶ କୁମାର ରାଜ୍ୟପାଳଙ୍କୁ ଭେଟି ନିକଟରେ ମୁଖ୍ୟମନ୍ତ୍ରୀ ପଦରୁ ଇସ୍ତଫା ଦେଇଛନ୍ତି।

ଆସନ୍ତାକାଲି ନୀତୀଶଙ୍କ ସହ ଶପଥ ନେବାକୁ ଥିବା ସମ୍ଭାବ୍ୟ ମନ୍ତ୍ରୀମାନଙ୍କର ନାମ ସାମାଜିକ ଗଣମାଧ୍ୟମରେ ଘୂରି ବୁଲୁଥିଲେ ହେଁ ତାହା ଚୂଡ଼ାନ୍ତ ହୋଇପାରି ନାହିଁ। ଆଜି ରାତିରେ କେନ୍ଦ୍ର ଗୃହମନ୍ତ୍ରୀ ଅମିତ୍ ଶାହା ପାଟନାରେ ପହଞ୍ଚିବା ପରେ ନୀତୀଶଙ୍କ ସହ ଏସଂକ୍ରାନ୍ତରେ ଆଲୋଚନା କରିବେ। ବୈଠକରେ ମନ୍ତ୍ରୀ ତାଲିକା ଚୂଡ଼ାନ୍ତ ହୋଇପାରେ। ▶ପୃଷ୍ଠା-୭

## ଟ୍ରିବ୍ୟୁନାଲ ସଂସ୍କାର ଆଇନ ରଦ୍ଦ କଲେ ସୁପ୍ରିମ୍‌କୋର୍ଟ



**ବିଚାର ବିଭାଗର କ୍ଷମତାରେ ହସ୍ତକ୍ଷେପ ନକରିବାକୁ ଚେତାବନୀ**

■ ନୂଆଦିଲ୍ଲୀ, ୧୯।୧୧ (ଏଜେନ୍ସି): କେନ୍ଦ୍ର ସରକାରଙ୍କ ଦ୍ୱାରା କାର୍ଯ୍ୟକାରୀ ହେଉଥିବା ଟ୍ରିବ୍ୟୁନାଲ ସଂସ୍କାର ଆଇନ, ୨୦୨୧କୁ ଆଜି ରଦ୍ଦ କରିଦେଇଛନ୍ତି ସୁପ୍ରିମ କୋର୍ଟ। ଏହି ଆଇନକୁ ଅସାମ୍ବିଧାନିକ ବର୍ଣ୍ଣନା କରି ସର୍ବୋଚ୍ଚ ଅଦାଲତ କହିଛନ୍ତି ଯେ ସଂସଦରେ ଗୃହୀତ ଏହି ଆଇନ କ୍ଷମତାର ପୃଥକୀକରଣ ଏବଂ ବିଚାର ବିଭାଗର ନିରପେକ୍ଷତା ସଂକ୍ରାନ୍ତ ନିୟମରର ଉଲ୍ଲଂଘନ କରୁଛି। ବିଚାର ବିଭାଗର ସ୍ୱୟଂଶାସନ ପାଇଁ ସମ୍ବିଧାନରେ ଯେଉଁ ବ୍ୟବସ୍ଥା ରହିଛି, ସେଥିରେ କୌଣସି ପ୍ରକାର ହସ୍ତକ୍ଷେପ ନକରିବା ଲାଗି କେନ୍ଦ୍ର ସରକାରଙ୍କୁ କୋର୍ଟ ସତର୍କ କରାଇଦେଇଛନ୍ତି। ସଂପୃକ୍ତ ଟ୍ରିବ୍ୟୁନାଲ ଆଇନକୁ ଚାଲେଞ୍ଜ କରି ଆଗତ ଏକାଧିକ ପିଟିସନର ବିଚାର କରି ଆଜି ଏହି ରାୟ ଶୁଣାଇଛନ୍ତି ପ୍ରଧାନ ବିଚାରପତି ଜଷ୍ଟିସ ବି.ଆର. ଗଭାଇ ଏବଂ ଜଷ୍ଟିସ କେ. ବିନୋଦ ଚନ୍ଦ୍ରନଙ୍କୁ ନେଇ ଗଠିତ ବେଞ୍ଚ। ରାୟ ଶୁଣାଇ ପ୍ରଧାନ ବିଚାରପତି ଜଷ୍ଟିସ ଗଭାଇ କହିଲେ ଯେ ▶ପୃଷ୍ଠା-୭

## ଆସୁଛି ଲଘୁଚାପ: ପୁଣି ବାତ୍ୟା ଭୟ

■ **ଆନ୍ଧ୍ର-ଓଡ଼ିଶା ପ୍ରତି ରହୁଛି ବିପଦ**


■ **ଉଜାଡ଼ି ଦେବ ଉପକୂଳର ଚାଷ**

■ ଭୁବନେଶ୍ୱର, ୧୯ ।୧୧ (ସମିସ): ଚଳିତ ମାସ ଶେଷ ବେଳକୁ ରାଜ୍ୟକୁ ଆସୁଛି ବଡ଼ ବର୍ଷା। ରାଜ୍ୟର ସମଗ୍ର ଉପକୂଳବର୍ତ୍ତୀ ଜିଲ୍ଲା ସମେତ ଅଧିକାଂଶ ଆଭ୍ୟନ୍ତରୀଣ ଜିଲ୍ଲା ପାଇଁ ସୃଷ୍ଟି ହୋଇଛି ବର୍ଷା ବିପଦ। ସମ୍ଭାବ୍ୟ ଲଘୁଚାପ ଓ ପରବର୍ତ୍ତୀ ସମୟରେ ଏହା ଅଧିକ ଘନୀଭୂତ ହେବାର ପୂର୍ବାନୁମାନକୁ ଆଧାର କରି ଆଉ ଏକ ସମ୍ଭାବ୍ୟ ବାତ୍ୟାର ମଧ୍ୟ ଆକଳନ କରାଯାଇଛି। ଭାରତୀୟ ପାଣିପାଗ ବିଭାଗ (ଆଇଏମ୍‌ଡି) ପକ୍ଷରୁ ପୂର୍ବାନୁମାନ କରାଯାଇଛି ଯେ ଆସନ୍ତା ୨୨ତାରିଖ ବେଳକୁ ଦକ୍ଷିଣ-ପୂର୍ବ ବଙ୍ଗୋପସାଗର ଅଞ୍ଚଳରେ ଏକ ଲଘୁଚାପ ସୃଷ୍ଟି ହେବ। ପରବର୍ତ୍ତୀ ସମୟରେ ଏହା ପଶ୍ଚିମ-ଉତ୍ତର ପଶ୍ଚିମ ଦିଗରେ ଗତିକରି ଘନୀଭୂତ ହୋଇ ୨୪ ତାରିଖ ବେଳକୁ ଦକ୍ଷିଣ ବଙ୍ଗୋପସାଗରର କେନ୍ଦ୍ରୀୟ ଅଞ୍ଚଳରେ ଅବପାତରେ ପରିଣତ ହେବ। ପରବର୍ତ୍ତୀ ୪୮ ଘଣ୍ଟାରେ ଏହା ସମାନ ଦିଗରେ ଗତି ବଜାୟ ରଖିବା ସହ ଦକ୍ଷିଣ- ▶ପୃଷ୍ଠା-୭

## ଲଜ୍ଜା! ଦାଦନ ଫେରନ୍ତା ମହିଳାଙ୍କୁ ବସ୍‌ଷ୍ଟାଣ୍ଡରୁ ଟେକିନେଇ ଦୁଷ୍କର୍ମ !

■ ରାୟଗଡ଼ା,୧୯।୧୧(ସମିସ): ଜଣେ ଦାଦନ ଫେରନ୍ତା ବିବାହିତ ମହିଳାଙ୍କୁ ରାୟଗଡ଼ାରେ ଦୁଷ୍କର୍ମ କରାଯାଇଥିବା ଅଭିଯୋଗ ହୋଇଛି। ବିବାହିତ ମହିଳା ଜଣକ ନିଜ ସ୍ୱାମୀ ସହିତ ଗତକାଲି ବିଳମ୍ବିତ ରାତିରେ ରାୟଗଡ଼ା ଟାଉନ ଥାନାରେ ଲିଖିତ ଅଭିଯୋଗ କରିଛନ୍ତି। ଅଭିଯୋଗ ପରେ ଏସଡିପିଓ ଗୌରହରି ସାହୁଙ୍କ ନେତୃତ୍ୱରେ ପୋଲିସ ତଦନ୍ତ ଆରମ୍ଭ କରି ବଳାତ୍କାର କରିଥିବା ସନ୍ଦେହରେ ଜଣେ ଯୁବକଙ୍କୁ ଥାନାରେ ଅଟକ ରଖି ପଚରାଉଚୁରା କରୁଥିବା ଜଣାପଡ଼ିଛି।

ପୀଡ଼ିତାଙ୍କ ସ୍ୱାମୀଙ୍କ କହିବାନୁସାରେ କୋରାପୁଟ ଜିଲ୍ଲା ବନ୍ଧୁଗାଁ ବ୍ଲକରୁ ସେମାନେ ତାମିଲନାଡୁ ରାଜ୍ୟକୁ ଦାଦନ ଖଟିବାକୁ ଯାଇଥିଲେ। ଗତକାଲି ରାୟଗଡ଼ାକୁ ଟ୍ରେନ ଯୋଗେ ଫେରିଥିଲେ। ରାତି ୮ଟା ସମୟରେ ନିଜ ଗାଁକୁ ଫେରିବା ପାଇଁ ରାୟଗଡ଼ା ବସଷ୍ଟାଣ୍ଡରେ ବସକୁ ଅପେକ୍ଷା କରିଥିଲେ। ଏହି ସମୟରେ ସେଠାରେ ଉପସ୍ଥିତ ଥିବା ଯୁବକ କେଉଁଆଡେ ଯିବ ବୋଲି ଉକ୍ତ ଦମ୍ପତିଙ୍କୁ ପଚାରିଥିଲେ। ଦମ୍ପତି ବନ୍ଧୁଗାଁକୁ ▶ପୃଷ୍ଠା-୭




### ମୁଖ୍ୟମନ୍ତ୍ରୀଙ୍କୁ ଭେଟିଲେ କେନ୍ଦ୍ର ଇସ୍ପାତ ମନ୍ତ୍ରୀ କୁମାରସ୍ୱାମୀ

## ସଂପ୍ରସାରଣ ହେବ ରାଉରକେଲା ଷ୍ଟିଲ୍ ପ୍ଲାଣ୍ଟ



**ସମସ୍ତ ସହଯୋଗ ଯୋଗାଇଦେବେ ରାଜ୍ୟ ସରକାର**

**ଲୋକଙ୍କ ସମସ୍ୟାର ସମାଧାନ କରି ସହମତି ଭିତ୍ତିରେ ସମ୍ପ୍ରସାରଣ ପାଇଁ ଜମି ଯୋଗାଇ ଦିଆଯିବ: ମୁଖ୍ୟମନ୍ତ୍ରୀ**

■ ଭୁବନେଶ୍ୱର, ୧୯।୧୧ (ସମିସ): କେନ୍ଦ୍ର ଭାରୀ ଶିଳ୍ପ ତଥା ଇସ୍ପାତ ମନ୍ତ୍ରୀ ଏଚ୍. ଡି କୁମାରସ୍ୱାମୀ ବୁଧବାର ଲୋକସେବା ଭବନରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କୁ ଭେଟିଛନ୍ତି। ଏହି ଅବସରରେ ଉଭୟେ ରାଉରକେଲା ଷ୍ଟିଲ ପ୍ଲାଣ୍ଟର ସମ୍ପ୍ରସାରଣ ସମ୍ପର୍କରେ ଆଲୋଚନା କରିଛନ୍ତି। ଆଲୋଚନାରୁ ଜଣାଯାଇଛି ଯେ ରାଉରକେଲା ଷ୍ଟିଲ୍ ପ୍ଲାଣ୍ଟର ଆଧୁନିକୀକରଣ ଓ ସମ୍ପ୍ରସାରଣ ପାଇଁ ଉଦ୍ୟମ ଜାରି ରହିଛି। ଆଧୁନିକୀକରଣ କାର୍ଯ୍ୟ ସୁରୁଖୁରୁରେ ଚାଲିଥିବା ବେଳେ, ସମ୍ପ୍ରସାରଣ ପାଇଁ ଜମି ଅଧିଗ୍ରହଣକୁ ସୁରୁଖୁରୁରେ କରିବା ପାଇଁ ବୈଠକରେ ଆଲୋଚନା କରାଯାଇଥିଲା।

ବୈଠକରେ ଏ ସମ୍ପର୍କରେ ସମାଧାନ ପାଇଁ ବିସ୍ତୃତ ଆଲୋଚନା ▶ପୃଷ୍ଠା-୭

## ଚୋରକୁ ପିଟିପିଟି ମାରିଦେଲେ ଗ୍ରାମବାସୀ

**୧୦ରୁ ଊର୍ଦ୍ଧ୍ୱ ଅଟକ**

■ ଉଦଳା, ୧୯।୧୧ (ସମିସ): ଗାଁକୁ ରାତିରେ ଚୋରି କରିବାକୁ ଆସିଥିଲେ ଦୁଇ ଲୁଟେରା; ହେଲେ ଗ୍ୟାସ୍ ସିଲିଣ୍ଡର ଚୋରି କରିବା ପଡିଛି ମହଙ୍ଗା। ଗାଁ ଲୋକେ ଜଣେ ଚୋରକୁ ପିଟିପିଟି ମାରିଦେଇଛନ୍ତି। ଏଭଳି ଏକ ଚାଞ୍ଚଲ୍ୟକର ଘଟଣା ଘଟିଛି ଉଦଳା ଥାନା ବିସିପୁର ଗ୍ରାମରେ। ମଙ୍ଗଳବାର ବିଳମ୍ବିତ ରାତିରେ ଖୁଣ୍ଟା ଥାନା ଦେଉଳା ଗ୍ରାମର ବାପି କୋହ୍ଲାର ଏବଂ କାହ୍ନୁ ମଡେଇ ବିସିପୁର ଗ୍ରାମକୁ ଚୋରି କରିବା ନିମନ୍ତେ ଯାଇଥିଲେ। ସେଠାରୁ ଦୁଇଟି ଗ୍ୟାସ୍ ସିଲିଣ୍ଡର ଚୋରି କରି ଗ୍ରାମରୁ ବାହାରି ଆସିବା ସମୟରେ ଲୋକଙ୍କ ହାବୁଡରେ ପଡିଯାଇଥିଲେ। ପରେ ଉଭୟଙ୍କୁ ନିର୍ଘାତ ପିଟିପିଟି ଗୁରୁତର କରିଦେଇଥିଲେ। ଖବରପାଇ ଉଦଳା ପୁଲିସ ପହଞ୍ଚି ଗ୍ରାମବାସୀଙ୍କ କବଳରେ ଥିବା ଦୁଇ ଲୁଟେରାଙ୍କୁ ଉଦ୍ଧାର କରି ଡାକ୍ତରଖାନାରେ ଭର୍ତ୍ତି କରିଥିଲା; ହେଲେ ବାପି କୋହ୍ଲାରର ଅବସ୍ଥା ଗୁରୁତର ଥିବାରୁ କିଛି ସମୟ ପରେ ଚିକିତ୍ସାଧୀନ ଅବସ୍ଥାରେ ମୃତ୍ୟୁ ହୋଇଥିଲା। ପୁଲିସ ମୃତକ ବାପି କୋହ୍ଲାରର ମୃତଦେହକୁ ବ୍ୟବଚ୍ଛେଦ ନିମନ୍ତେ ମେଡିକାଲରେ ରଖିଥିବା ବେଳେ ଅନ୍ୟ ଜଣେ ଲୁଟେରା କାହ୍ନୁକୁ ଥାନାରେ ଅଟକ ରଖି ପଚରାଉଚରା କରୁଛି। ଏହି ଘଟଣାରେ ପୁଲିସ ଗ୍ରାମର ୧୦ରୁ ଅଧିକ ଲୋକଙ୍କୁ ଥାନାରେ ଅଟକ ରଖି ପଚରାଉଚରା ଜାରି ▶ପୃଷ୍ଠା-୭

## ଟଳିଲେ ଆଉ ୭ ମାଓବାଦୀ, ୫୦ ଗିରଫ



■ ମାଲକାନଗିରି, ୧୯ ।୧୧ (ସମିସ): ମାଲକାନଗିରି ଜିଲ୍ଲା ସୀମାନ୍ତ ଆନ୍ଧ୍ରପ୍ରଦେଶର ଆଲୁରି ସୀତାରାମ ରାଜୁ ଜିଲ୍ଲାରେ ଆଜି ପୁଣି ସୁରକ୍ଷା ବଳକୁ ମିଳିଛି ବଡ଼ ସଫଳତା। ଗତକାଲି ଏହି ଜିଲ୍ଲାରେ ଗୁଳି ବିନିମୟ ଘଟି କୁଖ୍ୟାତ ମାଓ ନେତା ହିଡମା ସହ ୬ ଜଣ ମାଓବାଦୀ ନିହତ ହୋଇଥଲେ। ଆଜି ପୁଣି ସେହି ଅଞ୍ଚଳରେ ଚାଲିଥିବା ତଲାସି ଅଭିଯାନ ସମୟରେ ଯବାନ ଓ ମାଓବାଦୀଙ୍କ ମଧ୍ୟରେ ଗୁଳି ବିନିମୟ ହୋଇଛି। ଏଥିରେ ୭ ଜଣ ମାଓବାଦୀ ମୃତ୍ୟୁବରଣ କରିଛନ୍ତି। ଗତକାଲିର ଗୁଳି ବିନିମୟ ପରେ ଏହି ଜଙ୍ଗଲରେ ମାଓ କ୍ୟାମ୍ପ ଚାଲିଥିବା ନେଇ ବିଶେଷ ସୂତ୍ରରୁ ଖବର ପାଇବା ପରେ ଗ୍ରେ-ହାଉଣ୍ଡ ଯବାନ ସେହି ଅଞ୍ଚଳରେ କ୍ରମାଗତ ତଲାସି ଅଭିଯାନକୁ ଜାରି ରଖିଥିଲେ। ଭୋରରେ ମାଓବାଦୀ ଏବଂ ଯବାନ ମଧ୍ୟରେ ଗୁଳିବିନିମୟ ଘଟିଥିଲା। ମାଓବାଦୀ ଛତ୍ରଭଙ୍ଗ ଦେବା ପରେ ଅଞ୍ଚଳରେ ଯବାନଙ୍କ ପକ୍ଷରୁ ତଲାସି ଅଭିଯାନ ବେଳେ ଘଟଣାସ୍ଥଳରୁ ୭ ଜଣ ମାଓବାଦୀଙ୍କ ଶବ ମିଳିଛି। ମୃତ ମାଓବାଦୀ ମଧ୍ୟରେ ଆନ୍ଧ୍ର-ଓଡ଼ିଶା ବର୍ଡର ଡିଭିଜନାଲ କମିଟି ମେମ୍ବର ଏମ୍ ଜଗା ରାଓ ଓରଫ ଟେକ ଶଙ୍କର, ଡିଭିଜନାଲ କମିଟି ମେମ୍ବର ସୀତା ଓରଫ ଜ୍ୟୋତି, ତିରୁପତିଙ୍କ ଶବ ରହିଛି। ମୃତ ମାଓବାଦୀଙ୍କ ମଧ୍ୟରେ ୫ ଜଣ ଏସିଏମ କ୍ୟାଡରର ମାଓବାଦୀ ▶ପୃଷ୍ଠା-୭



# ଦେଶ ବିଦେଶ



## ଭାରତ ଫେରିଲା ଗ୍ୟାଙ୍ଗଷ୍ଟର ଲରେନ୍ସର ଭାଇ ଅନ୍‌ମୋଲ



ନୂଆଦିଲ୍ଲୀ, ୧୯।୧୧ (ଏଜେନ୍ସି): ଗ୍ୟାଙ୍ଗଷ୍ଟର ଲରେନ୍ସ ବିଷ୍ଣୋଇର ଭାଇ ଅନ୍‌ମୋଲ ବିଷ୍ଣୋଇକୁ ପ୍ରତ୍ୟର୍ପଣ କରି ବୁଧବାର ଦିଲ୍ଲୀ ଅଣାଯାଇଛି। ବିମାନବନ୍ଦରରେ ପହଞ୍ଚିବା ପରେ ଏନ୍‌ଆଇଏ ତାକୁ ହେପାଜତକୁ ନେଇ ପଟିଆଲା ହାଉସ କୋର୍ଟରେ ଉପସ୍ଥାପନ କରିଛି। କୋର୍ଟ ତାକୁ ୧୧ ଦିନ ପାଇଁ ଏନଆଇଏ ହେପାଜତକୁ ପଠାଇ ଦେଇଛନ୍ତି। ଆମେରିକାରୁ ଆଜି ମୋଟ ୨୦୦ ଲୋକଙ୍କୁ ପ୍ରତ୍ୟର୍ପଣ କରାଯାଇଥିଲା। ଏମାନଙ୍କ ମଧ୍ୟରେ ଭାରତର ତିନି ଜଣ ସାମିଲ ଥିଲେ। ଆଉ ଦୁଇ ପଞ୍ଜାବର ବାସିନ୍ଦା। ତେବେ ଏହି ଦୁଇ ଜଣଙ୍କ ବିଷୟରେ କୌଣସି ସୂଚନା ବାହାରକୁ ଆସି ନାହିଁ।

ଗ୍ୟାଙ୍ଗଷ୍ଟର ଅନମୋଲ ଭାରତରେ ଅନେକ ମାମଲାରେ ୱାଣ୍ଟେଡ ଥିଲା। ୨୦୨୪ ଏପ୍ରିଲରେ ବଲିଉଡ ଅଭିନେତା ସଲ୍‌ମାନ ଖାନଙ୍କ ଘର ଉପରେ ଗୁଳିମାଡ଼ ମାମଲାରେ ସେ ଅଭିଯୁକ୍ତ ଥିଲା। ସେହିପରି ଗତ ବର୍ଷ ମୁମ୍ବଇରେ ଏନ୍‌ସିପି ନେତା ବାବା ସିଦ୍ଦିକି ହତ୍ୟା ମାମଲାର ମଧ୍ୟ ସେ ମୁଖ୍ୟ ଅଭିଯୁକ୍ତ। ୨୦୨୨ରେ ପଞ୍ଜାବୀ ଗୀତିକାର ସିଦ୍ଧୁ ମୁସେୱାଲା ହତ୍ୟା ମାମଲାରେ ମଧ୍ୟ ଅନମୋଲର ନାମ ସାମ୍ନାକୁ ଆସିଥିଲା। ରିପୋର୍ଟ ଅନୁଯାୟୀ, ଆମେରିକାରେ ବେଆଇନ ଭାବେ ପ୍ରବେଶ କରିବା ମାମଲାରେ ଅନମୋଲକୁ ଗିରଫ କରାଯାଇଥିଲା। ସେ ଭାରତର ଜାଲ୍‌ପାସପୋର୍ଟରେ ଆମେରିକା ଯାଇଥିଲା। ଏହି ପାସୋପର୍ଟ ଭାନୁ ପ୍ରତାପ ନାମରେ ଥିଲା। ଏନଆଇଏର ୱାଣ୍ଟେଡ ତାଲିକାରେ ରହିଛି। ତା' ଉପରେ ୧୦ ଲକ୍ଷ ଟଙ୍କା ପୁରସ୍କାର ଘୋଷଣା କରାଯାଇଛି।

## ଇମ୍ରାନ ଖାନଙ୍କ ୩ ଭଉଣୀଙ୍କୁ ଘୋଷାଡ଼ି ନେଲା ପୁଲିସ



ନୂଆଦିଲ୍ଲୀ, ୧୯।୧୧ (ଏଜେନ୍ସି): ପାକିସ୍ତାନର ପୂର୍ବତନ ପ୍ରଧାନମନ୍ତ୍ରୀ ତଥା ଜେଲ୍‌ରେ ବନ୍ଦୀ ଇମ୍ରାନ ଖାନଙ୍କ ଭଉଣୀଙ୍କୁ ରାୱଲପିଣ୍ଡି ପୁଲିସ ଖରାପ ବ୍ୟବହାର କରିଛି। ଅଦିଆଲା ଜେଲ ବାହାରେ ବିକ୍ଷୋଭ କରୁଥିବା ପୁଲିସ ତାଙ୍କ ଭଉଣୀଙ୍କୁ ରାସ୍ତା ଘୋଷାଡ଼ି ଘୋଷାଡ଼ି ନେଇ ହେପାଜତରେ ରଖିଛି। ଏହାର କରୁଣ ଦୃଶ୍ୟ ସାମାଜିକ ଗଣମାଧ୍ୟମରେ ଭାଇରାଲ ହେବାରେ ଲାଗିଛି। ସୂଚନା ଅନୁଯାୟୀ ଇମ୍ରାନଙ୍କୁ ଭେଟିବା ପାଇଁ ଭଉଣୀ ଅଲିମା, ଉଜମା ଏବଂ ନୌରିନ ଖାନ ଜେଲ୍‌କୁ ଯାଇଥିଲେ। ମାତ୍ର ପୁଲିସ ତାଙ୍କୁ ଭାଇକୁ ଭେଟିବାକୁ ଦେଇ ନ ଥିଲା। ଏହାକୁ ପ୍ରତିବାଦ କରି ଭଉଣୀମାନେ ବିକ୍ଷୋଭ କରିଥିଲେ। ଏହି ସମୟରେ ଇମ୍ରାନଙ୍କ ଭଉଣୀ ନୌରିନଙ୍କୁ ପୁଲିସ ଘୋଷାଡ଼ି ଘୋଷାଡ଼ି ନେଇଥିଲେ। ଏହି ସମୟରେ ତାଙ୍କ ଭଉଣୀମାନେ ଭୟରେ ଥରୁଥିବା ଦେଖାଯାଉଛି। ନୌରିନ୍ କହିଛନ୍ତି ଯେ ଜେଲ୍ ବାହାରେ ମୁଁ ୨ଭଉଣୀଙ୍କ ସହ ଠିଆ ହୋଇଥିଲି। ଜଣେ ମହିଳା ପୁଲିସ ଆସି ମୋତେ ଧରି ତଳେ ପକାଇ ଦେଲେ। ଏପରି କାହିଁକି କରୁଛନ୍ତି ତାହା ମୁଁ ବୁଝି ପାରି ନ ଥିଲି। ଏହା ପରେ ସେ ମୋତେ ଘୋଷାଡ଼ିବା ଆରମ୍ଭ କଲେ। ସେମାନେ ଏତେ ତଳସ୍ତରକୁ ଖସିବା ଦୁଃଖଦାୟକ। ପଞ୍ଜାବ ପୁଲିସକୁ ସେ ସବୁଠୁ ନିଷ୍ଠୁର କହିଛନ୍ତି। ଇମ୍ରାନ ଖାନଙ୍କ ଦଳ ପାକିସ୍ତାନ ତେହେରିକ୍-ଇ-ଇନସାଫ ପକ୍ଷରୁ ଏହାକୁ ନିନ୍ଦା କରାଯାଇଛି।

## ଭାରତ ବିରୋଧରେ ଜୈସ୍‌ର ଆତ୍ମଘାତୀ ସ୍କ୍ୱାଡ୍

ନୂଆଦିଲ୍ଲୀ, ୧୯।୧୧ (ଏଜେନ୍ସି):ଦିଲ୍ଲୀ ବିସ୍ଫୋରଣର ତଦନ୍ତରୁ ଗୋଟିଏ ପରେ ଗୋଟିଏ ବିସ୍ଫୋରକ ତଥ୍ୟ ସାମ୍ନାକୁ ଆସିବାରେ ଲାଗିଛି। ଭାରତ ବିରୋଧରେ ଏକ 'ଆତ୍ମଘାତୀ ସ୍କ୍ୱାଡ୍' ପ୍ରସ୍ତୁତ କରିବା ପାଇଁ ଜୈସ୍-ଇ-ମହମ୍ମଦ (ଜେଇଏମ) ପାଣ୍ଠି ସଂଗ୍ରହ କରୁଥିବା ଜଣାପଡ଼ିଛି। ଜେଇଏମ ପକ୍ଷରୁ ଘୋଷଣା କରାଯାଇଛି ଯେ ଦାନ ଗ୍ରହଣ ଏବଂ ଡିଜିଟାଲ ହାୱାଲା କାରବାରକୁ ସରଳ କରିବା ପାଇଁ ପାକିସ୍ତାନୀ ଡିଜିଟାଲ ଆପ୍ 'ସଦାପେ' ଭଳି ୱାଲେଟ୍ ମାଧ୍ୟମରେ ପାଣ୍ଠି ସଂଗ୍ରହ କରାଯିବ। ଲାଲକିଲ୍ଲା ବିସ୍ଫୋରଣର ତଦନ୍ତରୁ ଜଣାପଡ଼ିଛି ଯେ ଚଳିତ ବର୍ଷ ପାକିସ୍ତାନରେ ଆତ୍ମଘାତୀ ଆକ୍ରମଣର ବ୍ଲୁପ୍ରିଣ୍ଟ ପ୍ରସ୍ତୁତ କରାଯାଇଥିଲା। ଲାଲକିଲ୍ଲା ବିସ୍ଫୋରଣର ୧୫ ଦିନ ପୂର୍ବରୁ ଅକ୍ଟୋବର ଶେଷ ସପ୍ତାହରେ ନିଷିଦ୍ଧ ଆତଙ୍କବାଦୀ ସଂଗଠନ ଜେଇଏମ 'ତୁହଫତ ଉଲ-ମୋମିନାତ' ନାମକ ଏକ ଅନଲାଇନ୍ କୋର୍ସ ଆରମ୍ଭ କରିଥିଲା। ଏହା କେବଳ ମହିଳାଙ୍କ ପାଇଁ ଉଦ୍ଦିଷ୍ଟ ଥିଲା। ଧାର୍ମିକ ଏବଂ ଜିହାଦୀ ତାଲିମ ପ୍ରଦାନ କରିବା ସହିତ ସଂଗଠନର କାର୍ଯ୍ୟକଳାପ ପାଇଁ ପାଣ୍ଠି ସଂଗ୍ରହ ଏହାର ଉଦ୍ଦେଶ୍ୟ ଥିଲା। ଆତଙ୍କବାଦୀମାନଙ୍କୁ ସହାୟତା ଦେବାକୁ ଚାହୁଁଥିବା ବ୍ୟକ୍ତିଙ୍କଠାରୁ ଜୈସ ପାଣ୍ଠି ସଂଗ୍ରହ କରିଥିଲା। ଏ ବାବଦକୁ ୨୦ ହଜାର ପାକିସ୍ତାନୀ ଟଙ୍କା ତଥା ୬,୪୦୦ ଟଙ୍କା ମଗା ଯାଇଥିଲା। ଆକ୍ରମଣ ପାଇଁ ଯାଉଥିବା ଜିହାଦୀ ପାଇଁ ଜୋତା, ଟେଣ୍ଟ ଆଦି ଉପକରଣ କିଣିବାକୁ ଏହାକୁ ବ୍ୟବହାର କରାଯିବ ବୋଲି କୁହାଯାଇଥିଲା। ଦିଲ୍ଲୀ ବିସ୍ଫୋରଣରେ ସାମିଲ ୧୦ ଜଣିଆ ଡାକ୍ତରୀ ଆତଙ୍କବାଦୀଙ୍କ ଦଳ ପାଖକୁ ପାଣ୍ଠି ମଧ୍ୟ ଟ୍ରାନ୍ସଫର କରାଯାଇଥିବା କୁହାଯାଉଛି। ଏବେ ଏହି ଡିଜିଟାଲ ଫଣ୍ଡିଂ ନେଟ୍‌ୱର୍କକୁ ନେଇ ସ୍ୱତନ୍ତ୍ର ଯାଞ୍ଚ କରାଯାଉଛି।

## ପାଲେଷ୍ଟିନୀୟ ଶରଣାର୍ଥୀ ଶିବିରରେ ଇସ୍ରାଏଲ ଆକ୍ରମଣ; ୧୪ ମୃତ



ବେରୁତ, ୧୯।୧୧ (ଏଜେନ୍ସି):ଦକ୍ଷିଣ ଲେବାନନ ସ୍ଥିତ ପାଲେଷ୍ଟିନୀୟ ଶରଣାର୍ଥୀ ଶିବିରରେ ଇସ୍ରାଏଲ ଆକାଶ ମାର୍ଗରୁ ଜୋରଦାର ଆକ୍ରମଣ କରିଛି। ଏଥିରେ ୧୩ ଜଣ ପ୍ରାଣ ହରାଇଥିବାବେଳେ ୪ ଜଣ ଆହତ ହୋଇଛନ୍ତି। ଇସ୍ରାଏଲ ପକ୍ଷରୁ କୁହାଯାଇଛି ଯେ ହମାସ ଆତଙ୍କବାଦୀଙ୍କୁ ନିଶାଣ କରି ଏଇନ ଇଲ-ହିଲୱେ ଅଞ୍ଚଳରେ ଏହି ଆକ୍ରମଣ କରାଯାଇଥିଲା। ଏଠାରୁ ଯୋଜନା କରେ ଇସ୍ରାଏଲ ଉପରେ ହମାସ ଆକ୍ରମଣ କରୁଥିଲା। ତେବେ ଇସ୍ରାଏଲର ଏଭଳି ଦାବିକୁ ହମାସ ଖଣ୍ଡନ କରିଦେଇଛି। ଏହି ଆକ୍ରମଣକୁ ନିନ୍ଦା କରି ହମାସ ପକ୍ଷରୁ କୁହାଯାଇଛି ଯେ ଏକ ଖେଳ ପଡ଼ିଆରେ ଆକ୍ରମଣ ହୋଇଛି। ଏହା କୌଣସି ତାଲିମ କେନ୍ଦ୍ର ନୁହେଁ। ଏହି ଇହୁଦୀ ଦେଶ ମିଛ ଏବଂ ବିଭ୍ରାନ୍ତିକର ମନ୍ତବ୍ୟ ଦେଉଥିବା ଅଭିଯୋଗ କରାଯାଇଛି। ଇରାନ ସମର୍ଥିତ ହିଜବୁଲ୍ଲା ସହ ଯୁଦ୍ଧ ବନ୍ଦ ପାଇଁ ଅସ୍ତ୍ରବିରତି କରିବା ପରଠାରୁ ଇସ୍ରାଏଲ ନିୟମିତ ଭାବେ ଲେବାନନର ବିଭିନ୍ନ ଠିକଣା ଏବଂ ଲୋକଙ୍କ ଉପରେ ଆକ୍ରମଣ ଜାରି ରଖିଛି। ଅଧିକାଂଶ ଆକ୍ରମଣ ହିଜବୁଲ୍ଲାକୁ ଦେଖି କରାଯାଉଛି। ଏହା ସହିତ ହମାସ ଆତଙ୍କବାଦୀ ଠିକଣାରେ ମଧ୍ୟ ଇସ୍ରାଏଲ ଆକ୍ରମଣ ଜାରି ରଖିଛି।

## ତିନି ତଲାକକୁ ଆଧୁନିକ ସମାଜ କେମିତି ଅନୁମତି ଦେଲା: ସୁପ୍ରିମକୋର୍ଟ

ନୂଆଦିଲ୍ଲୀ, ୧୯।୧୧ (ଏଜେନ୍ସି): ତିନି ତଲାକର ଆଉ ଏକ ରୂପ ତଲାକ-ଇ-ହସନର ବୈଧତା ଉପରେ ସୁପ୍ରିମକୋର୍ଟ ପ୍ରଶ୍ନ ଉଠାଇଛନ୍ତି। ଏହା ଅଧୀନରେ ମୁସଲମାନ ବ୍ୟକ୍ତି ମାସକୁ ଥରେ ଲେଖାଏଁ ତିନି ମାସ ପର୍ଯ୍ୟନ୍ତ କହି ନିଜ ପତ୍ନୀଙ୍କୁ ତଲାକ କହି ଛାଡ଼ପତ୍ର ଦେଇପାରିବେ। ସୁପ୍ରିମକୋର୍ଟ ଏହି ମାମଲାର ପୁନର୍ବିଚାର ପାଇଁ ଗ୍ରହଣ କରିଛନ୍ତି। ଆଧୁନିକ ସମାଜ କେମିତି ତିନି ତଲାକକୁ ଅନୁମତି ଦେଲା ବୋଲି ସର୍ବୋଚ୍ଚ ନ୍ୟାୟାଳୟ ପଚାରିଛନ୍ତି। ଆଠ ବର୍ଷ ତଳେ ତୁରନ୍ତ ତିନି ତଲାକ ତଥା ତଲାକ-ଇ-ବିଦାତ ଦେବାକୁ ଉଚ୍ଛେଦ କରିଥିଲେ। ଏହାକୁ ଆଇନର ଅପବ୍ୟବହାର ବୋଲି କହିଥିଲେ। ତଲାକ-ଇ-ହସନ ହେଉଛି ଏହାର ଅନ୍ୟ ଏକ ରୂପ। ଏହା ମାଧ୍ୟମରେ ତୁରନ୍ତ ଛାଡ଼ପତ୍ର ଦେଇ ହେବ। ଏହାର ବୈଧତାକୁ ନେଇ ଦାଏର ଅନେକ ଆବେଦନ ଉପରେ ବିଚାର କରି ଜଷ୍ଟିସ ସୂର୍ଯ୍ୟକାନ୍ତ, ଜଷ୍ଟିସ ଉଜ୍ଜ୍ୱଳ ଭୂଇଁଆ ଏବଂ ଜଷ୍ଟିସ ଏନକେ ସିହ୍ନାଙ୍କ ଖଣ୍ଡପୀଠ ଏହି ଟିପ୍ପଣୀ ଦେଇଛନ୍ତି। ଜଣେ ମହିଳାଙ୍କୁ ତାଙ୍କ ସ୍ୱାମୀ ଦେଇଥିବା ୧୧ ପୃଷ୍ଠାର ନୋଟିସରେ ସ୍ୱାକ୍ଷର କରି ନ ଥିଲେ। ତାଙ୍କ ଓକିଲ ତଲାକ କହି ଛାଡ଼ପତ୍ର ଦେଇଥିଲେ। ଏହା ଉପରେ ସୁପ୍ରିମକୋର୍ଟ କହିଥିଲେ ଯେ ଏହା କ'ଣ ଏକ ଅଭ୍ୟାସ? ଏଭଳି ନୂତନ ଚିନ୍ତାଧାରା କେମିତି ଉଦ୍ଭାବନା ହୋଇଥିଲା?

# ଅଲ୍-ଫଲାହ ୟୁନିଭର୍ସିଟିରୁ ୧୦ ନିଖୋଜ






ନୂଆଦିଲ୍ଲୀ: ଲାଲ୍‌କିଲ୍ଲା ବିସ୍ଫୋରଣକୁ ନେଇ ହରିୟାଣା ଫରିଦାବାଦରେ ଥିବା ଅଲ-ଫଲାହ ୟୁନିଭର୍ସିଟି ପୁଣିଥରେ ସନ୍ଦେହ ଘେରକୁ ଆସିଛି। ଏହି ୟୁନିଭର୍ସିଟି ସହ ଜଡ଼ିତ ୧୦ ଜଣ ବ୍ୟକ୍ତି ବିସ୍ଫୋରଣ ପରଠାରୁ ନିଖୋଜ ଅଛନ୍ତି। ଏମାନଙ୍କ ଫୋନ ବନ୍ଦ ରହିଛି। ସମସ୍ତେ ବିସ୍ଫୋରଣରେ ସାମିଲ ଥିବା ସନ୍ଦେହ କରାଯାଉଛି। ଏହି ନିଖୋଜ ବ୍ୟକ୍ତି ଓଭରଗ୍ରାଉଣ୍ଡ ୱାର୍କର ଭାବେ କାମ କରୁଥିଲେ। ସେହିପରି ଯାଞ୍ଚ ଏଜେନ୍ସି ପକ୍ଷରୁ କୁହାଯାଇଛି ଯେ ମୃତ ଆତଙ୍କବାଦୀ ଡ. ଉମର ନବି ଆହୁରି ଅଧିକ ଆତ୍ମଘାତୀଙ୍କୁ ପ୍ରସ୍ତୁତ କରିବାକୁ ଚାହୁଁଥିଲା। ସେଥିପାଇଁ ସେ ନିଜେ ଭିଡିଓ ପ୍ରସ୍ତୁତ କରି ଯୁବକଙ୍କ ପାଖକୁ ପଠାଉ ଥିଲା। ବ୍ରେନ ୱାସ୍ କରିବା ଏହାର ଉଦ୍ଦେଶ୍ୟ ଥିଲା।

ଏନ୍‌ଆଇଏ ସୂତ୍ରରୁ ମିଳିଥିବା ସୂଚନା ଅନୁଯାୟୀ ଗିରଫ ଅଭିଯୁକ୍ତଙ୍କ ମୋବାଇଲ ଫୋନରୁ ଉମର ପଠାଇଥିବା ୧୨ଟି ସମେତ ୭୦ରୁ ଅଧିକ ଭିଡିଓ ମିଳିଛି। ଏହି ଭିଡିଓ ୧୧ ଜଣଙ୍କୁ ପଠା ଯାଇଥିଲା। ଏମାନଙ୍କ ମଧ୍ୟରେ କଶ୍ମୀରର ୭ ଜଣ ଯୁବକ ସାମିଲ ଥିଲେ। ଅଲ-ଫଲାହ ବିଶ୍ୱବିଦ୍ୟାଳୟ ସହ ସମସ୍ତଙ୍କ ଲିଙ୍କ୍ ରହିଛି। ଅନ୍ୟ ୪ ଯୁବକ ଉତ୍ତର ପ୍ରଦେଶ, କେରଳ ଏବଂ କର୍ଣ୍ଣାଟକର ବାସିନ୍ଦା। ଯାଞ୍ଚରୁ ଜଣାପଡ଼ିଛି ଯେ ଉମରକୁ ଆଇ-୨୦ କାର୍ ଦେଇଥିବା ଆମିର ରସିଦ ଅଲ୍ଲି ନିଜେ ଆତ୍ମଘାତୀ ବୋମା ହେବାକୁ ପ୍ରସ୍ତୁତ ନ ଥିଲା। ତାକୁ ମଧ୍ୟ ଉମର ଉତ୍ତେଜନା ସୃଷ୍ଟିକାରୀ ଭିଡିଓ ପଠାଇ ଥିଲା। ଉମର ଆତ୍ମଘାତୀଙ୍କ ଏକ ଟିମ୍ ପ୍ରସ୍ତୁତ କରୁଥିଲା। ଅନେକ ରାଜ୍ୟର ଯୁବ ବର୍ଗ ତା ନିଶାଣରେ ଥିଲେ।

■ ଅଭିଯୁକ୍ତଙ୍କ ମୋବାଇଲରୁ ମିଳିଲା ୭୦ ଉତ୍ତେଜନା ସୃଷ୍ଟିକାରୀ ଭିଡିଓ

## ପଦାକୁ ଆସିଲା ପାକିସ୍ତାନର ଆତଙ୍କୀ ଚେହେରା

### 'କଶ୍ମୀରରୁ ଲାଲକିଲ୍ଲା ପର୍ଯ୍ୟନ୍ତ ଆକ୍ରମଣ ଆମେ କରିଛୁ'



ଇସଲାମାବାଦ, ୧୯।୧୧ (ଏଜେନ୍ସି): ଯାହା ଆଶା କରାଯାଉଥିଲା ତାହା ହିଁ ସତ ହୋଇଛି। ଦିଲ୍ଲୀର ଲାଲକିଲ୍ଲା ନିକଟରେ ହୋଇଥିବା ଆତ୍ମଘାତୀ ବିସ୍ଫୋରଣକୁ ନେଇ ପାକିସ୍ତାନ ନିଜକୁ ଦାୟୀ କରିଛି। ପୁଣିଥରେ ପାକିସ୍ତାନ ନିଜ ଭୂମିକୁ ଭାରତରେ ଆକ୍ରମଣ ପାଇଁ ବ୍ୟବହାର କରିଛି। ପାକିସ୍ତାନୀ ନେତା ଚୌଧୁରୀ ଅନୱରଉଲ ହକ୍ ଏହା ସ୍ୱୀକାର କରିଛନ୍ତି। ସୀମାପାର ଆତଙ୍କବାଦରେ ପାକିସ୍ତାନ ସାମିଲ ରହିଛି। କଶ୍ମୀର ଜଙ୍ଗଲଠାରୁ ଲାଲକିଲ୍ଲା ପର୍ଯ୍ୟନ୍ତ ହୋଇଥିବା ବିସ୍ଫୋରଣରେ ପାକିସ୍ତାନ ସାମିଲ ରହିଛି ବୋଲି ସେ କହିଛନ୍ତି। ପିଓକେ ବିଧାନସଭାରେ ସେ ଏହି ଟିପ୍ପଣୀ ଦେଇଛନ୍ତି। ପାକିସ୍ତାନୀ ନେତାଙ୍କ ଏହି ଦାବି ଉପରେ ଭାରତ ସରକାର କି ପଦକ୍ଷେପ ନେଉଛନ୍ତି ତାହା ଦେଖିବା ବାକି ରହିଲା। ପହଲଗାମ ଆକ୍ରମଣ ପରେ ଭାରତ ଉପରେ ଆତଙ୍କବାଦୀ ଆକ୍ରମଣ ହେଲେ ତାହାକୁ ଯୁଦ୍ଧ ଧରାଯିବ ବୋଲି ସରକାରଙ୍କ ପକ୍ଷରୁ କୁହାଯାଇଥିଲା। ଏବେ ସମସ୍ତେ ଭାରତ ସରକାରଙ୍କ ଆଭିମୁଖ୍ୟକୁ ଚାହିଁ ବସିଛନ୍ତି।

ପାକିସ୍ତାନୀ ନେତା ଅନୱରଉଲ ହକ୍ ସୋମବାର ପିଓକେ ବିଧାନସଭାରେ କହିଥିଲେ ଯେ ଯଦି ଭାରତ ବଲୁଚିସ୍ତାନକୁ ଲହୁଲୁହାଣ କରିବ ତେବେ ଭାରତ ଉପରେ ଆକ୍ରମଣ କରିବୁ ବୋଲି ପୂର୍ବରୁ କହିଥିଲି। ଲାଲକିଲ୍ଲାଠାରୁ କଶ୍ମୀର ଜଙ୍ଗଲ ପର୍ଯ୍ୟନ୍ତ ଆକ୍ରମଣ କରାଯାଇଛି। ଆମର ସାହିନୀ ଏହା କରି ଦେଖାଇଛନ୍ତି। ଭାରତ ଏବେ ବି ମୃତଦେହର ଗଣତି କରିପାରି ନାହିଁ। ତେବେ ହକ୍‌ଙ୍କ ବୟାନରୁ ପାକିସ୍ତାନ ସରକାର ନିଜକୁ ଦୂରେଇ ରଖିଛନ୍ତି। ଅନାସ୍ଥା ପ୍ରସ୍ତାବ ଆଣି ପିଓକେ ପ୍ରଧାନମନ୍ତ୍ରୀ ପଦରୁ ତାଙ୍କୁ ହଟାଇ ଦିଆଯାଇଥିବାରୁ ଏଭଳି ବୟାନ ଦେଇ ହକ୍ ରାଜନୀତି କରୁଥିବା କୁହାଯାଇଛି। କିନ୍ତୁ ହକ୍‌ଙ୍କ ବୟାନ ଭାରତୀୟ ସୁରକ୍ଷା ଏଜେନ୍ସିଗୁଡିକ କରୁଥିବା ଦାବିକୁ ବଳ ଯୋଗାଇଛି। ଭାରତର ସୁରକ୍ଷା ଏଜେନ୍ସି ପକ୍ଷରୁ କୁହାଯାଇଛି ଯେ ଆତଙ୍କବାଦୀଙ୍କ ସହ ମିଶି ପାକିସ୍ତାନ ସୁରକ୍ଷା ଏଜେନ୍ସିଗୁଡିକ କାମ କରୁଛନ୍ତି। ପାକିସ୍ତାନ ଭାରତରେ ଆତଙ୍କବାଦୀ ଆକ୍ରମଣ କରାଉଛି। ସୂଚନାଯୋଗ୍ୟ ଯେ ୨୯୦୦ କେଜି ବିସ୍ଫୋରକ ଜବତ ହେବା ପରେ ଦିଲ୍ଲୀରେ ବିସ୍ଫୋରଣ ହୋଇଥିଲା। ଏହି ମାମଲାରେ 'ହ୍ୱାଇଟ କଲାର ଟେରର ମଡ୍ୟୁଲୋ' ସାମ୍ନାକୁ ଆସିଥିଲା। ତେବେ ପୂର୍ବରୁ ଲାଲକିଲ୍ଲା ବିସ୍ଫୋରଣ ମାମଲାରେ ଦେଶର ହାତ ନ ଥିବା ପାକିସ୍ତାନ ସରକାରଙ୍କ ପକ୍ଷରୁ କୁହାଯାଇଥିଲା।

## 'ନିର୍ବାଚନ କମିସନଙ୍କୁ ବଦନାମ କରାଯାଉଛି'



ନୂଆଦିଲ୍ଲୀ, ୧୯।୧୧ (ଏଜେନ୍ସି): ନିର୍ବାଚନ କମିଶନ (ଇସି)ଙ୍କ ବିରୋଧରେ ଭୋଟ ଚୋରି ଅଭିଯୋଗକୁ ନେଇ ସାରା ଦେଶର ୨୭୨ ଅବସରପ୍ରାପ୍ତ ବିଚାରପତି ଏବଂ ଅମଲାତାନ୍ତ୍ରିକ ଅଧିକାରୀମାନେ ଖୋଲା ଚିଠି ଜାରି କରିଛନ୍ତି। ଏଥିରେ ଲୋକସଭା ବିରୋଧୀ ଦଳ ନେତା ଏବଂ କଂଗ୍ରେସ ଦଳକୁ ସମାଲୋଚନା କରାଯାଇଛି। ଏହି ଚିଠିରେ ୧୬ ଜଣ ପୂର୍ବତନ ବିଚାରପତି, ୧୨୩ ଜଣ ପୂର୍ବତନ ଅମଲା (୧୪ ଜଣ ପୂର୍ବତନ ରାଷ୍ଟ୍ରଦୂତ ସାମିଲ) ଏବଂ ୧୩୩ ଅବସରପ୍ରାପ୍ତ ସୈନ୍ୟ ଅଧିକାରୀଙ୍କ ସ୍ୱାକ୍ଷର ରହିଛି। ଏମାନେ ଅଭିଯୋଗ ଲଗାଇଛନ୍ତି ଯେ କ୍ରମାଗତ ଭାବେ ଅଭିଯୋଗ ଲଗାଇ କଂଗ୍ରେସ ନିର୍ବାଚନ କମିଶନ ଭଳି ସାମ୍ବିଧାନିକ ସଂସ୍ଥାକୁ ଦୁର୍ବଳ କରିବାକୁ ପ୍ରୟାସ କରୁଛି। ଏହା ଦ୍ୱାରା ଦେଶର ଗଣତାନ୍ତ୍ରିକ ବ୍ୟବସ୍ଥାରେ ଅନାବଶ୍ୟକ ଭାବେ ବିଶ୍ୱାସହୀନତାର ପ୍ରଚାରପ୍ରସାର ହେଉଛି।

ଚିଠିରେ କୁହାଯାଇଛି ଯେ ଇସି ହେଉଛନ୍ତି ଭାରତୀୟ ନିର୍ବାଚନୀ ପ୍ରଣାଳୀ ପ୍ରମୁଖ ଅଙ୍ଗ। ଏହା ଉପରେ ବାରମ୍ବାର ପ୍ରଶ୍ନ ଉଠାଇବାରୁ ଜନତାଙ୍କ ବିଶ୍ୱାସ ଦୁର୍ବଳ ହେଉଛି। ଗଣତନ୍ତ୍ରର ମଧ୍ୟ କ୍ଷତି ହେଉଛି। ରାଜନୈତିକ ମତଭେଦ ଜରୁରୀ, କିନ୍ତୁ ସାମ୍ବିଧାନିକ ସଂସ୍ଥା ଉପରେ କ୍ରମାଗତ ଅଭିଯୋଗ ଲଗାଇବା ଦେଶହିତର ବିରୋଧୀ। ସୂଚନାଯୋଗ୍ୟ ଯେ ଭୋଟ ଚୋରି ଅଭିଯୋଗକୁ ନେଇ ରାହୁଲ ତିନି ଥର ସାମ୍ବାଦିକ ସମ୍ମିଳନୀ କରି ସାରିଲେଣି। ସେ ନିର୍ବାଚନ କମିଶନଙ୍କୁ ମୋଦୀ ସରକାରର 'ବି' ଟିମ୍ କହିଛନ୍ତି। ବିଜେପି ସହ ମିଶି ଇସି ଭୋଟ ଚୋରି କରୁଥିବା ସେ ଅଭିଯୋଗ ଲଗାଇଛନ୍ତି। ଚିଠିରେ କୁହାଯାଇଛି ଯେ ପ୍ରଥମେ ସେନା, ତା'ପରେ ନ୍ୟାୟପାଳିକା ଏବଂ ସଂସଦ ଉପରେ ପ୍ରଶ୍ନ ଉଠା ଯାଇଥିଲା। ଏବେ ଇସିଙ୍କୁ ଟାର୍ଗେଟ କରାଯାଉଛି। ଏହା ଏକ 'ବିପଜ୍ଜନକ ଧାରା' ପାଲଟିଛି, ଯେଉଁଥିରେ ନିର୍ବାଚନୀ ପରାଜୟକୁ ଲୁଚାଇବା ପାଇଁ ପ୍ରତିଷ୍ଠାନଗୁଡ଼ିକର ବିଶ୍ୱସନୀୟତା ଉପରେ ଆକ୍ରମଣ କରାଯାଉଛି। ରାହୁଲ ଗାନ୍ଧୀ ଇସିଙ୍କୁ 'ଭୋଟ ଚୋରି' ଅଭିଯୋଗ କରିଥିଲେ। ତାଙ୍କୁ ବିଶ୍ୱାସଘାତକ ମଧ୍ୟ କହିଥିଲେ।

■ ରାହୁଲଙ୍କ ବିରୋଧରେ ୨୭୨ ଅବସରପ୍ରାପ୍ତ ବିଚାରପତି-ଅଧିକାରୀଙ୍କ ଚିଠି

● ପ୍ରେସିଡେନ୍ସିଆଲ ରେଫରେନ୍ସ

## ଆଜି ମତାମତ ଦେବେ ସୁପ୍ରିମକୋର୍ଟ

ନୂଆଦିଲ୍ଲୀ, ୧୯।୧ ୧ (ଏଜେନ୍ସି): ତାମିଲନାଡୁ ସରକାରଙ୍କ ଆବେଦନ ଉପରେ ବିଚାର କରି ସୁପ୍ରିମକୋର୍ଟ ବିଲ୍‌ରେ ଅନୁମୋଦନ ଦେବା ନିମନ୍ତେ ରାଷ୍ଟ୍ରପତି ଏବଂ ରାଜ୍ୟପାଳଙ୍କ ପାଇଁ ସମୟସୀମା ଧାର୍ଯ୍ୟ କରିଥିଲେ। ଏହାକୁ ନେଇ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ସୁପ୍ରିମକୋର୍ଟଙ୍କୁ ୧୪ ପ୍ରଶ୍ନ ପଚାରି ମତାମତ ମାଗିଥିଲେ। ସମ୍ବିଧାନରେ ବିଲ୍‌କୁ ଅନୁମୋଦନ ପାଇଁ କୌଣସି ସମୟ ଧାର୍ଯ୍ୟ ହୋଇ ନଥିବାବେଳେ ସୁପ୍ରିମକୋର୍ଟ କେମିତି ଏପରି କରିପାରିବେ ବୋଲି ପଚାରି ଥିଲେ। ପ୍ରଧାନ ବିଚାରପତି ବିଆର ଗଭାଇ, ଜଷ୍ଟିସ ସୂର୍ଯ୍ୟକାନ୍ତ, ବିକ୍ରମ ନାଥ, ପିଏସ ନରସିମ୍ହା ଏବଂ ଜଷ୍ଟିସ ଏଏସ ଚନ୍ଦୁରାକରଙ୍କ ସାମ୍ବିଧାନିକ ଖଣ୍ଡପୀଠ ସେପ୍ଟେମ୍ବର ୧୧ ତାରିଖରୁ ରାଷ୍ଟ୍ରପତିଙ୍କ ସୁପାରିସ ଉପରେ ଶୁଣାଣି କରି ରାୟକୁ ସଂରକ୍ଷିତ ରଖିଥିଲେ। ସର୍ବୋଚ୍ଚ ନ୍ୟାୟାଳୟ ଗୁରୁବାର ଏହା ଉପରେ ମତାମତ ଦେଇପାରନ୍ତି। ସୁପ୍ରିମକୋର୍ଟ ଗତ ଏପ୍ରିଲରେ ଐତିହାସିକ ରାୟ ଦେଇ ତାମିଲନାଡୁ ରାଜ୍ୟପାଳଙ୍କ ଅନୁମୋଦନ ବିନା ୧୦ ବିଲ୍‌କୁ ମଞ୍ଜୁରି ଦେଇଥିଲେ। ଦୀର୍ଘ ଦିନ ପର୍ଯ୍ୟନ୍ତ ରାଜ୍ୟପାଳ ଏହି ବିଲ୍‌କୁ ପକାଇ ରଖିବାକୁ ବେଆଇନ ଏବଂ ଭୁଲ୍ ବୋଲି କହିଥିଲେ।

## ଫଳାଫଳ ପରଠାରୁ ନିଦ ନାହିଁ: ପ୍ରଶାନ୍ତ କିଶୋର



ପାଟନା, ୧୯।୧୧ (ଏଜେନ୍ସି): ବିହାର ନିର୍ବାଚନକୁ ନେଇ ବଡ଼ ବଡ଼ ଦାବି କରିଥିବା ରଣନୀତିକାର ପ୍ରଶାନ୍ତ କିଶୋର ନିର୍ବାଚନୀ ରଣରେ ପରାସ୍ତ ହୋଇଛନ୍ତି। ତାଙ୍କ ଦଳ ଜନ ସୁରାଜ ପାର୍ଟି ଗୋଟିଏ ହେଲେ ବି ଆସନ ଜିତିପାରି ନାହିଁ। ଏହି ଫଳାଫଳ ଆସିବା ପରଠାରୁ ପ୍ରଶାନ୍ତ କିଶୋରଙ୍କୁ ନିଦ ନାହିଁ ବୋଲି ସେ କହିଛନ୍ତି। ବିଭିନ୍ନ ଦଳ ପାଇଁ ନିର୍ବାଚନ ରଣନୀତିକାର ଭାବେ ବେଶ୍ ସଫଳତା ପାଇଥିବା ପ୍ରଶାନ୍ତ କିଶୋର ନିଜ ପାଇଁ ଲଢ଼ି ପରାଜିତ ହୋଇଛନ୍ତି। ତାଙ୍କ ଦଳର ଅବସ୍ଥା ଏଭଳି ହେବ ବୋଲି କେହି କଳ୍ପନା କରି ନ ଥିଲେ। ନିର୍ବାଚନ ପୂର୍ବରୁ ଏକ ସାକ୍ଷାତକାରରେ ମୁଖ୍ୟମନ୍ତ୍ରୀ ନୀତୀଶ କୁମାରଙ୍କ ଦଳ ୨୫ରୁ ଅଧିକ ଆସନ ଜିତିଲେ ରାଜନୀତି ଛାଡ଼ିଦେବା କଥା କହିଥିବା ପ୍ରଶାନ୍ତ, କିନ୍ତୁ ଏବେ ପଲଟି ଯାଇଛନ୍ତି। ଆରଥରକୁ ପୁଣି ପ୍ରୟାସ କରିବୁ ବୋଲି ସେ କହିଛନ୍ତି।


ଏକ ସାକ୍ଷାତକାରରେ ପ୍ରଶାନ୍ତ କହିଛନ୍ତି ଯେ 'ଯେପର୍ଯ୍ୟନ୍ତ ନିଜେ ହାର୍ ନ ମାନିଛନ୍ତି ସେ ପର୍ଯ୍ୟନ୍ତ ଆପଣ ହାରିବେନି। ଦଳକୁ ନିର୍ବାଚନରେ ସଫଳତା ମିଳି ନ ଥିଲେ ମଧ୍ୟ ଆମେ ବିହାରରେ ଜାତି ଏବଂ ଧର୍ମକୁ ନେଇ ହେଉଥିବା ରାଜନୈତିକ ଆଲୋଚନାରେ ପରିବର୍ତ୍ତନ ଆଣି ନିଯୁକ୍ତି ଏବଂ ଆପ୍ରବାସନ ଭଳି ପ୍ରସଙ୍ଗ ଉପରେ ଆଲୋଚନା ପାଇଁ ବାଧ୍ୟ କରିଥିଲୁ।

ବିଜେପିର ମଧ୍ୟ ଦିନେ ମାତ୍ର ୨ ଜଣ ସାଂସଦ ଥିଲେ। ଦଳ ଗଠନ ସମୟରେ ଏପରି ଫଳାଫଳ ଆସିପାରେ। କିନ୍ତୁ ଆମେ ଜାତି ଏବଂ ଧର୍ମ ନାମରେ ରାଜନୀତି କରି ବିଷ ପ୍ରସାର କରିନାହୁଁ। ଆରଥରକୁ ପୁଣି ପ୍ରୟାସ କରିବୁ'। ଦଳକୁ ଏତେ କମ୍ ଆସନ ମିଳିବ ବୋଲି କେବେ ଆଶା କରି ନ ଥିଲୁ। ନିର୍ବାଚନ ପୂର୍ବରୁ କେବେ ବି ସର୍ଭେ କରି ନ ଥିଲି। ଅନ୍ଧ ଭାବରେ ନିର୍ବାଚନ ଲଢ଼ିଥିଲୁ। ଆମେ ୧୨-୧୫ ପ୍ରତିଶତ ଭୋଟ ପାଇବୁ ବୋଲି ଆଶା କରିଥିଲୁ।

## ୧୧୩୫ କୋଟିର ଜମି ଦୁର୍ନୀତିରେ ବିଜେପି ବିଧାୟକଙ୍କ ନାମ

ଭୋପାଳ, ୧୯।୧୧ (ଏଜେନ୍ସି): ମଧ୍ୟ ପ୍ରଦେଶ କଟନୀ ଅନ୍ତର୍ଗତ ବିଜୟ ରାଘବଗଡ଼ର ବିଜେପି ବିଧାୟକ ତଥା ପୂର୍ବତନ ମନ୍ତ୍ରୀ ସଞ୍ଜୟ ସତ୍ୟେନ୍ଦ୍ର ପାଠକଙ୍କ ବିରୋଧରେ ସାଙ୍ଘାତିକ ଅଭିଯୋଗ ଲାଗିଛି। ୧୧୩୫ କୋଟିର ଜମି କ୍ରୟ ଦୁର୍ନୀତିରେ ସେ ସାମିଲ ଥିବା କୁହାଯାଉଛି। ଆଦିବାସୀ କଂଗ୍ରେସ, ଗୋଣ୍ଡୱାନା ଗଣତନ୍ତ୍ର ପାର୍ଟି ସମେତ ଅନେକ ଆଦିବାସୀ ସଂଗଠନ ଏହି ଅଭିଯୋଗ ଲଗାଇଛନ୍ତି। ଏହା ବିରୋଧରେ ବୁଧବାର ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସାମ୍ନାରେ ଆଦିବାସୀ ବିକ୍ଷୋଭ ପ୍ରଦର୍ଶନ କରିଛନ୍ତି। ଯେଉଁ ଚାରି ଆଦିବାସୀଙ୍କ ନାମରେ ବିଧାୟକ ଜମି କ୍ରୟ କରିଥିଲେ, ଏବେ ସେମାନେ ନିଖୋଜ ଥିବା କହିଛନ୍ତି। ତାଙ୍କ ସୁରକ୍ଷା ଦାବି କରାଯାଇଛି। ବିକ୍ଷୋଭକାରୀମାନେ ସରକାର ଏବଂ ବିଜେପି ବିରୋଧରେ ସ୍ଲୋଗାନ ଦେଇଛନ୍ତି। ଏହି ସମୟରେ ପୁଲିସ ଏବଂ ଆନ୍ଦୋଳନକାରୀଙ୍କ ମଧ୍ୟରେ ସଂଘର୍ଷ ହୋଇଥିଲା। ଆନ୍ଦୋଳନରେ ସାମିଲ ଦିବ୍ୟାଂଶୁ ମିଶ୍ରା କହିଛନ୍ତି ଯେ ଆଦିବାସୀ ଜମି ଦୁର୍ନୀତି ମାମଲାରେ ବିଧାୟଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଦାବି କରାଯାଉଛି।

# ଏସ୍‌ଆଇଆର୍ ଚାପ: ବିଏଲ୍‌ଓଙ୍କ ମଧ୍ୟରେ ବଢୁଛି ଆତ୍ମହତ୍ୟା ପ୍ରବଣତା



କୋଲକାତା, ୧୯।୧୧ (ଏଜେନ୍ସି): ଦେଶରେ ୧୨ ରାଜ୍ୟ ଏବଂ କେନ୍ଦ୍ରଶାସିତ ଅଞ୍ଚଳରେ ଭୋଟର ତାଲିକାର ସ୍ୱତନ୍ତ୍ର ଯାଞ୍ଚ ତଥା ଏସଆଇଆର ଜାରି ରହିଛି। ଏବେ ଏହି ପ୍ରକ୍ରିୟାକୁ ନେଇ ନିର୍ବାଚନ କମିଶନଙ୍କ ପକ୍ଷରୁ ବଡ଼ ଟିପ୍ପଣୀ ଦିଆଯାଇଛି। ଏସ୍‌ଆଇଆର ପ୍ରକ୍ରିୟାରେ କୌଣସି ପ୍ରକାରର ତ୍ରୁଟି ହେଲେ ଅଧିକାରୀଙ୍କୁ ଦାୟୀ କରାଯିବ ବୋଲି କୁହାଯାଇଛି। କୋଲକାତାରେ ଏକ ସମୀକ୍ଷା ବୈଠକରେ ଅଧ୍ୟକ୍ଷତା କରି ଉପ-ନିର୍ବାଚନ କମିଶନର ଜ୍ଞାନେଶ ଭାରତୀ ଏହି ଟିପ୍ପଣୀ ଦେଇଛନ୍ତି। ରାଜ୍ୟର ମୁଖ୍ୟ ନିର୍ବାଚନ ଅଧିକାରୀ ମନୋଜ କୁମାର ଅଗ୍ରୱାଲ ମଧ୍ୟ ଏହି ବୈଠକରେ ଉପସ୍ଥିତ ଥିଲେ। ଏଠାରେ ମଙ୍ଗଳବାର ସନ୍ଧ୍ୟା ସୁଦ୍ଧା ରାଜ୍ୟରେ ୭.୬୩ କୋଟି ଏସଆଇଆର ଫର୍ମ ବଣ୍ଟା ଯାଇଥିବା କୁହାଯାଇଥିଲା। ମୋ ୧.୦୯ କୋଟି ଫର୍ମକୁ ଡିଜିଟାଲ କରାଯାଇଛି।

ଅନ୍ୟପକ୍ଷରେ ବୁଥ ଲେଭୁଲ ଅଫିସରଙ୍କ ଉପରେ ଏସଆଇଆରକୁ ନେଇ ଚାପ ବଢ଼ିବାରେ ଲାଗିଛି। ଏଥିଯୋଗୁଁ କେରଳ, ରାଜସ୍ଥାନ, ମଧ୍ୟପ୍ରଦେଶରେ ଜଣେ ଲେଖାଏଁ ବିଏଲଓ ଆତ୍ମହତ୍ୟା କଲେଣି। ପଶ୍ଚିମବଙ୍ଗରେ ଜଣେ ବିଏଲଓ ଆତ୍ମହତ୍ୟା ପାଇଁ ଧମକ ଦେଇଛନ୍ତି। ସେହିପରି ଗତ କାଲି ତାମିଲନାଡୁ ତଞ୍ଜାଉରର ଜଣେ ଅଙ୍ଗନୱାଡି ସେବିକା ଆତ୍ମହତ୍ୟା ଉଦ୍ୟମ କରିଥିଲେ। ଏମାନଙ୍କ ପରିବାର ସଦସ୍ୟ ଏବଂ ଅନ୍ୟ ଅଧିକାରୀମାନେ ଅତ୍ୟଧିକ ଚାପରେ କାମ କରୁଥିବା ଅଭିଯୋଗ ଲଗାଇ ଥିଲେ। ଅନେକ ବିଏଲଓ ଅଭିଯୋଗ କରିଛନ୍ତି ଯେ ଦୀର୍ଘ ଘଣ୍ଟା ପର୍ଯ୍ୟନ୍ତ କାମ କରିବାକୁ ପଡୁଛି। ଡିସେମ୍ବର ସୁଦ୍ଧା କାମ ସାରିବାକୁ କଣ୍ଟ ଦିଆଯାଇଛି। ଅନେକ ରାଜ୍ୟରେ ବିଏଲଓ ଏହାକୁ ବହିଷ୍କାର କରିଛନ୍ତି। ଏବେ ନିର୍ବାଚନ କମିଶନ ଅଧିକାରୀଙ୍କ କାର୍ଯ୍ୟଭାର ଏବଂ ଦାୟୀ କରିବାକୁ ନେଇ ପ୍ରଶ୍ନବାଣର ସମ୍ମୁଖୀନ ହେଉଛନ୍ତି।

ଇସିଙ୍କ ପକ୍ଷରୁ ମଙ୍ଗଳବାର କୁହାଯାଇଥିଲା ଯେ ୯ ରାଜ୍ୟ ଏବଂ ୩ କେନ୍ଦ୍ରଶାସିତ ଅଞ୍ଚଳର ଭୋଟରଙ୍କୁ ୫୦.୨୫ କୋଟିରୁ ଅଧିକ ଏସ୍‌ଆଇଆର ଫର୍ମ ବଣ୍ଟା ଯାଇଛି। ଲୋକ ଫର୍ମ ପୂରଣ କରି ତାହାକୁ ଜମା କରୁଛନ୍ତି। ଏହା ପରେ ଡିଜିଟାଲାଇଜେସନ କାମ ହେବ। ଏ ପର୍ଯ୍ୟନ୍ତ କେରଳରେ ସବୁଠୁ କମ୍ ଏବଂ ରାଜସ୍ଥାନରେ ସବୁଠୁ ଅଧିକ ଫର୍ମ ଡିଜିଟାଲାଇଜେସନ ପାଇଁ ଫେରି ଆସିଛି। ତେବେ ମଧ୍ୟ ପ୍ରଦେଶରେ ଇସିଙ୍କ ଆପ୍‌ରେ ଯାନ୍ତ୍ରିକ ତ୍ରୁଟି ଦେଖା ଦେଉଥିବାରୁ କାର୍ଯ୍ୟ ମନ୍ଥର ଗତିରେ ଚାଲିଛି। ରାଜସ୍ଥାନରେ ବିଏଲଓକୁ ଟାର୍ଗେଟ ସହିତ ଦୁଇ ଘଣ୍ଟାରେ ରିପୋର୍ଟ ଦେବାର ଚାପ ରହିଛି। ଏଥିପାଇଁ ଦିନକୁ ବିଏଲଓ ୧୮ ଘଣ୍ଟା ଲେଖାଏଁ କାମ କରୁଛନ୍ତି। ଛତିଶଗଡ଼ରେ ଶିକ୍ଷକମାନେ ଡବଲ୍ ଡ୍ୟୁଟି କରୁଥିବାରୁ ସମସ୍ୟା ସୃଷ୍ଟି ହେଉଛି। କିଛି କେନ୍ଦ୍ର ୧୨-୧୩ କିମି ଦୂରରେ ରହିଛି। ତେଣୁ ବିଦ୍ୟାଳୟରୁ ପାଠ ପଢ଼ାଇବା ସାରି ଯିବାକୁ କଷ୍ଟ ହେଉଛି।



କୋରାପୁଟିଆ ଶୀତରେ ହସୁଛି ଅଳସୀ ଫୁଲ

# ୧୦ ଲକ୍ଷକୁ ବଢ଼ିପାରେ ସାପ କାମୁଡ଼ା ମୃତ୍ୟୁ ସହାୟତା ରାଶି

ଭୁବନେଶ୍ୱର,୧୯ ।୧୧(ସମିସ): ସାପ କାମୁଡା ମୃତ୍ୟୁ କ୍ଷେତ୍ରରେ ମିଳୁଥିବା ଅନୁକମ୍ପାମୂଳକ ରାଶି ବୃଦ୍ଧି ହୋଇପାରେ। ପୂର୍ବରୁ ସାପ କାମୁଡ଼ା ବାବଦକୁ ମୃତକଙ୍କ ପରିବାରକୁ ୪ ଲକ୍ଷ ଟଙ୍କା କ୍ଷତିପୂରଣ ରାଶି ମିଳୁଥିବା ବେଳେ ଏବେ ଏହାକୁ ୧୦ ଲକ୍ଷ ଟଙ୍କାକୁ ବୃଦ୍ଧି କରାଯାଇପାରେ। ଦୁଇ ଦିନ ତଳେ ସୁପ୍ରିମକୋର୍ଟ ବନ୍ୟପ୍ରାଣୀ ଜନିତ ମୃତ୍ୟୁକୁ ପ୍ରାକୃତିକ ବିପର୍ଯ୍ୟୟରେ ସାମିଲ କରିବା ଓ ଏବାବଦକୁ ମୃତକଙ୍କ ପରିବାକୁ ୧୦ ଲକ୍ଷ ଟଙ୍କାର ସହାୟତା ରାଶି ପ୍ରଦାନ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଏହି ନିର୍ଦ୍ଦେଶନାମା ସାରା ଦେଶରେ ଲାଗୁ କରିବାକୁ କୁହାଯାଇଛି। ଏହାକୁ ଆଧାର କରି ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ କ୍ଷତିପୂରଣ ବୃଦ୍ଧି ବାବଦରେ ସୂଚନା ଦେଇଛନ୍ତି। ମନ୍ତ୍ରୀ ଶ୍ରୀ ପୂଜାରୀ କହିଛନ୍ତି, କ୍ଷତିପୂରଣ ରାଶି ବୃଦ୍ଧି ପ୍ରସ୍ତାବକୁ ରାଜ୍ୟ ସରକାର ସମୀକ୍ଷା କରୁଛନ୍ତି। ଏହି କ୍ଷତିପୂରଣ ରାଶି ବୃଦ୍ଧି ପାଇଁ ରାଜ୍ୟ ସରକାର ପୂର୍ବରୁ କେନ୍ଦ୍ର ସରକାରଙ୍କୁ ଚିଠି ଲେଖି ସୁପାରିଶ କରିଥିଲେ। କ୍ଷତିପୂରଣ ରାଶି ବୃଦ୍ଧି ପାଇଁ ସୁପ୍ରିମକୋର୍ଟ ନିର୍ଦ୍ଦେଶ ଦେଇଛନ୍ତି। ଏବେ ଏବାବାଦରେ ରାସ୍ତା ଖୋଲିଛି। ତେଣୁ ଖୁବ୍‌ଶୀଘ୍ର ଏ ସମ୍ପର୍କରେ ଆବଶ୍ୟକରୀୟ ନିଷ୍ପତ୍ତି ନିଆଯିବ ବୋଲି ମନ୍ତ୍ରୀ ସୂଚନା ଦେଇଛନ୍ତି। ଏହି ମୃତ୍ୟୁ ବ୍ୟତୀତ ପାଣିରେ ବୁଡ଼ିବା ଜନିତ ମୃତ୍ୟୁ ଓ ବଜ୍ରପାତରେ ହେଉଥିବା ମୃତ୍ୟୁ ପାଇଁ ମିଳୁଥିବା ୪ ଲକ୍ଷର ସହାୟତା ରାଶିରେ ମଧ୍ୟ ବୃଦ୍ଧି ହୋଇପାରେ ବୋଲି ସେ କହିଛନ୍ତି।

# ପିତାନାଉରେ ମାଈ ହାତୀର ମୃତ୍ୟୁ



ଆନନ୍ଦପୁର,୧୯।୧୧(ସମିସ): ଆନନ୍ଦପୁର ବନ୍ୟପ୍ରାଣୀ ବନଖଣ୍ଡର ହାଦଗଡ଼ ହସ୍ତୀ ଅଭୟାରଣ୍ୟ ପିତାନାଉ ଜଙ୍ଗଲରେ ଗୋଟିଏ ମାଈ ହାତୀର ମୃତ୍ୟୁ ହୋଇଯାଇଛି। କାଠକଟା ପିତାନାଉ ରାସ୍ତାର ଜୁଆଳି କଟା ଘାଟି ନିକଟରେ ଏହି ହାତୀଟିର ମୃତ୍ୟୁ ପରେ କାଠକଟା ବନପାଳ ଘଟଣାସ୍ଥଳରେ ପହଞ୍ଚି ବନବିଭାଗ ଅଧିକାରୀଙ୍କୁ ଖବର ଦେଇଥିଲେ। ଆନନ୍ଦପୁର ଡିଏଫଓ ପ୍ରଶାନ୍ତ କୁମାର ପଣ୍ଡା, ପ୍ରାଣୀ ସମ୍ପଦ ବିଭାଗ ଚିକିତ୍ସା ଟିମ ଅନୁଧ୍ୟାନ କରିଥିଲେ। ପରେ ଡାକ୍ତରୀ ଦଳଙ୍କ ଦ୍ୱାରା ହାତୀର ବ୍ୟବଚ୍ଛେଦ କରାଯାଇ ପିତାନାଉ ଜଙ୍ଗଲରେ ପୋତି ଦିଆଯାଇଛି। ମୃତ୍ୟୁ ମାଈ ହାତୀର ବୟସ ପାଖାପାଖି ୪ ବର୍ଷ ହୋଇଥିବା ବେଳେ କୌଣସି ପ୍ରକାର ସଂକ୍ରମଣଜନିତ ମୃତ୍ୟୁ ହୋଇଥାଇପାରେ ବୋଲି ଡାକ୍ତରୀ ଦଳ ସୂଚନା ଦେଇଛନ୍ତି।

# ସଂସଦୀୟ ଇଣ୍ଟର୍ନସିପ୍ କାର୍ଯ୍ୟକ୍ରମରେ ୧୨ ଦେଶର ୪୦ ପ୍ରତିନିଧି ସାମିଲ

ଭୁବନେଶ୍ୱର,୧୯।୧୧(ସମିସ): ୩୭ତମ ସଂସଦୀୟ ଇଣ୍ଟର୍ନସିପ୍ କାର୍ଯ୍ୟକ୍ରମ ଅବସରରେ ନୂଆଦିଲ୍ଲୀସ୍ଥିତ ସଂସଦ ସଚିବାଳୟର ସଂସଦୀୟ ଲୋକତନ୍ତ୍ର ଗବେଷଣା ଏବଂ ପ୍ରଶିକ୍ଷଣ ସଂସ୍ଥାନ(ପ୍ରାଇଡ୍) ପକ୍ଷରୁ ୧୨ଟି ଦେଶର ୪୦ଜଣ ପ୍ରତିନିଧି ବୁଧବାର ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କୁ ସାକ୍ଷାତ କରିଛନ୍ତି। ଏହି ଅବସରରେ ଲୋକସେବା ଭବନରେ ଅନୁଷ୍ଠିତ ଏକ ବୈଠକରେ ମୁଖ୍ୟମନ୍ତ୍ରୀ ପ୍ରତିନିଧିମାନଙ୍କୁ ସ୍ୱାଗତ କରିବା ସହ ଓଡ଼ିଶାର ଦୃଢ଼ ଗଣତାନ୍ତ୍ରିକ ପରମ୍ପରା ଏବଂ ବିଧାନସଭାର ୮୯ ବର୍ଷର ଉତ୍ସର୍ଗୀକୃତ ଜନସେବାର ଐତିହ୍ୟ ଉପରେ ଆଲୋକପାତ କରିଥିଲେ। ଓଡ଼ିଶାର ସାଂସ୍କୃତିକ ସମୃଦ୍ଧି ବିଷୟରେ କହିବାକୁ ଯାଇ ମୁଖ୍ୟମନ୍ତ୍ରୀ, ରାଜ୍ୟକୁ ପୂର୍ବ ଭାରତର ସାଂସ୍କୃତିକ କେନ୍ଦ୍ର ଭାବରେ ବର୍ଣ୍ଣନା କରିଥିଲେ। ଏହି ଇଣ୍ଟର୍ନସିପ୍ କାର୍ଯ୍ୟକ୍ରମକୁ ପ୍ରତିନିଧିତ୍ୱ କରୁଥିବା ତୁର୍କମେନିସ୍ତାନର ମଜଲିସ୍ (ସଂସଦ) ସଦସ୍ୟ କରିମଗୁଲି ଗୁରବାଙ୍ଗୁଲିଭିଚ୍ ଗେଲ୍‌ଡିୟେଭ ଗଣତନ୍ତ୍ରରେ ସ୍ୱଚ୍ଛତା ଏବଂ ଡିଜିଟାଲ୍ ସଂସ୍କାର ପ୍ରତି ଓଡ଼ିଶାର ପ୍ରତିବଦ୍ଧତାକୁ ପ୍ରଶଂସା କରିଥିଲେ। କାର୍ଯ୍ୟକ୍ରମରେ ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା, ଉନ୍ନୟନ କମିଶନର ଅନୁ ଗର୍ଗ, ଅତିରିକ୍ତ ମୁଖ୍ୟ ଶାସନ ସଚିବ (ସଂସଦୀୟ ବ୍ୟାପାର) ସୁରେନ୍ଦ୍ର କୁମାର, ବିଧାନସଭା ସଚିବ ସତ୍ୟବ୍ରତ ରାଉତ ପ୍ରମୁଖ ଉପସ୍ଥିତ ଥିଲେ।

# ଲାଞ୍ଚ ନେଇ ଧରାପଡ଼ିଲେ ଅବକାରୀ ଅଧୀକ୍ଷକ, ଏଏସ୍‌ଆଇ

କେନ୍ଦୁଝର/ଚମ୍ପୁଆ,୧୯।୧୧(ସମିସ): କେନ୍ଦୁଝର ଜିଲ୍ଲା ଅବକାରୀ ଅଧୀକ୍ଷକ ସୀତାରାଣୀ ପଟ୍ଟାୟତ ଏବଂ ଭାରପ୍ରାପ୍ତ ଅବକାରୀ ଅଧିକାରୀ ତଥା ଏଏସ୍‌ଆଇ ବିଜୟ କୁମାର ମହାନ୍ତ ଏକ ବିଦେଶୀ ମଦ ଦୋକାନୀଠାରୁ ୪୦ ହଜାର ଟଙ୍କା ନେଉଥିବା ବେଳେ ଭିଜିଲାନ୍ସ ହାତରେ ଧରାପଡ଼ିଛନ୍ତି। କରଞ୍ଜିଆର ବିଦେଶୀ ମଦ ଦୋକାନୀ ବିଧୁଭୂଷଣ ପତିଙ୍କ ଅଭିଯୋଗ ଅନୁଯାୟୀ, ଉଚ୍ଚ ଅଧିକାରୀଙ୍କ ନିର୍ଦ୍ଦେଶ ଥିବା କହି ଏଏସ୍‌ଆଇ ଶ୍ରୀ ମହାନ୍ତ ତାଙ୍କୁ ମାସିକ ୧୦ ହଜାର ଟଙ୍କା ଲାଞ୍ଚ ବାବଦକୁ ୪ ମାସର ୪୦ ହଜାର ଟଙ୍କା ଲାଞ୍ଚ ମାଗିଥିଲେ। ଏ ସଂପର୍କରେ ଶ୍ରୀ ପତି ଭିଜିଲାନ୍ସକୁ ଜଣାଇବା ପରେ ବାଲେଶ୍ୱର ଭିଜିଲାନ୍ସ ବିଭାଗ ଶ୍ରୀ ମହାନ୍ତଙ୍କୁ ଧରିବା ପାଇଁ ଯୋଜନା ପ୍ରସ୍ତୁତ କରିଥିଲା।

**ରଥଯାତ୍ରା ଦଳାଚକଟା**

# କାହା ସୁରକ୍ଷାରେ ତଦନ୍ତ କମିଶନ !

- ପୁଲିସଙ୍କୁ ମିଳିଲା ନାହିଁ; ଏସିଏଫ୍‌ଙ୍କୁ ମିଳିଲା ପକ୍ଷ ରଖିବା ସୁଯୋଗ
- ଦାୟିତ୍ୱରେ ନ ଥିବା ପୁଲିସଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ସୁପାରିସ
- କାର୍ଯ୍ୟାନୁଷ୍ଠାନ ସୁପାରିସ ପୂର୍ବରୁ ମିଳିଲାନି ପକ୍ଷ ରଖିବା ସୁଯୋଗ
- ଶରଧାବାଲିରୁ ୨ ପ୍ଲାଟୁନ୍ ପୁଲିସ ହଟାଇବା କାହାର ନିର୍ଦ୍ଦେଶ ଥିଲା

ଭୁବନେଶ୍ୱର,୧୯ ।୧୧(ସମିସ): ଚଳିତ ବର୍ଷ ରଥଯାତ୍ରା ସମୟରେ ଶରଧାବାଲିରେ ଘଟିଥିବା ଦଳାଚକଟାରେ ୩ ଜଣ ପ୍ରାଣ ହରାଇଥିଲେ। ରାଜ୍ୟ ସରକାରଙ୍କ ନିର୍ଦ୍ଦେଶକ୍ରମେ ଉନ୍ନୟନ କମିଶନର ଘଟଣାର ତଦନ୍ତ କଲେ, ସମଗ୍ର ଘଟଣା ପାଇଁ ୭ ଜଣ ବିଭିନ୍ନ ବର୍ଗର ପୁଲିସ ଅଧିକାରୀ ଓ କର୍ମଚାରୀଙ୍କୁ ଦାୟୀ କରି ସେମାନଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ସୁପାରିସ କଲେ । ଯାହାକୁ ନେଇ ବିଭିନ୍ନ ମହଲରେ ପ୍ରଶ୍ନ ଉଠିଲା ଓ ତଦନ୍ତକାରୀ ଅଧିକାରୀ ଘଟଣାର ପ୍ରଚ୍ଛଦରେ ଥିବା ବରିଷ୍ଠ ଅଧିକାରୀଙ୍କୁ ସୁରକ୍ଷା ଦେବାକୁ କନିଷ୍ଠ ଅଧିକାରୀଙ୍କୁ ବଳି ଦେଇଥିବା ମଧ୍ୟ ଅଭିଯୋଗ ହେଲା । ଏହି ସମୟରେ ରଥଯାତ୍ରାରେ ନିୟୋଜିତ ପୁରୀ ସହକାରୀ ବନ ସଂରକ୍ଷକ (ଏସିଏଫ୍) ଅଶୋକ କୁମାର ବେହେରାଙ୍କୁ ମଧ୍ୟ ଏହି ଘଟଣାରେ ସମାନୁପାତିକ ଅଂଶୀଦାର ବୋଲି ଉଲ୍ଲେଖ କରି ତାଙ୍କ ବିରୋଧରେ ଶୃଙ୍ଖଳାଗତ କାର୍ଯ୍ୟାନୁଷ୍ଠାନ ପ୍ରସ୍ତାବ ଦିଆଯାଇଛି। ଏହା ସହିତ ଯଦି ଶ୍ରୀ ବେହେରାଙ୍କୁ ୩୦ ଦିନ ମଧ୍ୟରେ ପକ୍ଷ ରଖିବାକୁ ମଧ୍ୟ ସୁଯୋଗ ଦିଆଯାଇଛି । ତେବେ ପୁଲିସ ଅଧିକାରୀମାନଙ୍କୁ ସୁଯୋଗ ଦିଆ ଯାଇ ନ ଥିବାବେଳେ ବନସେବା ଅଧିକାରୀଙ୍କୁ ପକ୍ଷ ରଖିବାକୁ ସୁଯୋଗକୁ ନେଇ ଏବେ ସ୍ୱାଭାବିକ ପ୍ରଶ୍ନ ଉଠିଛି ।

ଅନ୍ୟପକ୍ଷରେ ଦଳାଚକଟା ସମୟରେ ଶରଧାବାଲିରେ ଦାୟିତ୍ୱ ନ ଥିବା ଦୁଇ କନିଷ୍ଠ ପୁଲିସ ଅଧିକାରୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ସୁପାରିସ ପରେ ତଦନ୍ତ ନିରପେକ୍ଷ ହୋଇ ନ ଥିବା ଅଭିଯୋଗ ହୋଇଛି । ସୂଚନା ଅନୁସାରେ ୨୮ ତାରିଖ ରାତି ୩ଟାରୁ ୪ଟା ଧରେ ଶରଧାବାଲିରେ ଦଳାଚକଟା ଘଟିଥିଲା। ସେତେବେଳେ ସେଠାରେ କୌଣସି ପୁଲିସ ବା ପ୍ରଶାସନିକ ଅଧିକାରୀ ମୁତୟନ ନ ଥିଲେ। ଯେଉଁ ଦୁଇ ଅଧିକାରୀ ସେଠାରେ ଦାୟିତ୍ୱ ଥିବା ଦର୍ଶାଯାଇଥିଲା, ସେମାନେ ୨୮ ତାରିଖ ସକାଳ ୫ଟାରୁ ରାତି ୧୧ଟା ପର୍ଯ୍ୟନ୍ତ ସେଠାରେ ଦାୟିତ୍ୱରେ ଥିଲେ ଓ ପରଦିନ ସକାଳ ୫ଟାରେ ସେମାନଙ୍କୁ ଗୁଣ୍ଡିଚାମନ୍ଦିରରେ ପହଞ୍ଚିବାକୁ କୁହାଯାଇଥିଲା। ଅନ୍ୟପକ୍ଷରେ ୨୮ ତାରିଖ ରାତିରେ ରିଜର୍ଭ ଇନ୍ସପେକ୍ଟର ଶରଧାବାଲିରେ ଡ୍ୟୁଟି ପାଇଁ ୨ ପ୍ଲାଟୁନ୍ ପୁଲିସ ମୁତୟନ କରିଥିଲେ, ମାତ୍ର ଜଣେ ବରିଷ୍ଠ ଅଧିକାରୀ ସେହି ପୁଲିସ ସେଠାରୁ ହଟାଇବାକୁ ନିର୍ଦ୍ଦେଶ ଦେଇଥିଲେ । ଯାହା ଫଳରେ ଦଳାଚକଟା ପରିସ୍ଥିତି ସୃଷ୍ଟି ହେଲା, ମାତ୍ର ସେହି ଅଧିକାରୀଙ୍କ ବିରୋଧରେ କୌଣସି କାର୍ଯ୍ୟାନୁଷ୍ଠାନ ସୁପାରିସ ହେଲା ନାହିଁ । ତେଣୁ ଆଇଏଏସ୍-ଆଇପିଏସ୍ ବିରାଦରୀ ପ୍ରୀତି ଯୋଗୁଁ ଏଆଇ କ୍ୟାମେରା ଲଗାଇବା ପ୍ରସଙ୍ଗରେ ଦାୟୀ ବରିଷ୍ଠ ପୁଲିସ ଅଧିକାରୀଙ୍କୁ ସୁରକ୍ଷା ଦେବା ପାଇଁ କନିଷ୍ଠ କର୍ମଚାରୀଙ୍କୁ ବଳି ଦିଆଯାଇଥିବା ଅଭିଯୋଗ ସତ୍ୟ ବୋଲି ସାଧାରଣରେ ଧାରଣା ବଦ୍ଧମୂଳ ହେବାରେ ଲାଗିଛି ।



ଅନ୍ୟପକ୍ଷରେ ରଥଯାତ୍ରା ସମୟରେ କଣ୍ଟ୍ରୋଲ ରୁମ୍ ଦାୟିତ୍ୱରେ ଥିବା ଏସିଏଫ୍ ଶ୍ରୀ ବେହେରାଙ୍କ ଉପରେ କାର୍ଯ୍ୟାନୁଷ୍ଠାନ ସୁପାରିସ ଅନେକ ପ୍ରଶ୍ନକୁ ଜନ୍ମ ଦେଇଛି। ଅନ୍ୟ ବରିଷ୍ଠ ଅଧିକାରୀଙ୍କ ସହିତ ଶ୍ରୀ ବୋହରା କଣ୍ଟ୍ରୋଲ୍ ରୁମ୍‌ରେ ନିୟୋଜିତ ଥିଲେହେଁ ଅନ୍ୟମାନଙ୍କ ବିରୋଧରେ କାହିଁକି କାର୍ଯ୍ୟାନୁଷ୍ଠାନ ସୁପାରିସ ହୋଇ ନାହିଁ ବୋଲି ମଧ୍ୟ ପ୍ରଶ୍ନ ଉଠିଛି।

# ଚିପ୍ସ ପ୍ୟାକେଟରେ ଥିବା ଖେଳଣା ଗିଳି ଶିଶୁ ମୃତ



ଦାରିଙ୍ଗବାଡି,୧୯।୧୧(ସମିସ): ଚିପ୍ସ ପ୍ୟାକେଟରେ ଥିବା ଖେଳଣା ଗିଳି ଶ୍ୱାସରୁଦ୍ଧ ହୋଇ ଜଣେ ୪ ବର୍ଷ ଶିଶୁର ମୃତ୍ୟୁ ହୋଇଛି। କନ୍ଧମାଳ ଜିଲ୍ଲା ଦାରିଙ୍ଗବାଡି ବ୍ଲକ ବ୍ରାହ୍ମଣୀଗାଁ ଥାନା ତାଜୁଙ୍ଗିଆ ପଞ୍ଚାୟତ ସିକରମାହା ଗ୍ରାମର ମୁଷି ମାହାପଡ଼ାରେ ଘଟିଛି ଏପରି ଅଭାବନୀୟ ଘଟଣା। ମୁଷିମାହାପଡ଼ାର ରଞ୍ଜିତ ପ୍ରଧାନ ଓ ତାଙ୍କ ସ୍ତ୍ରୀ ୪ ବର୍ଷର ଶିଶୁପୁତ୍ରକୁ ଧରି ମକା କ୍ଷେତକୁ ଯାଇଥିଲେ। ସ୍ୱାମୀ-ସ୍ତ୍ରୀ କାମ କରୁଥିବା ବେଳେ ବିଲ ମୁଣ୍ଡରେ ଶିଶୁପୁତ୍ରକୁ ବସାଇଦେଇ ରଞ୍ଜିତ ନେଇଥିବା ଏକ ଚିପ୍ସ ପ୍ୟାକେଟ ଧରାଇ ଦେଇଥିଲେ। ଶିଶୁ ଚିପ୍ସ ଖାଇସାରି ପ୍ୟାକେଟରେ ଥିବା ଏକ ବନ୍ଧୁକ ଖେଳଣାକୁ ଧରି ଖେଳୁଥିବାବେଳେ ଗିଳି ଦେଇଥିଲେ। ଖେଳଣାଟି ତଣ୍ଟିରେ ଅଟକି ଯିବା ସହ ଶିଶୁଟି ଶ୍ୱାସରୁଦ୍ଧ ହୋଇ ଛଟପଟ ହୋଇଥିଲା। ଖେଳଣାଟିକୁ ପୁଅର ତଣ୍ଟିରୁ ବାହାର କରିବାକୁ ବାପା ରଞ୍ଜିତ ବହୁ ଉଦ୍ୟମ କରିଥିଲେ। କିନ୍ତୁ ବିଫଳ ହୋଇ ବାପା-ମା ଶିଶୁକୁ ଦାରିଙ୍ଗବାଡ଼ି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରକୁ ନେଇଥିଲେ। ସେଠାରେ ଡାକ୍ତର ଶିଶୁକୁ ମୃତ ଘୋଷଣା କରିଥିଲେ। ଗ୍ରାମରେ କୌଣସି ଟେଲିଫୋନ ନେଟ୍‌ୱାକ ନଥିବାରୁ ହଠାତ ଆମ୍ବୁଲାନ୍ସ ସେବାରୁ ବଞ୍ଚିତ ହୋଇଥିବା ଗ୍ରାମବାସୀ ଅଭିଯୋଗ କରିଛନ୍ତି। ଚିପ୍ସ ପ୍ୟାକେଟରେ ପିଲାଙ୍କୁ ଆକର୍ଷିତ କରିବାକୁ ଆଜିକାଲି ଯେଉଁଭଳି ଖେଳଣା ରଖାଯାଉଛି ତାହା ଯେ କେତେ ବିପଦପୂର୍ଣ୍ଣ ଏହି ଘଟଣା ବୟାନ କରୁଛି। ଏହାକୁ ନେଇ ଅଞ୍ଚଳରେ ଶୋକର ଛାୟା ଖେଳିଯାଇଛି।

**ଗାଡ଼ି ମାଲିକଙ୍କୁ ବଡ଼ ଝଟ୍‌କା**

# ଯାନବାହନ ଫିଟନେସ୍ ପରୀକ୍ଷା ଫି' ୧୦ ଗୁଣ ବଢ଼ିଲା

ନୂଆଦିଲ୍ଲୀ,୧୯।୧୧(ଏଜେନ୍ସି): ଏକ ଗୁରୁତ୍ୱପୂର୍ଣ୍ଣ ଘଟଣାକ୍ରମେ କେନ୍ଦ୍ର ସରକାର ଯାନବାହାନ ଫିଟ୍‌ନେସ୍ ପରୀକ୍ଷା ଫି'ରେ ଏକ ବଡ଼ ଧରଣର ପରିବର୍ତ୍ତନ କରିଛନ୍ତି। କେନ୍ଦ୍ରୀୟ ମୋଟର ଯାନ ନିୟମ ଅନୁଯାୟୀ ନୂତନ ଫି' ହାର ଜାରି କରାଯାଇଛି। ଫଳସ୍ୱରୂପ, ମୋଟର ଚାଳକଙ୍କୁ ଏଣିକି ଯାନବାହାନ ଫିଟନେସ୍ ପରୀକ୍ଷା ପାଇଁ ୧୦ ଗୁଣ ଅଧିକ ଅର୍ଥ ଖର୍ଚ୍ଚ କରିବାକୁ ପଡିବ। ଆହୁରିମଧ୍ୟ କେନ୍ଦ୍ର ସଡ଼କ ପରିବହନ ଏବଂ ରାଜପଥ ମନ୍ତ୍ରଣାଳୟ ମଧ୍ୟ ଏହି ଅଧିକ ଫି'ର ସ୍ଲାବ୍‌ରେ ବୃଦ୍ଧି କରିଛି। ପୂର୍ବରୁ, ଏହି ଅବଧି ୧୫ ବର୍ଷ ଥିଲା, କିନ୍ତୁ ଏବେ ଏହାକୁ ୧୦ ବର୍ଷକୁ ହ୍ରାସ କରାଯାଇଛି। ଅର୍ଥାତ୍ ପୂର୍ବରୁ ବର୍ଦ୍ଧିତ ଶୁଳ୍କ ୧୫ ବର୍ଷ ପୁରୁଣା ଯାନବାହାନରେ ଲାଗୁ କରାଯାଉଥିବାବେଳେ ବର୍ତ୍ତମାନ ଏହାକୁ ୧୦ ବର୍ଷ ପୁରୁଣା ଯାନ କ୍ଷେତ୍ରରେ ଲାଗୁ କରାଯିବ। ଏଥିରେ ସରକାରଙ୍କ ଲକ୍ଷ୍ୟ ହେଉଛି ଅଧିକରୁ ଅଧିକ ଯାନବାହାନକୁ ଏହି ଫି' ଢାଞ୍ଚା ପରିସରକୁ ଆଣିବା। ନୂଆ ବ୍ୟବସ୍ଥାରେ ୩ ସ୍ତରୀୟ ଫି' ଢାଞ୍ଚା ପ୍ରସ୍ତୁତ କରାଯାଇଛି। ଗାଡ଼ିର ଆୟୁ ହିସାବରେ ଭିନ୍ନ ଭିନ୍ନ ବର୍ଗ ରଖାଯାଇଛି। ଆୟୁ ଆଧାରରେ ଗାଡ଼ିକୁ ୧୦ ରୁ ୧୫ ବର୍ଷ, ୧୫ ରୁ ୨୦ ବର୍ଷ ଏବଂ ୨୦ ବର୍ଷରୁ ଅଧିକ ତିନୋଟି ବର୍ଗ କରାଯାଇଛି।

ପୂର୍ବରୁ, ୧୫ ବର୍ଷରୁ ଅଧିକ ପୁରୁଣା ଯାନଗୁଡ଼ିକ ପାଇଁ ଅଧିକ ଫି' ଦେବାକୁ ପଡୁଥିଲା, କିନ୍ତୁ ଏବେ ୧୦ ବର୍ଷରୁ ଅଧିକ ପୁରୁଣା ଯାନ ପାଇଁ ମଧ୍ୟ ଅଧିକ ଫି'ଦେବାକୁ ପଡିବ। ନୂଆ ବ୍ୟବସ୍ଥାରେ ଗାଡ଼ି ପୁରୁଣା ହେବା ସହିତ, ଫି' ବୃଦ୍ଧି ପାଇଛି। ଏହି ନୂଆ ନିୟମ

- ଅଧିକ ଫି' ପାଇଁ ଅବଧିରେ ମଧ୍ୟ ବୃଦ୍ଧି
- ୨୦ବର୍ଷରୁ ଅଧିକ ପୁରୁଣା ଦୁଇ ଚକିଆ ଯାନ ପାଇଁ ଫି' ୨୦୦୦ ଟଙ୍କା

ସମସ୍ତ ପ୍ରକାରର ଯାନଗୁଡ଼ିକ ପାଇଁ ପ୍ରଯୁଜ୍ୟ। ଏଥିରେ ଦୁଇଚକିଆ, ତିନିଚକିଆ, ଭାରୀ ସାମଗ୍ରୀ/ଯାତ୍ରୀବାହୀ ଯାନ, ମଧ୍ୟମ ଏବଂ ଭାରୀ ସାମଗ୍ରୀ/ଯାତ୍ରୀବାହୀ ଯାନ ଏବଂ ହାଲୁକା ମୋଟର ଯାନ ଅନ୍ତର୍ଭୁକ୍ତ। ଏଣିକି ୨୦ ବର୍ଷରୁ ପୁରୁଣା ଯାନଗୁଡ଼ିକ ପାଇଁ ଅଧିକ ଶୁଳ୍କ ଦେବାକୁ ପଡିବ। ଭାରୀ ବାଣିଜ୍ୟିକ ଯାନଗୁଡ଼ିକ ପାଇଁ ମଧ୍ୟ ଅଧିକ ଶୁଳ୍କ ଦେବାକୁ ପଡିବ। ଭାରୀ ବାଣିଜ୍ୟିକ ଯାନଗୁଡ଼ିକ (ଟ୍ରକ୍/ବସ୍) ପାଇଁ ପୂର୍ବରୁ ଫି' ୨୫୦୦ ଟଙ୍କା ଥିଲା, ଯାହାକୁ ୨୫,୦୦୦ ଟଙ୍କାକୁ ବୃଦ୍ଧି କରାଯାଇଛି। ମଧ୍ୟମ ବାଣିଜ୍ୟିକ ଯାନ ପାଇଁ ଶୁଳ୍କ ୧୮୦୦ରୁ ୨୦,୦୦୦ ଟଙ୍କାକୁ ବୃଦ୍ଧି କରାଯାଇଛି। ୨୦ ବର୍ଷରୁ ପୁରୁଣା ହାଲୁକା ମୋଟର ଯାନ ପାଇଁ ଶୁଳ୍କ ଏବେ ୧୫,୦୦୦ ବୃଦ୍ଧି କରାଯାଇଛି। ୨୦ ବର୍ଷରୁ ପୁରୁଣା ତିନି ଚକିଆ ଯାନ ପାଇଁ ଫି'୭୦୦୦ ଟଙ୍କାକୁ ବୃଦ୍ଧି କରାଯାଇଛି। ଏହାବ୍ୟତୀତ ୨୦ବର୍ଷରୁ ଅଧିକ ପୁରୁଣା ଦୁଇ ଚକିଆ ଯାନ ପାଇଁ ଫି' ୬୦୦ ଟଙ୍କାରୁ ୩ ଗୁଣ ବଢ଼ାଇ ୨୦୦୦ ଟଙ୍କା ବୃଦ୍ଧି କରାଯାଇଛି। ୧୫ ବର୍ଷରୁ କମ୍ ଆୟୁର ପୁରୁଣା ଗାଡ଼ିକୁ ମଧ୍ୟ ଏଥିରେ କୌଣସି ରିଆତି ଦିଆଯାଇନାହିଁ। ୧୫ ବର୍ଷରୁ କମ୍ ଆୟୁର ମୋଟର ସାଇକେଲ୍‌ର ଫିଟ୍‌ନେସ୍ ପରୀକ୍ଷା ଫି' ୪୦୦ ଟଙ୍କା, ହାଲୁକା ମୋଟର ଯାନ ବା ତିନି ଚକିଆ ପାଇଁ ୬୦୦ ଟଙ୍କା ଏବଂ ମଧ୍ୟମ/ଭାରୀ ବାଣିଜ୍ୟିକ ଯାନ ପାଇଁ ୧୦୦୦ ଟଙ୍କାକୁ ବୃଦ୍ଧି କରାଯାଇଛି। ତେବେ ୧୫ରୁ ୨୦ ବର୍ଷ ମଧ୍ୟରେ ଆୟୁ ଥିବା ଗାଡ଼ିର ଫିଟ୍‌ନେସ୍ ପରୀକ୍ଷା ସଂଶୋଧିତ ଫି' ମୋଟର ସାଇକେଲ୍ ପାଇଁ ୫୦୦ ଟଙ୍କା, ହାଲୁକା ମୋଟର ଯାନ ବା ତିନି ଚକିଆ ପାଇଁ ୧୦୦୦ ଟଙ୍କା ,ମଧ୍ୟମ ବାଣିଜ୍ୟିକ ଯାନ ପାଇଁ ୧୩୦୦ ଟଙ୍କା ଏବଂ ଭାରୀ ବାଣିଜ୍ୟିକ ଯାନ ଲାଗୁ ୧୫୦୦ ଟଙ୍କାକୁ ବୃଦ୍ଧି କରାଯାଇଛି।

# ଧର୍ମେନ୍ଦ୍ରଙ୍କ ବିରୋଧରେ ରୁଜୁ ନିର୍ବାଚନୀ ମାମଲା ହାଇକୋର୍ଟରେ ଖାରଜ

କଟକ,୧୯ ।୧୧(ସମିସ): ସମ୍ବଲପୁର ସଂସଦୀୟ କ୍ଷେତ୍ର ନିର୍ବାଚନୀ ଅନିୟମିତତା ତଥା ତ୍ରୁଟିପୂର୍ଣ୍ଣ ସତ୍ୟପାଠ ଦାଖଲ ଅଭିଯୋଗରେ ସାଂସଦ ତଥା କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନଙ୍କ ବିରୋଧରେ ରୁଜୁ ମାମଲାକୁ ହାଇକୋର୍ଟ ଆଜି ଖାରଜ କରିଦେଇଛନ୍ତି। ଡ. ସୁବାସ ମହାପାତ୍ରଙ୍କ ପକ୍ଷରୁ ଦାୟର ମୂଳ ମାମଲାକୁ ଜଷ୍ଟିସ ସଂଜୟ କୁମାର ମିଶ୍ର ଖାରଜ କରିଛନ୍ତି। ମାମଲାଟି ଭିତ୍ତିହୀନ ଓ ରାଜନୈତିକ ଉଦ୍ଦେଶ୍ୟ ପ୍ରଣୋଦିତ ତଥା ଭାରତୀୟ ଜନପ୍ରତିନିଧି ଆଇନର ଧାରା ୮୩(୧) ରେ ରହିଥିବା ଆବଶ୍ୟକତାକୁ ପୂରଣ କରୁ ନଥିବାରୁ ଏହାକୁ ଖାରଜ କରିବା ପାଇଁ ପ୍ରତିପକ୍ଷ ଶ୍ରୀ ପ୍ରଧାନଙ୍କ ପକ୍ଷରୁ ଏକ ଅନ୍ତରୀଣ ଆବେଦନ ଦାୟର କରାଯାଇଥିଲା। ଅପରପକ୍ଷରେ, ଆବେଦନକାରୀ ଆଣିଥିବା ଅନିୟମିତତା ଅଭିଯୋଗ ସମ୍ପର୍କିତ ତଥ୍ୟ ପ୍ରମାଣ ଓ ସତ୍ୟପାଠ ଦେଇପାରି ନଥିବାରୁ ମାମଲା ଖାରଜ କରାଯାଇଥିବା କହିଛନ୍ତି ହାଇକୋର୍ଟ। ପ୍ରକାଶଥାଉକି, ଗତ ୨୦୨୪ସାଧାରଣ ନିର୍ବାଚନରେ ସମ୍ବଲପୁର ସଂସଦୀୟ କ୍ଷେତ୍ରରୁ ବିଜେପି ପ୍ରାର୍ଥୀ ହୋଇଥିବା ଧର୍ମେନ୍ଦ୍ର ପ୍ରଧାନଙ୍କୁ ୫୯୨୧୬୨ଭୋଟ ପାଇଥିବା ବେଳେ ନିକଟତମ ପ୍ରତିଦ୍ୱନ୍ଦ୍ୱୀ ବିଜେଡି ପ୍ରାର୍ଥୀ ପ୍ରଣବପ୍ରକାଶ ଦାସଙ୍କୁ ୪୭୨୩୨୬ଭୋଟ ମିଳିଥିଲା। ଆବେଦନକାରୀ ଶ୍ରୀ ମହାପାତ୍ରଙ୍କୁ ମିଳିଥିଲା ୧୬୯୩ଖଣ୍ଡ ଭୋଟ।

**ମଗୁଶୁରରେ ବି ଖସୁନି ପରିବା ଦର**

# ସପ୍ତାହକ ମଧ୍ୟରେ ଟମାଟୋ ଦର ଦୁଇଗୁଣା

ଭୁବନେଶ୍ୱର,୧୯।୧୧(ସମିସ): ଆଳୁ କିଲୋ ୨୫, ପିଆଜ କିଲୋ ୩୦। ବିନ୍ସ ୮୦ରୁ ଖସୁନି, କେଇଦିନ ତଳେ ଫୁଲକୋବି ୩୦ରୁ ୪୦ ଟଙ୍କାରେ ବିକ୍ରି ହେଉଥିବାବେଳେ ପୁଣି ଉପରମୁହାଁ ହୋଇ ୫୦ରୁ ୬୦ରେ ବିକ୍ରି ହେଉଛି। ଗତ ସପ୍ତାହରେ ଟମାଟୋ ୩୦ ଟଙ୍କାରୁ ୪୦ ଟଙ୍କା ଥିବାବେଳେ ଏବେ କେଉଁଠି ୬୦ ତ କେଉଁଠି ଅଶୀ। ୬୦ ଗ୍ରାମରୁ ୭୦ ଗ୍ରାମ ଶାଗ ବିଡ଼ା ୧୦ ଟଙ୍କାରେ ବିକ୍ରି ହେଉଛି । କାର୍ତ୍ତିକ

**ଅନ୍ୟ ରାଜ୍ୟରୁ ଆମଦାନୀରେ ବାଧା; ୬୦ ତଳକୁ ଖସୁନି ଦର**

ଯାଇ ମାର୍ଗଶିର ଅଧା ହୋଇ ସାରିଥିଲେ ବି ପରିବା ଦର ଖସିବାର ନାଁ ଧରୁନାହିଁ। ବିଶେଷ କରି ଗରିବ ଓ ମଧ୍ୟବିତ୍ତ ଶ୍ରେଣୀର ଲୋକଙ୍କୁ ପରିବା ଦର ଅତିଷ୍ଠ କରିଛି ।

କାର୍ତ୍ତିକ ମାସରେ ଅନେକ ଆମିଷ ଖାଉନଥିବାରୁ ସାଧାରଣତଃ ପରିବା ଦର ବୃଦ୍ଧି ପାଇଥାଏ। ହେଲେ ଚଳିତ ବର୍ଷ ଏଥିରେ ବ୍ୟତିକ୍ରମ ଦେଖାଦେଇଛି। ମୂଳା ବିଡ଼ା (୩ଟି)କୁ ୪୦ଟଙ୍କାରେ ବିକ୍ରି ହେବା ସହ ଶାଗ ବିଡ଼ା ୧୦ରୁ ୧୫ଟଙ୍କା। ଅନ୍ୟ ପରିବାର କିଲୋପିଛା ୬୦ ଓ ୮୦ଟଙ୍କାରୁ ଖସୁନି। ଦୀର୍ଘଦିନ ଯାଏ ବର୍ଷା ଲାଗି ରହିବାଯୋଗୁଁ ଚଳିତ ବର୍ଷ ବିଭିନ୍ନ ପନିପରିବା



ଅମଳ ବିଳମ୍ବିତ ହୋଇଥିବାରୁ ଏପରି ସମସ୍ୟା ଉପୁଜିଥିବା କୁହାଯାଉଛି। ଏହି ସମୟରେ ଆଠଗଡ଼, କଟକ, ବଡ଼ମ୍ବା, ନରସିଂହପୁର, ବରଗଡ଼, କୋରାପୁଟ, ବଲାଙ୍ଗିର, ପିପିଲି, ବଳଙ୍ଗା, ବାଲିପାଟଣା, ତେଇସପୁର ଆଦିରୁ ପରିବା ଉତ୍ପାଦନ ହୋଇଥାଏ ଏବଂ ପରିବାର ଦର ହ୍ରାସ ପାଇଥାଏ। ବର୍ଷ ସାରା ମହାରାଷ୍ଟ୍ର, କର୍ଣ୍ଣାଟକ, ରାଞ୍ଚି, ବିହାର, ଆନ୍ଧ୍ରପ୍ରଦେଶ, ତାମିଲନାଡୁ, ପଶ୍ଚିମବଙ୍ଗ ଆଦି ରାଜ୍ୟରୁ କଖାରୁ, ଟମାଟୋ, କ୍ୟାପ୍‌ସିକମ୍, କୋବି, ବିନସ୍, ଗାଜର, ବିଟ୍ ଆଦି ଆମଦାନୀ ହେଉଥିବାବେଳେ ନଭେମ୍ବରରୁ ଫେବୃଆରୀ ମାସ ଯାଏ ଓଡ଼ିଶାରୁ କୋବି, ବିନସ୍, ଟମାଟୋ, ଶିମ୍ବ, ପୋଟଳ, କଖାରୁ, କଲରା ଆଦି ଅମଳ ହୋଇଥାଏ। ମାତ୍ର ଚଳିତ ବର୍ଷ ରାଜ୍ୟରୁ ଉତ୍ପାଦନ ବିଳମ୍ବିତ ହେବା ଯୋଗୁଁ ପରିବା ଦର କମୁନାହିଁ ବୋଲି କୁହାଯାଉଛି। ଏପରିକି ଏହି ସମସ୍ୟା ଆହୁରି ୧୫ରୁ ୨୦ ଦିନ ଯାଏ ରହିପାରେ ବୋଲି ପରିବା ବ୍ୟବସାୟୀ ଆଶଙ୍କା କରିଛନ୍ତି।

କଞ୍ଚା ପରିବା ବ୍ୟବସାୟୀ ସଂଘ ସଭାପତି କବିରାଜ ସ୍ୱାଇଁ କହିଛନ୍ତି ଯେ ଓଡ଼ିଶାରେ ଏତେବେଳକୁ କୋବି ଗୋଟାକ ୫ରୁ ୧୦ଟଙ୍କା ମଧ୍ୟରେ ବିକ୍ରି ହେବା କଥା, କିନ୍ତୁ କୋବି ଅମଳ ହୋଇପାରି ନଥିବାରୁ ବାହାର ରାଜ୍ୟରୁ ଆସୁଥିବା କୋବି ଦର ଅଧିକ ରହୁଛି। ସେହିପରି ଲକ୍ଷ୍ମୀ ପୂଜା ପରେ କୋବି ଓ ଟମାଟୋ ଶସ୍ତାରେ ବିକ୍ରି ହୁଏ, ମାତ୍ର ଏଯାଏ ଟମାଟୋ, ବାଇଗଣ, ଭେଣ୍ଡି ଭଳି ଅନ୍ୟ ପରିବା ଓଡ଼ିଶାରୁ ବାହାରିନାହିଁ। ଅନ୍ୟ ରାଜ୍ୟରୁ ଯେତିକି ଆସୁଛି ତାହା ଓଡ଼ିଶା ବଜାରରେ ବିକ୍ରି ହେଉଛି। ଓଡ଼ିଶାରେ ପରିବା ଅମଳ ହେବାକୁ ଆହୁରି ଦୁଇ ସପ୍ତାହ ଲାଗିବ, ଏହାପରେ ପରିବାର ଦର କମିବ ବୋଲି ସେ କହିଛନ୍ତି।



## ବାଇକ୍ ଚୋରି ରାକେଟ ପର୍ଦ୍ଦାଫାସ

# ୬ ଗିରଫ, ୯ ବାଇକ୍ ଉଦ୍ଧାର

**କର୍ଲାମୁଣ୍ଡା, ୧୯ ।୧୧(ସମିସ)**

କଳାହାଣ୍ଡି ଜିଲ୍ଲା ମ.ରାମପୁର ଥାନା ରିଷିଡା ଫାଣ୍ଡି ଅଞ୍ଚଳରେ ଗତ କିଛି ମାସ ହେଲା ବାଇକ୍ ଚୋରି ବୃଦ୍ଧି ପାଇଛି। ମୁଖ୍ୟ ଅଭିଯୁକ୍ତଙ୍କୁ ଧରିବା ପରେ ଅନ୍ୟ ସହଯୋଗୀ ୫ ଜଣ ବ୍ୟକ୍ତିଙ୍କୁ ଧରିବାରେ ପୁଲିସ ବେଶ ସଫଳତା ପାଇଛି।ଏଥି ସହିତ ୯ଟି ବାଇକ୍ ସେମାନଙ୍କ ସୂଚନାକ୍ରମେ ଉଦ୍ଧାର କରାଯାଇଛି। ରିଷିଡା ଫାଣ୍ଡିରେ କେସିଙ୍ଗା ଏସଡିପିଓ ସଦୀପ କୁମାର ମାଝି ସାମ୍ବାଦିକ ସମ୍ମିଳନୀରେ ବିସ୍ତୃତ ସୂଚନା ଦେଇଛନ୍ତି।ଗତ ୧୭ ତାରିଖରେ ଖରମୁଣ୍ଡା ଗ୍ରାମର ପଦ୍ମୁଖ ସାହୁଙ୍କ ବାଇକ୍ ନଂ ଓଆର୦୮ଜି -୯୩୭୨ବାଇକ ଚୋରି ହୋଇଥିଲା। ଏନେଇ ସେ ରିଷିଡା ଫାଣ୍ଡିରେ ଅଭିଯୋଗ କରିଥିଲେ। ଅଭିଯୋଗ ଆଧାରରେ ରିଷିଡା ଫାଣ୍ଡି ଅଧିକାରୀ ମନୁଆ ବିଡିକା




ବାଇକ୍ ଚୋର ବଲାଙ୍ଗିର ଜିଲ୍ଲା ତୁଷୁରା ଥାନା ଚେନ୍ଦୁଟିକିଣ୍ଡି ଗ୍ରାମର ରୋହିତ ମହାନନ୍ଦ ଓରଫ ମୁକେଶ ଓରଫ ଲାଲୁଙ୍କୁ ଗିରଫ କରି ବାଇକ୍ ଉଦ୍ଧାର କରିଥିଲେ। ବାଇକ ଚୋରି ରାକେଟକୁ ଧରିବା ପାଇଁ କଳାହାଣ୍ଡି ଆରକ୍ଷୀ ଅଧିକ୍ଷକ ଏନ୍.ଦେବରକୋଣ୍ଡାଙ୍କ ନିର୍ଦ୍ଦେଶରେ କେସିଙ୍ଗା ଏସଡିପିଓ ସଦୀପ ମାଝୀଙ୍କ ତତ୍ତ୍ୱାବଧାନରେ ମ.ରାମପୁର ଥାନା ଅଧିକାରୀ ବୀରବର ଭଗତ ଓ ରିଷିଡ଼ା ଫାଣ୍ଡି ଅଧିକାରୀ ମନୁଆ ବିଡିକାଙ୍କ ନେତୃତ୍ୱରେ ଏକ ସ୍ୱତନ୍ତ୍ର ଟିମ୍ ଗଠନ କରାଯାଇଥିଲା। ଅଭିଯୁକ୍ତ ରୋହିତକୁ ଧରି ପୁଲିସ ବିଭିନ୍ନ ସ୍ଥାନରେ ଚଢାଉ କରି ବଲାଙ୍ଗିର ଜିଲ୍ଲା ତୁଷୁରା ଥାନା ଅନ୍ତର୍ଗତ ବାଗବାହାଲି ଗ୍ରାମର ଗୋକୁଳ ସାହୁ, ବୌଦ୍ଧ ଜିଲ୍ଲା ଘଣ୍ଟାପଡ଼ା ଥାନା ଅନ୍ତର୍ଗତ ଦେଉଲି ଗ୍ରାମର ବାବୁଲା ରଣା, ବାଳଗୋପାଲ ରଣା, ଟିକେଚନ୍ଦ ରଣା, ବଲାଙ୍ଗିର ଜିଲ୍ଲା ତୁଷୁରା ଥାନା ଅଧୀନ ଜାମୁଟ ଗ୍ରାମ (ଜଗନ୍ନାଥବସ୍ତିପଡ଼ା)ର ଦୟାସାଗର ବିଶିକୁ ଉଠାଇ ଆଣିଥିଲେ।ସେମାନଙ୍କ ସୂଚନା ଆଧାରରେ ୯ ଟି ବାଇକ୍ ଉଦ୍ଧାର କରାଯାଇଥିବା ଏସଡିପିଓ ଶ୍ରୀ ମାଝୀ ସୂଚନା ଦେଇଥିଲେ। ସ୍ୱାମାଦିକ ସମ୍ମିଳିନୀରେ ମ.ରାମପୁର ଥାନା ଅଧିକାରୀ ବୀରବର ଭଗତ, ରିଷିଡ଼ା ଫାଣ୍ଡି ଅଧିକାରୀ ମନୁଆ ବିଡିକା, କର୍ଲାମୁଣ୍ଡା ଫାଣ୍ଡି ଅଧିକାରୀ ଥବିର ବରିହା ଉପସ୍ଥିତ ଥିଲେ। ଅଭିଯୁକ୍ତଙ୍କୁ ଆଜି କୋର୍ଟ ଚାଲାଣ କରାଯାଇଛି।ଏନେଇ ମ.ରାମପୁର ଥାନାରେ କେଶ ନଂ ୨୯୫ରେ ମାମଲା ରୁଜୁ ହୋଇଛି।

## କସ୍ତୁପଡ଼ା-ସିଂଝରନ ରାସ୍ତା ଅବସ୍ଥା ଶୋଚନୀୟ

# ପ୍ରଶାସନକୁ କହିକହି ଥକି ଗଲେଣି ଗ୍ରାମବାସୀ

**କେସିଙ୍ଗା, ୧୯ ।୧୧(ସମିସ)** କଳାହାଣ୍ ଜିଲ୍ଲା କେସିଙ୍ଗା ବ୍ଲକ କସ୍ତୁପଡ଼ା ପଞ୍ଚାୟତର ସିଂଝରନ ଗ୍ରାମ ରାସ୍ତା ଦୀର୍ଘ ଦିନ ହେବ ଶୋଚନୀୟ ହୋଇ ପଡ଼ିଛି। ସ୍ଥାନୀୟ ବିଡିଓଙ୍କୁ



ବାରମ୍ବାର ଅଭିଯୋଗ କରାଯାଇଥିଲେ ମଧ ଦୀର୍ଘ ଦିନ ପରେ ବି ଭଲ ରାସ୍ତା ହୋଇପାରିଲା ନାହିଁ।ଜାତୀୟ ରାଜପଥ ୨୬ ଠାରୁ ଗାଁକୁ ଯିବା ପାଇଁ ରହିଛି ଏକ ମାତ୍ର ରାସ୍ତା ଯାହାର ଅବସ୍ଥା ନ କହିଲେ ଭଲ। ପୂର୍ବରୁ ପିଚୁ ରାସ୍ତା ଥିଲା ବେଳେ ବଡବଡ ଗାଡ଼ି ଚାଲି ରାସ୍ତା ଖରାପ ହୋଇଯାଇଛି। ରାସ୍ତାର ସ୍ଥାନେ ସ୍ଥାନେ ବଡ଼ବଡ଼ ଖାଲ ହୋଇ ଯାଇଥିବା ବେଳେ ଚାଲିଯିବାକୁ ପାଇଁ ମଧ ଅସୁବିଧା ଭୋଗୁଛନ୍ତି ଗ୍ରାମବାସୀ। ଏହାକୁ ନେଇ ଗ୍ରାମବାସୀଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ଦେଖାଦେଇଛି। ଅନ୍ୟପଟେ ଅଞ୍ଚଳରେ କିଛି ସରକାରୀ ଜମି ରାସ୍ତାକଡ଼ରେ ରହିଥିବା ବେଳେ କେତେକ ଲୋକ ସେହି ସରକାରୀ ଜମିକୁ ଜବରଦଖଲ କରି ରଖିଛନ୍ତି। ସେହି ଜବର ଦଖଲ ସରକାରୀ ଜାଗା ଗୁଡ଼ିକୁ ମାପଚୁପ କରିବା ପାଇଁ ଗ୍ରାମବାସୀ ସ୍ଥାନୀୟ ପ୍ରଶାସନକୁ ଜଣାଇଥିଲେ ମଧ ପ୍ରଶାସନ କର୍ଣ୍ଣପାତ କରୁନଥିବା ଅଭିଯୋଗ କରିଛନ୍ତି। ଯଥାଶୀଘ୍ର ଗ୍ରାମକୁ ଭଲ ରାସ୍ତା ସହିତ ସରକାରୀ ଜମିଗୁଡ଼ିକୁ ମାପଚୁପ କରିବା ପାଇଁ ଦାବି କରିଛନ୍ତି ଗ୍ରାମବାସୀ। ତେବେ ସ୍ଥାନୀୟ ପ୍ରଶାସନ ଗ୍ରାମବାସୀଙ୍କ ଦୀର୍ଘ ଦିନର ଦାବିକୁ କେବେ ପୂରଣ କରିବ ଦେଖିବାକୁ ବାକି ରହିଲା।

# ବ୍ଲକ୍‌ସ୍ତରୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା

**ଗୋଲାମୁଣ୍ଡା, ୧୯ ।୧୧ (ସମିସ):** ଗୋଲାମୁଣ୍ଡା ପଞ୍ଚାୟତ ସମିତି ପଡ଼ିଆରେ ବ୍ଲକସ୍ତରୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା ଅନୁଷ୍ଠିତ ହୋଇଯାଇଛି। ବିଡ଼ିଓ ତ୍ରିପୁରା ମହାନନ୍ଦଙ୍କ ସଭାପତିତ୍ୱରେ ମୁଖ୍ୟଅତିଥି ଭାବେ ଗୋଲାମୁଣ୍ଡା ବ୍ଲକ ଅଧକ୍ଷ ବିନ୍ଦୁ ମହାନନ୍ଦ, ମୁଖ୍ୟବକ୍ତା ଭାବେ ଜିଲ୍ଲା ପ୍ରାଣୀ ସମ୍ପଦ ଅଧିକାରୀ ନିରୋଦ ଚନ୍ଦ୍ର କହଁର ଯୋଗଦାନ କରିଥିବା ବେଳେ ସମ୍ମାନିତ ଅତିଥି ଭାବରେ ଜିଲ୍ଲା ମତ୍ସ୍ୟ ଅଧିକାରୀ ଜ୍ଞାନରଞ୍ଜନ




ସେଠି, ସହକାରୀ ମତ୍ସ୍ୟ ଅଧିକାରୀ ବନ୍ଦନା ରାଣୀ ପଣ୍ଡା, ସାଂସଦଙ୍କ ପ୍ରତିନିଧି ପ୍ରସନ୍ନ କୁମାର ରାଉତ, ତହସିଲଦାର ଚନ୍ଦନ କୁମାର ନାୟକ, ଗୋଷ୍ଠୀ ପ୍ରାଣୀ ଚିକିତ୍ସା ଅଧିକାରୀ ମଞ୍ଜୁଲତା ବାଗ, ଗୋଲାମୁଣ୍ଡା କୃଷି ଅଧିକାରୀ ନଉକେଶ୍ୱର ନାଗ, ସମାଜସେବୀ ଶ୍ୟାମସୁନ୍ଦର ଅଗ୍ରୱାଲ, ଜିଲ୍ଲା ପରିଷଦ ସଭ୍ୟା ହେମାଙ୍ଗିନୀ ରାଉତ, ଜୋନ-୨ ଜିଲ୍ଲା ପରିଷଦ ସଭ୍ୟା ସରିତା ମାଝୀ, ଜୋନ-୩ ଜିଲ୍ଲା ପରିଷଦ ସଭ୍ୟ ଜୟସେନ ସାହୁ, ଖଲିଆପାଲି ସରପଞ୍ଚ ଜିମୂତ ବାହାନ ହରପାଳ ପ୍ରମୁଖ ଯୋଗ ଦେଇଥିଲେ। ନୂତନ ପୋଖରୀ ଖନନ, ମତ୍ସ୍ୟ ଚାଷ, ଗୋପାଳନ, କୁକୁଡ଼ା ସାଙ୍ଗକୁ ପ୍ରାଣୀ ଓ ମତ୍ସ୍ୟ ଚାଷ ଆଦି ବିଭାଗ ପକ୍ଷରୁ ଅଧିକ ଗୁରୁତ୍ୱ ଦିଆଯାଇଛି। ଏ ନେଇ ବ୍ଲକର ପ୍ରାଣୀ ଓ ମତ୍ସ୍ୟଚାଷୀଙ୍କ ପାଇଁ ବିଭିନ୍ନ ଷ୍ଟଲର ମଧ ବ୍ୟବସ୍ଥା ହୋଇଥିଲା। ଏପରିକି ଚାଷୀ ବୈଜ୍ଞାନିକ ଆଲୋଚନା ଚକ୍ର ମାଧ୍ୟମରେ ଚାଷୀଙ୍କ ବିଭିନ୍ନ ସମସ୍ୟା ଦୂରୀଭୂତ କରିବା ସହିତ ସରକାରୀ ଯୋଜନା ଗୁଡିକର ସଠିକ ରୂପାୟନ ହେବାକୁ ବିଭିନ୍ନ ପଦକ୍ଷେପ ଗ୍ରହଣ କରାଯାଇଥିବା ବିଭାଗ ପକ୍ଷରୁ ନିଷ୍ପତି ନିଆଯାଇଛି। କାର୍ଯ୍ୟକ୍ରମରେ ସମସ୍ତ ପଞ୍ଚାୟତର ଲୋକ ପ୍ରତିନିଧି ଏବଂ ବ୍ଲକର କୋଣ ଅନୁକୋଣର ମତ୍ସ୍ୟ ଓ ପ୍ରାଣୀ ଚାଷୀମାନେ ଉପସ୍ଥିତ ଥିଲେ। ଏହି ଅବସରରେ ବ୍ଲକର ସଫଳ ଚାଷୀ ଭାବେ ୮ଜଣଙ୍କୁ ସମ୍ବର୍ଦ୍ଧନା କରାଯାଇଥିଲା। ସଭାକୁ ଚିଟିଆ ଗପଞ୍ଚାୟତର କାର୍ଯ୍ୟନିର୍ବାହ ଅଧିକାରୀ ବିଶ୍ୱ ରଞ୍ଜନ ପଣ୍ଡା ମଞ୍ଚ ପରିଚାଳନା କରିଥିବା ବେଳେ ସମାଜସେବୀ ଶ୍ୟାମ ସୁନ୍ଦର ଅଗ୍ରୱାଲ ଧନ୍ୟବାଦ ଅର୍ପଣ କରିଥିଲେ।

## ଶୀତରେ ଥରୁଛି କୋମନା ଅଞ୍ଚଳ

**କୋମନା, ୧୯ ।୧୧(ସମିସ):** ନୂଆପଡ଼ା ଜିଲ୍ଲା କୋମନା ଅଞ୍ଚଳରେ ପ୍ରବଳ ଶୀତ ଅନୁଭୂତ ହୋଇଛି। ସନ୍ଧ୍ୟା ୫ ଟା ହେଲେ ଲୋକେ ନିଆଁ ଲଗାଇ ପାଖରେ ବସି ରହୁଥିବା ଦେଖିବାକୁ ମିଳିଛି। କୋମନା ବ୍ଲକ ସ୍ଥିତ ଜଙ୍ଗଲର ତଳି ଅଞ୍ଚଳ ମହୁଲଭଟା, ଟିକ୍ରାପଡ଼ା, ଜଗନ୍ନାଥପାଲି, ଡୋଙ୍ଗରୀପାଲି, କମକେଡା ଆଦି ଅଞ୍ଚଳରେ ବର୍ତ୍ତମାନ ତାପମାତ୍ରା ୨୦ ଡିଗ୍ରୀ ରହୁଥିବାରୁ ସକାଳ ୯ ଟା ପର୍ଯ୍ୟନ୍ତ ଶୀତର ପ୍ରଭାବ ବେଶୀ ରହୁଛି। ସେହିଭଳି ସୁନାବେଡା ପାର୍ବତ୍ୟାଞ୍ଚଳରେ ଶୀତର ପ୍ରଭାବ ଦ୍ୱିଗୁଣିତ ହେଉଛି।ଫଳରେ ପାଠ ପଢ଼ି ଯାଉଥିବା ଛାତ୍ରଛାତ୍ରୀ ବହୁ ଅସୁବିଧାର ସମ୍ମୁଖୀନ ହେଉଥିବା ଜଣାପଡ଼ିଛି।ବୟସ୍କ ବ୍ୟକ୍ତିମାନେ ଶୀତର ପ୍ରଭାବରେ ଘରୁ ପଦାକୁ ବାହାରି ପାରୁନାହାନ୍ତି।

# ଗ୍ରାମୀଣ ବ୍ୟାଙ୍କର ପଚାଶ ବର୍ଷ ପୂର୍ତ୍ତି ପାଳନ




**ଭବାନୀପାଟଣା, ୧୯ ।୧୧(ସମିସ):** ଗ୍ରାମ୍ୟ ବ୍ୟାଙ୍କର ସ୍ଥାପନା ୨ ଅକ୍ଟୋବର ୧୯୭୫ରେ ହୋଇଥିଲା ଏବଂ ୨୦୨୫ରେ ତାହାର ପଚାଶ ବର୍ଷ ପୂର୍ତ୍ତି ବା ସୁବର୍ଣ୍ଣ ଜୟନ୍ତୀ। ଏହି ଉପଲକ୍ଷେ ଗ୍ରାମୀଣ ବ୍ୟାଙ୍କର ଅଧିକାରୀ ଓ କର୍ମଚାରୀଙ୍କ ସର୍ବଭାରତୀୟ ସଂଘ ଏଆଇଆର୍‌ଆର୍‌ବିଇଏର ନିଷ୍ପତ୍ତିକ୍ରମେ ସାରା ଭାରତରେ ସୁବର୍ଣ୍ଣ ଜୟନ୍ତୀ ବର୍ଷ ଭାବେ ପାଳନ କରାଯାଉଛି। ସେହିକ୍ରମରେ ବୁଧବାର ଓଡ଼ିଶା ଗ୍ରାମୀଣ ବ୍ୟାଙ୍କ ଅବସରପ୍ରାପ୍ତ କର୍ମଚାରୀ ସଂଘ ଭବାନୀପାଟଣା ଦ୍ୱାରା ୧୦୪ ବୃଦ୍ଧ ବୃଦ୍ଧା, ଅସହାୟ ତଥା ଦିବ୍ୟାଙ୍ଗଙ୍କୁ କମ୍ବଳ ତଥା ବସ୍ତ୍ର ଓ ପୋଷାକ ବିତରଣ କରାଯାଇଛି। ଲଛିମପୁର, ଗୋଟୋଭଟା, ଉପରକେନ୍ଦୁଗୁଡା, ତଳକେନ୍ଦୁଗୁଡା, ଭିରକାପଡ଼ା, ପେଙ୍ଗଶୁର, କାଣିକୂପା, କନର୍ଲା ଆଦି ଗାଁରେ ଘର ଘର ବୁଲି ଲୋକଙ୍କୁ କମ୍ବଳ ଓ ପୋଷାକ ବିତରଣ କରାଯାଇଥିଲା। ସଙ୍ଘର ସଦସ୍ୟ ପ୍ରକାଶ ମହାପାତ୍ର, ଅବଦୁଲ କାଦିର, କୈଳାସ ସାହୁ, ରବୀନ୍ଦ୍ରନାଥ ମହାପାତ୍ର, ହରିଶ ବେହେରା, ପ୍ରକାଶ ପ୍ରଧାନ, ଗୌରଚନ୍ଦ୍ର ଭେସ୍ରା, ଅନିଲ ଭୋଇ, ଘାସିରାମ ଗହୀର, ସୁନୀଲ ବେହେରା, ବଳଦେବ ଧଙ୍ଗଡ଼ାମାଝି, ଅଶ୍ୱିନୀ ପଣ୍ଡା, ସୁରେଶ ସିଂହ, ସୁନନ୍ଦ କୁମାର, ବଦ୍ରି ପଣ୍ଡା, ସତ୍ୟ ମିଶ୍ର ପ୍ରମୁଖ ଅଂଶ ଗ୍ରହଣ କରିଥିଲେ।

## ପି.ଏଚ.ଡି. ଲାଭ



ଅପରେସନ ସିନ୍ଦୂର ପାଇଁ ଡ୍ରୋନ୍ ଯୋଗାଇଥିବା ଭୁବନେଶ୍ୱର ସ୍ଥିତ ଖ୍ୟାତନାମା ଡ୍ରୋନ୍ କମ୍ପାନୀ IG Dronesର ଗବେଷଣା ବିଭାଗରେ କାର୍ଯ୍ୟରତ ଶ୍ରୀ ସତ୍ୟପ୍ରକାଶ ମିଶ୍ର ସିଭିଲ ଇଞ୍ଜିନିୟରିଂ ବିଷୟରେ ଡକ୍ଟରେଟ୍ (Ph.D.) ଡିଗ୍ରୀ ଲାଭ କରିଛନ୍ତି । ସେ ଆସାମ ସ୍ଥିତ National Institute of Technology Silchar (NIT Silchar)ର Asso. Prof. Dr. Arjun Sir ଓ Asst. Prof. Dr. Amit Kumar Das ଙ୍କ ତତ୍ତ୍ୱାବଧାନରେ ଗବେଷଣା କରୁଥିଲେ । ଶ୍ରୀମାନ ମିଶ୍ରଙ୍କ ଗବେଷଣା ସନ୍ଦର୍ଭ "Comprehensive Seismic Hazard Assessment of Odisha State with Emphasis on Bhubaneswar City and Port Areas", IIT Bombay ର ପ୍ରଫେସର ଡ଼ା ଦୀପାଙ୍କର ଚୌଧୁରୀ ଓ IISc Bangalore ର ପ୍ରଫେସର ଡା. ଜି. ମାଧବୀଲତାଙ୍କ ଦ୍ୱାରା ପରୀକ୍ଷିତ ଓ ଉଚ୍ଚ ପ୍ରଶଂସିତ ହୋଇଛି । ଡ଼. ସତ୍ୟପ୍ରକାଶ ମିଶ୍ର ଯାଜପୁର ଜିଲ୍ଲା ଧର୍ମଶାଳା ବ୍ଲକ ସ୍ଥିତ ପଲାର ଗ୍ରାମ ନିବାସୀ କବି ସବିତା ମିଶ୍ର ଓ ଅବସରପ୍ରାପ୍ତ B S N L କର୍ମଚାରୀ ଶ୍ରୀଯୁକ୍ତ ନୃସିଂହ ଚରଣ ମିଶ୍ରଙ୍କ କନିଷ୍ଠ ପୁତ୍ର ତଥା ଧର୍ମଶାଳା ଅଞ୍ଚଳର ବିଶିଷ୍ଟ ଶିକ୍ଷକ ୰ ପଣ୍ଡିତ ନାରାୟଣ ମିଶ୍ରଙ୍କ ପୁତ୍ର ଅଟନ୍ତି । ସେ ତାଙ୍କର ଏହି ସଫଳତା ପାଇଁ ମହାପ୍ରଭୁ ଶ୍ରୀଜଗନ୍ନାଥ, ସପରିବାର, ଶିକ୍ଷକ ଓ ବନ୍ଧୁବର୍ଗଙ୍କୁ କୃତଜ୍ଞତା ଜଣାଇଛନ୍ତି ।

# ଭବାନୀଶଙ୍କର ନିଆଲ ପିଆଇଏଲଏଫ୍ ଭାରତ ଚାପ୍ଟରର ଅଧକ୍ଷ

**ଭବାନୀପାଟଣା, ୧୯ ।୧୧(ସମିସ):** ପାନୋରୋମା ଇଣ୍ଟରନ୍ୟାସନାଲ୍ ଲିଟ୍ରେଚର୍ ଫେଷ୍ଟିଭାଲ୍-୨୦୨୬ର ଭାରତ ଅଧ୍ୟାୟର ଅଧକ୍ଷ ଭାବରେ ଆନ୍ତର୍ଜାତିକ ଖ୍ୟାତନାମା କବି ଭବାନୀଶଙ୍କର ନିଆଲଙ୍କୁ ମନୋନୀତ କରାଯାଇଛି। ଏ ନେଇ ପାନୋରୋମା ଇଣ୍ଟରନ୍ୟାସନାଲ୍ ଲିଟ୍ରେଚର୍ ଫେଷ୍ଟିଭାଲ୍-୨୦୨୬ର କେନ୍ଦ୍ରିୟ କମିଟି ଅଧକ୍ଷ ପ୍ରଫେସର ପ୍ରିଥ ନାମ୍ବିଆର୍ ଏବଂ ମହାସଚିବ ପ୍ରଫେସର ଆଇରିନ୍ କାଭାଡିଆ ଘୋଷଣା କରିଛନ୍ତି। ୭୮ଟି ଦେଶଗୁଡିକର ଅଂଶ ଗ୍ରହଣରେ ପାନୋରୋମା ଇଣ୍ଟରନ୍ୟାସନାଲ୍ ଲିଟ୍ରେଚର୍ ଫେଷ୍ଟିଭାଲ୍-୨୦୨୬ ବିଶ୍ୱର ବିଭିନ୍ନ ପ୍ରାନ୍ତରୁ ଲେଖକ କଳାକାର ଏବଂ



ସ୍ୱେଚ୍ଛାସେବୀଙ୍କ ସହାୟତାରେ ପରିଚାଳିତ ହେଉଛି। ଯେଉଁମାନେ ପ୍ରତିଷ୍ଠାନର ଦର୍ଶନ ଏବଂ ନୀତିକୁ ବାସ୍ତବରେ ବୈଶ୍ୱିକ ପ୍ଲାଟଫର୍ମରେ ରୂପାନ୍ତରିତ କରିବା ପାଇଁ କଠିନ ପରିଶ୍ରମ କରୁଛନ୍ତି।ପାନୋରୋମା ଇଣ୍ଟରନ୍ୟାସନାଲ୍ ଲିଟ୍ରେଚର୍ ଫେଷ୍ଟିଭାଲ୍ ଲେଖକଙ୍କ ପାଇଁ ଏକ ଗ୍ଲୋବାଲ ପ୍ଲାଟଫର୍ମ ପ୍ରଦାନ କରିଥାଏ ଯାହା ସାହିତ୍ୟ, ସଂସ୍କୃତିର ବିନିମୟ ଏବଂ ମାନବିକ ମୂଲ୍ୟବୋଧ ମାଧ୍ୟମରେ ବିଶ୍ୱ ସଂହତିକୁ ପ୍ରୋତ୍ସାହିତ କରିଥାଏ। ପାନୋରୋମା ଇଣ୍ଟରନ୍ୟାସନାଲ୍ ଲିଟ୍ରେଚର୍ ଫେଷ୍ଟିଭାଲ୍-୨୦୨୬ର ବିଷୟବସ୍ତୁ ହେଉଛି, ପୃଥିବୀ: ପୃଥିବୀର ଉପାଦାନର ଅନୁସନ୍ଧାନ ଯାହା ମାନବଜାତି ଏବଂ ଆମକୁ ବଞ୍ଚାଇଥିବା ଗ୍ରହ ମଧ୍ୟରେ ଥିବା ଗଭୀର ସମ୍ପର୍କ ଉପରେ ଚିନ୍ତନ କରେ। ବିଶ୍ୱର ପ୍ରତିକୋଣରେ ସ୍ୱରକୁ ଏକତ୍ର କରୁଥିବା ସାହିତ୍ୟକୁ ଉତ୍ସବ ପାଳନ କରିବାର ଏକ ନୂତନ ଦଶନ୍ଧିରେ ପାଦଦେବା ବେଳେ ଶ୍ରୀ. ନିଆଲଙ୍କୁ ଭାରତୀୟ କମିଟିରେ ଅଧକ୍ଷ ଭାବରେ କ୍ରମାଗତ ଭାବରେ ଚତୁର୍ଥ ଥରପାଇଁ ମନୋନୀତ କରିଛି ପିଆଇଏଲ୍‌ଏଫ୍ କେନ୍ଦ୍ରିୟ କମିଟି। ସୂଚନାଯୋଗ୍ୟ ଯେ, ଶ୍ରୀ ନିଆଲ ଜଣେ ଅର୍ନ୍ତରାଷ୍ଟ୍ରୀୟ ଖ୍ୟାତନାମା କବି ଏବଂ ପ୍ରତିଷ୍ଠିତ ସାହିତ୍ୟ ପତ୍ରିକା ମହୁରିର ମୁଖ୍ୟ ସମ୍ପାଦକ ଏବଂ ତାଙ୍କ କବିତା ବିଶ୍ୱର ୨୬ଟି ଭାଷାରେ ଅନୁବାଦିତ ହୋଇସାରିଛି। ଏହା ବ୍ୟତିତ ବିଶ୍ୱର ପ୍ରମୁଖ ସାହିତ୍ୟ ପତ୍ରିକା ରାଇଟର ଇଣ୍ଟରନ୍ୟାସନାଲ ଏଡିସନର କାର୍ଯ୍ୟକାରୀ ସମ୍ପାଦକ ଅଟନ୍ତି।

## ■ ଡିସେମ୍ବର ୨୭ରୁ ବୁଢ଼ାଡଙ୍ଗର ଲୋକମହୋତ୍ସବ

# ସେଲିବ୍ରେଟି କାର୍ଯ୍ୟକ୍ରମ ଦର୍ଶକଙ୍କ ମନ ମୋହିବ



**କେସିଙ୍ଗା, ୧୯ ।୧୧(ସମିସ):** କଳାହାଣ୍ଡି ଜିଲ୍ଲା କେସିଙ୍ଗା ବୃନ୍ଦାବନ ସାଂସ୍କୃତିକ ଅନୁଷ୍ଠାନର ଆୟୋଜିତ ହେବାକୁ ଥିବା ରାଜ୍ୟସ୍ତରୀୟ ବୁଢାଡଙ୍ଗର ଲୋକ ମହୋତ୍ସବ ଆସନ୍ତା ଡିସେମ୍ବର ୨୭ ଓ ୨୮ ଦୁଇ ଦିନ ଧରି ହେବ। ସ୍ଥାନୀୟ ଅନୁଷ୍ଠାନ ସଭା ଗୃହରେ ଆୟୋଜିତ ପ୍ରସ୍ତୁତି ବୈଠକରେ ନିଷ୍ପତ୍ତି ନିଆଯାଇଛି।ଏଥର ଲୋକନୃତ୍ୟ ସାଙ୍ଗରେ ସେଲିବ୍ରେଟିଙ୍କୁ ଆଣିବା ପାଇଁ ନିଷ୍ପତ୍ତି ହୋଇଛି।ଦୁଇ ଦିନ ଯାକ ହେବାକୁ ଥିବା ଉତ୍ସବରେ ଜିଲ୍ଲା, ରାଜ୍ୟ ତଥା ରାଜ୍ୟ ବାହାରୁ ସାଂସ୍କୃତିକ ଦଳମାନଙ୍କୁ ନିମନ୍ତ୍ରଣ କରି ଆଣିବା ପାଇଁ ନିଷ୍ପତ୍ତି ହୋଇଛି।ଦୁଇ ଦିନରେ ରାଜ୍ୟର ଉପମୁଖ୍ୟମନ୍ତ୍ରୀ, ମନ୍ତ୍ରୀ, ସାଂସଦ, ବିଧାୟକଙ୍କୁ ଅତିଥି ଭାବରେ ଆଣିବା ପ୍ରସ୍ତୁତି ହୋଇଛି।ସେହିପରି ପ୍ରତିବର୍ଷ ଭଳି ଏ ବର୍ଷ ମଧ ବିଭିନ୍ନ ସ୍କୁଲର ଛାତ୍ରଛାତ୍ରୀଙ୍କ ମଧ୍ୟରେ ବିଭିନ୍ନ ପ୍ରତିଯୋଗିତା, ରାଜ୍ୟସ୍ତରୀୟ ନୃତ୍ୟ ପ୍ରତିଯୋଗିତା, , ରାଜ୍ୟସ୍ତରୀୟ କବିତା ପାଠ ଉତ୍ସବ, ରାଜ୍ୟସ୍ତରୀୟ ଚିତ୍ରକଳା ପ୍ରଦର୍ଶନୀ କରିବା ସାଙ୍ଗରେ ସୋଭିନିୟର କରିବା ନିଷ୍ପତ୍ତି ହୋଇଛି। ପ୍ରତିବର୍ଷ ଭଳି ସାଂସ୍କୃତିକ ଶୋଭାଯାତ୍ରାର ଆୟୋଜନ ହେବାର ପ୍ରସ୍ତୁତି ବୈଠକରେ ନିଷ୍ପତ୍ତି ହୋଇଛି। ଉକ୍ତ ଉତ୍ସବରେ ରାଜ୍ୟ ଓ ଜିଲ୍ଲାର ବିଭିନ୍ନ ବର୍ଗରେ ଉଲ୍ଲେଖନୀୟ ଅବଦାନ ପାଇଁ ବ୍ୟକ୍ତି ବିଶେଷଙ୍କୁ ସମ୍ବର୍ଦ୍ଧିତ କରାଯିବାର ନିଷ୍ପତ୍ତି ହୋଇଛି।ଉତ୍ସବକୁ ସଫଳ କରିବା ପାଇଁ ୧୦ଟି କମିଟି ଗଠନ କରାଯାଇଛି।କମିଟିରେ ଅନୁଷ୍ଠାନର ସଭ୍ୟ ସଭ୍ୟା ସହ ବିଭିନ୍ନ ବର୍ଗର ଲୋକଙ୍କୁ ସାମିଲ କରାଯାଇଛି।ଅନୁଷ୍ଠାନ ର ସଭାପତି ସୁଶାନ୍ତ କୁମାର ମହାପାତ୍ରଙ୍କ ଅଧକ୍ଷତାରେ ପ୍ରସ୍ତୁତି ବୈଠକରେ ଉପଦେଷ୍ଟା ଅମୀୟ ନନ୍ଦ, କେସିଙ୍ଗା କଲେଜ ଅଧକ୍ଷ ସୁଶାନ୍ତ ପାଢ଼ୀ, କୋଷା ଦକ୍ଷ ବିକ୍ରମ ବାରିକ, ଡା ହରେକୃଷ୍ଣ ଧଳ, ଧନେ ମିଶ୍ର, ରମେଶ ପଟ୍ଟନାୟକ, ତିଙ୍କୁ ପାଢ଼ୀ, ସିଲୁ ବାରିକ, ସଞ୍ଜୀୟ ମହାନ୍ତି, କୁଞ୍ଜ ବିହାରୀ ସାହୁ, ଲଳିତ ରଞ୍ଜନ ସାହା, ସଂଗ୍ରାମ ବାରିକ, ଜାଦେବେନ୍ଦ୍ର ସାହା, ସୁରେନ୍ଦ୍ର ପ୍ରଧାନ, ସୁକଦେବ ଭୋଇ, କମ୍ପୁପାଣି ବାଗ, ଲୁଲୁ, ମାନସ, ଉତ୍ତମ ସାହୁ ଆଦି ବହୁ ସଦସ୍ୟ ଓ କର୍ମକର୍ତ୍ତା ସାମିଲ ହୋଇଥିଲେ।

# ରାଣୀ ଲକ୍ଷ୍ମୀବାଇଙ୍କ ଜୟନ୍ତୀ ପାଳନ




**ଧର୍ମଗଡ଼, ୧୯ ।୧୧(ସମିସ):** ଅଖିଳ ଭାରତୀୟ ବିଦ୍ୟାର୍ଥୀ ପରିଷଦ ଧର୍ମଗଡ଼ ନଗର ତରଫରୁ ବିଭିନ୍ନ କ୍ୟାମ୍ପସ ଠାରେ ଝାନ୍ସୀ ରାଣୀ ଲକ୍ଷ୍ମୀବାଇଙ୍କ ଜୟନ୍ତୀ ପାଳନ କରାଯାଇଛି। ପଞ୍ଚାୟତ ମହାବିଦ୍ୟାଳୟ, ମହିଳା ମହାବିଦ୍ୟାଳୟ, ବୋର୍ଡର ମହାବିଦ୍ୟାଳୟ ପରିସରରେ ମୁଖ୍ୟଅତିଥି ଜିଲ୍ଲା ସଂଯୋଜକ ସାଇ ଦର୍ଶନ ଠାକୁର, ମୁଖ୍ୟବକ୍ତା ଛାତ୍ର ନେତା ଓମ୍ ପ୍ରକାଶ ଚନ୍ଦନଙ୍କ ଉପସ୍ଥିତିରେ ଭବ୍ୟ ସଂଖ୍ୟାରେ ପାଳନ କରାଯାଇଅଛି। ଜିଲ୍ଲା ସଂଯୋଜକ ସାଇ ଦର୍ଶନ ଠାକୁର କହିଥିଲେ ଛାତ୍ର କେବଳ ପାଠପଢ଼ା ନୁହେଁ ସମାଜର ସବୁ ସଂସ୍କୃତି ପରମ୍ପରାକୁ ସାଙ୍ଗରେ ନେଇ ସମାଜ ସାଥିରେ ଚାଲିବ ଏବଂ ଓମ୍ ପ୍ରକାଶ ନାରୀ ଶକ୍ତି ବିଷୟରେ ବକ୍ତବ୍ୟ ଦେଇଥିଲେ।ନଗର ସମ୍ପାଦକ ଜୀବନ ଜ୍ୟୋତି ରାଉତ, ସହସମ୍ପାଦକ ଦିପାଲି ନିଆଲଙ୍କ ନେତୃତ୍ୱ ରେ ଜୟନ୍ତୀ ପାଳନ କରାଯାଇଥିଲା। ନଗର ର କାର୍ଯ୍ୟକର୍ତ୍ତା ସିମରନ ସିଂ ଦେଓ, ସିଲକୀ ମହାନନ୍ଦ, ବିପୁଳ ପଣ୍ଡା, ପୁଷ୍ପାଞ୍ଜଳି ସୁନାନି, ତାନିଶ ବିହାରୀ, ଜାଗ୍ରତ ପୁରୋହିତ, ଅଙ୍କିତା ସେନାପତି ପ୍ରମୁଖ ସହଯୋଗ କରିଥିଲେ।

# ସମ୍ଭବ କାର୍ଯ୍ୟକ୍ରମ ଉଦ୍‌ଯାପିତ



**କେସିଙ୍ଗା, ୧୯ ।୧୧(ସମିସ):** କେସିଙ୍ଗା ସରକାରୀ ବାଳିକା ଉଚ୍ଚବିଦ୍ୟାଳୟରେ ସମ୍ଭବ କାର୍ଯ୍ୟକ୍ରମ ଉଦ୍‌ଯାପିତ ହୋଇଯାଇଛି। କାର୍ଯ୍ୟକ୍ରମ ଗତ ୧୩ରୁ ତିନୋଟି ବ୍ଲକ କେସିଙ୍ଗା, କର୍ଲାମୁଣ୍ଡା, ମ.ରାମପୁରର ଉଚ୍ଚ ବିଦ୍ୟାଳୟର ୫୦ଜଣ ପ୍ରଧାନଶିକ୍ଷକ ଓ ପ୍ରଧାନ ଶିକ୍ଷୟିତ୍ରୀଙ୍କୁ ନେଇ ଅନୁଷ୍ଠିତ ହୋଇଥିଲା। କାର୍ଯ୍ୟକ୍ରମରେ ଆୟୋଜକ ବିଦ୍ୟାଳୟର ପ୍ରଧାନ ଶିକ୍ଷୟିତ୍ରୀ ସମୀର କୁମାର ବେହେରା, ସରକାରୀ ଉଚ୍ଚ ବିଦ୍ୟାଳୟ ତୁୟୁଙ୍ଗର ପ୍ରଧାନଶିକ୍ଷକ ଦିବାକର ସାହୁ, ଜୟଦୂର୍ଗା ଉଚ୍ଚ ବିଦ୍ୟାଳୟର ଭାରପ୍ରାପ୍ତ ପ୍ରଧାନଶିକ୍ଷକ ସନ୍ତୋଷ କୁମାର କର, ଏବଂ କପିଳେଶ୍ୱର ଉଚ୍ଚ ବିଦ୍ୟାଳୟ କନ୍ତେଶିରର ସହକାରୀ ଶିକ୍ଷକ ତରୁଣ କାନ୍ତି ମିଶ୍ର ସାଧନ କର୍ମୀ ରୂପେ ତିନି ବ୍ଲକର ପ୍ରଧାନ ଶିକ୍ଷକ/ଶିକ୍ଷୟିତ୍ରୀଙ୍କୁ ବିଦ୍ୟାଳୟମାନଙ୍କରେ ହେଉଥିବା ବିଭିନ୍ନ କାର୍ଯ୍ୟକ୍ରମ ଉପରେ ଆଲୋକପାତ କରିଥିଲେ। ଉଦ୍‌ଯାପନୀ ସଭାରେ ମୁଖ୍ୟ ଅତିଥିଭାବେ କଳାହାଣ୍ଡି ଜିଲ୍ଲା ଅତିରିକ୍ତ ଶିକ୍ଷା ଅଧିକାରୀ ହେମସାଗର ମହାନନ୍ଦ ଯୋଗ ଦେଇ କର୍ମଶାଳାର ସମସ୍ତ ପ୍ରଧାନଶିକ୍ଷକ ଏବଂ ଶିକ୍ଷୟିତ୍ରୀଙ୍କୁ ବିଦ୍ୟାଳୟ ପରିଚାଳନାରେ ସେମାନଙ୍କ ଦାୟିତ୍ୱ ଓ ଭୂମିକା ବିଷୟରେ ଅବଗତ କରାଇଥିଲେ କାର୍ଯ୍ୟକ୍ରମର ସଭାପତି ଭାବେ କେସିଙ୍ଗା ବ୍ଲକ ଶିକ୍ଷା ଅଧିକାରୀ ଆନନ୍ଦ କୁମାର ବେହେରା ଏବଂ କର୍ଲାମୁଣ୍ଡା ବ୍ଲକ ଶିକ୍ଷା ଅଧିକାରୀ ବାଞ୍ଛାନିଧି ପଣ୍ଡା ଉପସ୍ଥିତ ଥିଲେ ଓ ପିଏମ୍‌ଶ୍ରୀ. ସରକାରୀ ଉଚ୍ଚ ବିଦ୍ୟାଳୟ ତୁଣ୍ଡଲାର ପ୍ରଧାନଶିକ୍ଷକ ଯତୀନ୍ଦ୍ର କୁମାର ପ୍ରଧାନ ମଞ୍ଚ ପରିଚାଳନା କରିଥିଲେ। ଶେଷରେ ବାଲସି ଜବାହର ଉଚ୍ଚ ବିଦ୍ୟାପୀଠର ପ୍ରଧାନଶିକ୍ଷକ ଅଭୟ କୁମାର ଦେବତା ଧନ୍ୟବାଦ ଅର୍ପଣ କରିଥିଲେ।

BEST OFFER
SALE
Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.
9437015112

## ପ୍ରଧାନମନ୍ତ୍ରୀ କିଷାନ ସମ୍ମାନ ନିଧି ବିତରଣ ସମାରୋହ

# ନୂଆପଡ଼ାର ୮୪, ୧୫୪ ଚାଷୀ ହେବେ ଉପକୃତ

**ନୂଆପଡ଼ା, ୧୯ ।୧୧(ସମିସ)**

ନୂଆପଡ଼ାରେ ଆଜି କୃଷି ଓ କୃଷକ ସଶକ୍ତିକରଣ ବିଭାଗ ଓ କୃଷି ବିଜ୍ଞାନ କେନ୍ଦ୍ର ଆନୁକୂଲ୍ୟରେ ପ୍ରଧାନମନ୍ତ୍ରୀ କିଷାନ ସମ୍ମାନ ନିଧି ବିତରଣ ସମାରୋହ ଅନୁଷ୍ଠିତ ହୋଇଯାଇଛି।ସ୍ଥାନୀୟ ଡିପିଆରସି, ସିଲଦା ସମ୍ମିଳନୀ କକ୍ଷରେ ଆୟୋଜିତ ସଭାରେ ମୁଖ୍ୟଅତିଥି ଭାବରେ ନୂଆପଡ଼ା ବିଧାୟକ ଜୟ ରାଜୁ ଭାଇ ଢୋଲକିଆ ଯୋଗଦାନ କରିଥିଲେ। ଅତିରିକ୍ତ ଜିଲ୍ଲାପାଳ ପ୍ରଫୁଲ୍ଲ କୁଜୁରଙ୍କ ଅଧକ୍ଷତାରେ ଅନୁଷ୍ଠିତ ସମାରୋହରେ ସମ୍ମାନିତ ଅତିଥି ଭାବରେ ସାଂସଦଙ୍କ ପ୍ରତିନିଧି ପ୍ରେମ ଅଗ୍ରୱାଲ, ନୂଆପଡ଼ା ବ୍ଲକ ଅଧକ୍ଷା ତାରେଶ୍ୱରୀ ସାହୁ, ଉପାଧକ୍ଷ ଦିଲ୍ଲୀପ ନିର୍ମଳକର ପ୍ରମୁଖ



ଯୋଗଦାନ କରିଥିଲେ।ପ୍ରଦୀପ ପ୍ରଜ୍ୱଳନ ପରେ ସଭାକାର୍ଯ୍ୟ ଆରମ୍ଭ ହୋଇଥିଲା। ଆବାହକ ଜିଲ୍ଲା ମୁଖ୍ୟ କୃଷି ଅଧିକାରୀ ପ୍ରଦୀପ କୁମାର ନାୟକ ଅତିଥି ଙ୍କୁ ସ୍ୱାଗତ କରି ସମାରୋହର ଉଦ୍ଦେଶ୍ୟ ଜ୍ଞାପନ କରିଥିଲେ। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ କୋଇମ୍ବାଟୁରରୁ କିଷାନ ସମ୍ମାନ ନିଧି ଯୋଜନାର ୨୧ ତମ କିସ୍ତି ପ୍ରଦାନ ଆଭାସୀ କାର୍ଯ୍ୟକ୍ରମ ମାଧ୍ୟମରେ ଏଠାରେ ପ୍ରଦର୍ଶିତ ହୋଇଥିଲା। ଦେଶର ୯ କୋଟି ଚାଷୀଙ୍କ ବ୍ୟାଙ୍କ ଖାତାକୁ ୧୮ ହଜାର କୋଟି ଟଙ୍କା ଆଜି ଦିଆଯାଇଛି। ସେହିପରି ରାଜ୍ୟ କୃଷି ଭବନରୁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝି ଓ ଉପମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓ କାର୍ଯ୍ୟକ୍ରମରେ ଯୋଡ଼ି ହୋଇଥିଲେ। ରାଜ୍ୟର ୩୪ ଲକ୍ଷରୁ ଅଧିକ ଚାଷୀ ଆଜି ୭୦୦ କୋଟି ଟଙ୍କାରୁ ଊର୍ଦ୍ଧ୍ୱ ସହାୟତା ପାଇବେ। ନୂଆପଡ଼ା ଜିଲ୍ଲାର ୮୪, ୧୫୪ଜଣ ଚାଷୀ ଏହି ଯୋଜନାରେ ଉପକୃତ ହେବେ। କାର୍ଯ୍ୟକ୍ରମରେ ଉପନିର୍ଦ୍ଦେଶକ ଉଦ୍ୟାନ କୃଷି ହରେକୃଷ୍ଣ ଚାନ୍ଦ ହାଁସଦା, ଏଡିଓ ଖଡିଆଳ ସୋମନାଥ ମହାପାତ୍ର, ଏସ ଡିଭିଓ, ଡ.କିଶୋର କୁମାର ପରିଡ଼ା, ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ବିଦ୍ୟାପତି ପଣ୍ଡା ଓ କୃଷି ବିଭାଗର ସମସ୍ତ ଅଧିକାରୀ ଯୋଗଦାନ କରିଥିଲେ।

# ଲୋଇସିଂହାରେ ଅଟକିଲା ସମଲେଶ୍ୱରୀ ଏକ୍ସପ୍ରେସ



## ରେଳଷ୍ଟେସନରେ ସ୍ୱାଗତ

**ଲୋଇସିଂହା,୧୯ ।୧୧(ସମିସ):** ବହୁ ବର୍ଷର ଦାବି ପରେ ଲୋଇସିଂହାବାସୀଙ୍କ ଦାବି ପୂରଣ ହୋଇଛି । ଅନେକ ଦାବି ପରେ ଲୋଇସିଂହା ରେଳଷ୍ଟେସନରେ ହାୱାଡା - ଜଗଦଲପୁର ସମଲେଶ୍ୱରୀ ଏକ୍ସପ୍ରେସ ରହଣୀ ହୋଇଛି । ବୁଧବାର ରେଳ ବିଭାଗ ପକ୍ଷରୁ ଏକ୍ସପ୍ରେସ ରହଣୀ ତାରିଖ ଘୋଷଣା କରାଯାଇଥିବା ବେଳେ ଆନୁଷ୍ଠାନିକ ଭାବେ ରହଣୀ କରାଯାଇଛି ।

ବୁଧବାର ହାୱାଡରୁ ଜଗଦଲପୁର ଅଭିମୁଖେ ଟ୍ରେନ ଯାଉଥିବା ବେଳେ ଲୋଇସିଂହା ରେଳଷ୍ଟେସନରେ ସ୍ୱାଗତ କରାଯାଇଥିଲା । ବହୁ ସଂଖ୍ୟାରେ ଲୋକେ ଟିକଟ କିଣି ଯାତ୍ରା କରିଥିଲେ । ଏହି ଅବସରରେ ରେଳଷ୍ଟେସନ ପରିସରରେ ଏକ କାର୍ଯ୍ୟକ୍ରମ ମଧ୍ୟ ଅନୁଷ୍ଠିତ ହୋଇଥିଲା । ଏଥିରେ ମନ୍ତ୍ରୀ ମୁକେଶ ମହାଲିଙ୍ଗ, ସାଂସଦ ସଙ୍ଗୀତା କୁମାରୀ ସିଂହଦେଓ, ଲୋଇସିଂହା ବ୍ଲକ ଅଧ୍ୟକ୍ଷ ଯତୀନ୍ଦ୍ର ପଟେଲ ଯୋଗଦେଇଥିଲେ । ଲୋଇସିଂହା ବାସୀଙ୍କ ଦାବି ପୂରଣ କରିଥିବାରୁ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ, ରେଳମନ୍ତ୍ରୀ ଅଶ୍ୱିନୀ ବୈଷ୍ଣବଙ୍କୁ ଧନ୍ୟବାଦ ଦେଇଥିଲେ । ତେବେ ଲୋଇସିଂହା ରେଳଷ୍ଟେସନରେ ପରୀକ୍ଷାମୂଳକ ଭାବେ ଏହି ରହଣୀ କରାଯାଇଥିବା ଜଣାପଡିଛି । ବିଭାଗୀୟ ଲକ୍ଷ୍ୟ ପୂରଣ ହେବା ପରେ ସ୍ଥାୟୀ ରହଣୀ ଅନୁମତି ପ୍ରଦାନ କରାଯିବ ବୋଲି ସୂଚନା ମିଳିଛି । ଏହା ପୂର୍ବରୁ ଏହି ରେଳଷ୍ଟେସନରେ ପୁରୀ-ଦୁର୍ଗ, ଭୁବନେଶ୍ୱର - ପୁରୁଣାକଟକ ଇଣ୍ଟରସିଟି ଏକ୍ସପ୍ରେସ, ଇସ୍ପାତ ଏକ୍ସପ୍ରେସ, ତପସ୍ୱିନୀ ଏକ୍ସପ୍ରେସ ସହ ପାସେଞ୍ଜର ଟ୍ରେନ ଗୁଡିକର ରହଣୀ ବ୍ୟବସ୍ଥା ରହିଛି । ତେବେ ଏହି ରେଳଷ୍ଟେସନରେ ଏବେ ବି ଅନେକ ସମସ୍ୟା ରହିଛି; ଯାହାକୁ ରେଳ ବିଭାଗ ପୂରଣ କରିବା ଦିଗରେ ପଦକ୍ଷେପ ଗ୍ରହଣ କରିବାକୁ ଆନ୍ତରିକତା ଦେଖାଉନି ।

● ଖୋଲାଣରେ ଜିଲ୍ଲାସ୍ତରୀୟ ଶୌଚାଳୟ ଦିବସ

# ସ୍ୱଚ୍ଛତା ପାଇଁ ଶୌଚାଳୟ ନିହାତି ଆବଶ୍ୟକ



**ଟିଟିଲାଗଡ଼,୧୯ ।୧୧(ସମିସ):** ଟିଟିଲାଗଡ଼ ବ୍ଲକ୍ ଖୋଲାଣରେ ବଲାଙ୍ଗୀର ଜିଲ୍ଲାସ୍ତରୀୟ ଶୌଚାଳୟ ଦିବସ ପାଳନ ହୋଇଯାଇଛି । ଟିଟିଲାଗଡ଼ ବିଡ଼ିଓ ଚନ୍ଦ୍ରମଣୀ ନାଗଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ସଭାରେ ଜଳ ଓ ପରିମଳ ମିଶନ ୟୁନିସେଫର ରାଜ୍ୟ ପରାମର୍ଶଦାତା ସଂକୁଳି ବିଶ୍ୱାଲ ଯୋଗଦେଇ ସ୍ୱଚ୍ଛତା ପାଇଁ ଶୌଚାଳୟର ନିତାନ୍ତ ଆବଶ୍ୟକତା ରହିଥିବା କହିଥିଲେ । ଖୋଲା ପଡିଆ, ହୁଡାରେ ମଳ ତ୍ୟାଗ କରି ପୋଖରୀରେ ଶୌଚ ହୋଇ ସେହି ପୋଖରୀରେ ସ୍ନାନ କଲେ କିଭଳି ବିଭିନ୍ନ ପ୍ରକାର ରୋଗ କୀଟାଣୁକୁ ଆମନ୍ତ୍ରଣ କରାଯାଉଛି ସେ ନେଇ ବିସ୍ତୃତ ଭାବରେ ଅବତାରଣା କରିଥିଲେ । ୟୁନିସେଫର ଡ. ପ୍ରଶାନ୍ତ ସାହୁ, ଦୁଷ୍ମନ୍ତ ସାହୁ ପରିମଳ ତଥା ବିଷାକ୍ତ ପ୍ଲାଷ୍ଟିକ ନେଇ ସୁଚିନ୍ତିତ ପରାମର୍ଶ ପ୍ରଦାନ କରିଥିଲେ । ବ୍ଲକ ପଞ୍ଚାୟତ ସମ୍ପ୍ରସାରଣ ଅଧିକାରୀ ଦୀପକ ବେଜ, ମନରେଗା ଏପିଓ ତନୁଜା ଦାଶ, ସରପଞ୍ଚ ନରେଶ ଅଗ୍ରୱାଲ, ଯୁଗଳ ସାହୁ, ପୁଷ୍ପା ମହାନନ୍ଦ, ଯମୁନା ମହାନନ୍ଦ ପ୍ରମୁଖ ମଞ୍ଚାସୀନ ଥିଲେ । ସଭା ପରେ ୟୁନିସେଫ ପକ୍ଷରୁ ଅତ୍ୟାଧୁନିକ ପାଇଖାନାର ମଡେଲ ପ୍ରଦର୍ଶନ କରାଯାଇଥିଲା । କାର୍ଯ୍ୟକ୍ରମରେ ବ୍ଲକ ଯନ୍ତ୍ରୀ ଇଂ ବୀରେନ୍ଦ୍ର ନାଥ ସିଂ, ଇଂ ଧୀରେନ୍ଦ୍ର ସାହୁ, ଇଂ ହରେକୃଷ୍ଣ ଦାଶ, ଇଂ ଡ଼. ମିହିରକାନ୍ତ ପଣ୍ଡା, ସୁନିଲ ବାଗ, ଶାଶ୍ୱତ କିଷାନ, ଇଓ ସୁଶୀଲ ମିଶ୍ର, ସୁରେଶ ମିଶ୍ର, ଲୋକନାଥ ରଣା, ରାଜେଶ ଭତ୍ରା, ବିଥିୟ ବେହେରା, ବୀରେନ୍ଦ୍ର କହଁର, ଏସଡ଼ିସି ସେକ ଅଞ୍ଜୁମ, ଏଡ଼ିଇଓ ଦେବାଶିଷ ମହାକୁର, କ୍ଷମାନିଧି ଭୂୟାଁ, ସନ୍ୟାସୀ ନାଏକ, ପ୍ରଶାନ୍ତ ନାଏକ, ପ୍ରମୋଦ ରଣା, ଋତୁରାଜ ପାତ୍ର, ବିଏଲସି ବିକାଶ ସାହୁ, ଜେସି ସୁମନ କଲ୍ୟାଣ ରଣା ପ୍ରମୁଖ ଉପସ୍ଥିତ ଥିଲେ ।

**ଏପଟେ ନିର୍ଦ୍ଦେଶ ସେପଟେ ଲୁଟ୍**

# ପୋଛି ନେଲେଣି ଅଙ୍ଗନଦୀ ଶଯ୍ୟା

## ଜାଣି ଅଜଣା ୨ ଜିଲ୍ଲାର ପୁଲିସ, ପ୍ରଶାସନ

**ବଲାଙ୍ଗିର,୧୯ ।୧୧(ସମିସ)**

- ବ୍ରିଜ୍ ଉପରୁ ଜଳ ଜଳ ଦିଶୁଛି
- ସୂର୍ଯ୍ୟ ବୁଡ଼ିଲେ ଚୋରାଚାଲାଣ ଆରମ୍ଭ
- ଚଢ଼ଉ ନାହିଁ କି କାର୍ଯ୍ୟାନୁଷ୍ଠାନ ନାହିଁ



ରାଜ୍ୟରେ ବାଲି ଚୋରା ଚାଲାଣ ରୋକିବା ପାଇଁ ମୁଖ୍ୟମନ୍ତ୍ରୀ ଜିଲ୍ଲାପାଳ ଓ ଏସ୍‌ପିମାନଙ୍କୁ କଡା ନିର୍ଦ୍ଦେଶ ଦେଇ ପ୍ରଶଂସା ଗୋଟାଇବାକୁ ଉଦ୍ୟମ କରିଛନ୍ତି । ଅନ୍ୟପଟେ ତାଙ୍କ ପାଖଲୋକ ତଥା କ୍ୟାବିନେଟର ପାୱାରଫୁଲ ମନ୍ତ୍ରୀଙ୍କ ନିଜ ନିର୍ବାଚନ ମଣ୍ଡଳିରୁ ଶହ ଶହ ଟ୍ରିପ୍ ବାଲି ଲୁଟ୍ ହେଉଛି । ରାତି ଅଧରେ ଶହ ଶହ ହାଇୱା ଅଙ୍ଗ ନଦୀରୁ ବାଲି ଚୋରି କରୁଥିବା ବେଳେ ସବୁ ଜାଣି ବି ଅଜଣା ସ୍ଥାନୀୟ ପୁଲିସ ଓ ପ୍ରଶାସନ । ଅଙ୍ଗନଦୀ ସାଲେଭଟା ଅଞ୍ଚଳରୁ ଏହି ବାଲି ଚୋରାଚାଲାଣ ହେଉଥିବା ବେଳେ ଚୋରା ବାଲି ବଲାଙ୍ଗିର, ସୋନପୁର ତଥା ବରଗଡ ଜିଲ୍ଲାକୁ ପ୍ରତିଦିନ ଚାଲାଣ ହେଉଥିବା ଦେଖିବାକୁ ମିଳିଛି । ସବୁଠାରୁ ଆଶ୍ଚର୍ଯ୍ୟର ବିଷୟ ହେଉଛି ସାଲେଭଟା ଫାଣ୍ଡିରୁ ଅନତି ଦୂରରେ ଥିବା ବ୍ରିଜରୁ ଏହି କାରବାର ସ୍ପଷ୍ଟ ଦେଖାଯାଉଥିବା ବେଳେ କେମିତି କାହା ନଜରରେ ପଡୁନାହିଁ ତାକୁ ନେଇ ଲୋକେ ପ୍ରଶ୍ନ ଉଠାଇଛନ୍ତି । ତେବେ ସତରେ କ'ଣ ଏ ବିଷୟରେ କେହି କିଛି ଜାଣିନାହାନ୍ତି ନା ନିରବ ରହି ନିଜ ଭାଗ ନେଇ ସମର୍ଥନ କରୁଛନ୍ତି ତାକୁ ନେଇ ସ୍ଥାନୀୟ ଲୋକେ ପ୍ରଶ୍ନ ଉଠାଇଛନ୍ତି ।

ବଲାଙ୍ଗିର ଦେଇ ବହି ଯାଇଥିବା ଅଙ୍ଗ ନଦୀ ଗର୍ଭରୁ ବାଲି ଲୁଟ୍ ହେଉଛି । ଆଗଲପୁର ତହସିଲ ଅଧୀନରେ ଥିବା ଏହି ଲଘୁ ଖଣିଜ ଖାଦାନରୁ ପ୍ରତିଦିନ ବାଲି ମାଫିଆ ବାଲି ଲୁଟ୍ କରୁଥିବା ବେଳେ ଉଭୟ ପୁଲିସ ଓ ପ୍ରଶାସନ ସେମାନଙ୍କୁ ନିରବ ସମର୍ଥନ କରୁଥିବା ଅଭିଯୋଗ ହୋଇଛି । ଅଙ୍ଗନଦୀ ହେଉଛି ବଲାଙ୍ଗିର ଓ ସୋନପୁର ଜିଲ୍ଲାର ସୀମା । ଅଙ୍ଗନଦୀର ଗୋଟିଏ ପଟ ବଲାଙ୍ଗିର ଜିଲ୍ଲା ଲୋଇସିଂହା ଥାନା ତଥା ଆଗଲପୁର ତହସିଲ ଅଧୀନରେ ରହିଛି । ଅନ୍ୟପଟଟି ସୋନପୁର ଜିଲ୍ଲା ଡୁଙ୍ଗୁରିପାଲି ଥାନା ତଥା ଡୁଙ୍ଗୁରିପାଲି ତହସିଲ ଅଧୀନରେ ରହିଛି । ତେବେ ସାଲେଭଟା ନିକଟରୁ ପ୍ରତିଦିନ ବିଳମ୍ବିତ ରାତି ପର୍ଯ୍ୟନ୍ତ ବାଲି ଲୁଟ କରାଯାଉଥିବା ଦେଖିବାକୁ ମଲୁଛି । ବେଆଇନ ଭାବେ ଜେସିବି ଲଗାଯାଇ ପ୍ରତିଦିନ ଟ୍ରାକ୍ଟର ଓ ହାଇୱାରେ ଶହ ଶହ ଟ୍ରିପ୍ ବାଲି ଅନ୍ୟତ୍ର ଚାଲାଣ ହେଉଥିବା ଅଭିଯୋଗ ହୋଇଛି । ଏହିଠାରୁ ବାଲି କିଛି ପରିମାଣର ବଲାଙ୍ଗିର ଜିଲ୍ଲାର ସାଲେଭଟା ଓ ଆଗଲପୁର ଅଞ୍ଚଳକୁ ଚାଲାଣ ହେଉଥିବା ବେଳେ ସିଂହ ଭାଗ ଚେରୁପାଲି, ଡୁଙ୍ଗୁରିପାଲି ଏପରିକି ବରଗଡ ଜିଲ୍ଲାର ବରପାଲି ଅଞ୍ଚଳକୁ ମଧ୍ୟ ଚାଲାଣ ହେଉଥିବା ଦେଖିବାକୁ ମିଳିଛି । ସବୁଠାରୁ ଆଶ୍ଚର୍ଯ୍ୟର ବିଷୟ ହେଉଛି ଏହି ସବୁ କାରବାର ଅଙ୍ଗନଦୀ ଉପରେ ଥିବା ବ୍ରିଜ ଉପରୁ ସ୍ପଷ୍ଟ ଭାବେ ଦୃଶ୍ୟମାନ ହେଉଥିବା ବେଳେ ଏଥିପ୍ରତି ପୁଲିସ କିମ୍ବା ପ୍ରଶାସନର ନଜର କେମିତି ପଡୁନାହିଁ ତାକୁ ନେଇ ପ୍ରଶ୍ନ ଉଠିଛି । ଏହି ଘଟଣାରେ ଏକ କୌତୁହଳ ପ୍ରସଙ୍ଗ ମଧ୍ୟ ସାମ୍ନାକୁ ଆସିଛି । ନଦୀ ମଝିରୁ ବାଲି ଚାଲାଣ ହେଉଥିବା ବେଳେ ଏହାକୁ ଆଗଲପୁର ତହସିଲ ଯାଞ୍ଚ କରିବ ନା ଡୁଙ୍ଗୁରିପାଲି ତହସିଲ ଯାଞ୍ଚ କରିବ ସେହି ବାହାନାରେ ପ୍ରଶାସନ ଚୁପ୍ ଥିବା ଆଲୋଚନା ହେଉଛି । ଅନ୍ୟପକ୍ଷରେ ବାଲିଘାଟରୁ ବାଲିଗାଡି ବାହାରିଲେ ନା ଖଣି ବିଭାଗ ଗାଡି ଚଢଉ କରୁଛି ନା ପ୍ରଶାସନ ଚଢଉ କରୁଛି । ଏମିତିରେ ଲୋଇସିଂହା ପୁଲିସ ଗାଡି ଧରିବ ନା ଡୁଙ୍ଗୁରିପାଲି ପୁଲିସ ଗାଡି ଧରିବ ସେନେଇ ମଧ୍ୟ ଦ୍ୱନ୍ଦ୍ୱରେ ରହି ଗାଡି ଜବତ ହେଉ ନ ଥିବା ଆଲୋଚନା ହେଉଛି । ଗତ କିଛି ଦିନ ତଳେ ଲୋଇସିଂହା ପୁଲିସ ୫ଟି ଟ୍ରାକ୍ଟରରେ ବାଲି ଚାଲାଣ ହେଉଥିବା ବେଳେ ଗୋଟିଏ ଟ୍ରାକ୍ଟର ଜବତ ହୋଇଥିଲା । ଏ ନେଇ ମାମଲା ମଧ୍ୟ ରୁଜୁ ହୋଇଥିବା ବେଳେ ଗାଡି ମାଲିକ ଜଣକ କୁଆଡେ ମନ୍ତ୍ରୀ ତଥା ସ୍ଥାନୀୟ ବିଧାୟକଙ୍କ ପାଖ ଲୋକ ବୋଲି ଅଲୋଚନା ହେଉଥିଲେ ।

ତେବେ ସ୍ଥାନୀୟ କିଛି ବ୍ୟକ୍ତିଙ୍କ କହିବା ଅନୁସାରେ ଏହି ବାଲି ଚୋରା କାରବାରରେ ସ୍ଥାନୀୟ ମନ୍ତ୍ରୀଙ୍କ କିଛି ଅନୁଗତ ମଧ୍ୟ ଲାଭ ନେଉଥିବାରୁ ଏହି କାରବାର ବନ୍ଦ କରିବାରେ ପ୍ରଶାସନ ପଛଘୁଞ୍ଚା ଦେଉଥିବା ଆଲୋଚନା ହେଉଛି । ତେବେ ଗୋଟିଏ ପଟେ ମୁଖ୍ୟମନ୍ତ୍ରୀ ବାଲିଚୋରା କାରବାର ରୋକିବା, ରାଜନୈତିକ ହସ୍ତକ୍ଷେପକୁ ଖାତିର ନ କରିବାକୁ ଜିଲ୍ଲାପାଳ ଓ ଏସପିମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି । ତେବେ ସାଲେଭଟା ଅଞ୍ଚଳରୁ ଅଙ୍ଗନଦୀରୁ ହେଉଥିବା ବାଲିଚାଲାଣ ରୋକିବାରେ ବଲାଙ୍ଗିର ଓ ସୋନପୁର ଜିଲ୍ଲା ପୁଲିସ ଓ ପ୍ରଶାସନ ସଫଳ ହେବାନେଇ ଲୋକଙ୍କ ଆଶା ରହିଛି । ତେବେ ତାହା କେତେ ସଫଳ ହେଉଛି ତାହା ଦେଖିବାକୁ ବାକି ରହିଲା ।

## ଓଡିଶା ଲୋକସେବା ଆୟୋଗ ପରୀକ୍ଷାରେ ସଫଳତା

**କଣ୍ଟାବାଞ୍ଜି,୧୯ ।୧୧(ସମିସ):** ବଲାଙ୍ଗୀର ଜିଲ୍ଲା କଣ୍ଟାବାଞ୍ଜି ସହରର ଶୁଭମ୍ ଶର୍ମା ଓଡିଶା ଲୋକସେବା ଆୟୋଗ ପରୀକ୍ଷାରେ ସଫଳତା ହାସଲ କରିଛନ୍ତି । ଶୁଭମ୍ ବର୍ତ୍ତମାନ ଜଳ ସମ୍ପଦ ବିଭାଗରେ ଅସିଷ୍ଟାଣ୍ଟ ଏକଜିକ୍ୟୁଟିଭ୍ ଇଞ୍ଜିନିୟର ଭାବେ କ୍ୟାରିୟର ଆରମ୍ଭ କରିବେ । ଶୈଶବରୁ ସେ ମେଧାବ ଓ ପରିଶ୍ରମୀ ଛାତ୍ର ଭାବେ ପରିଚିତ । ସେ କଣ୍ଟାବାଞ୍ଜି ଲାୟନ୍ସ ପବ୍ଲିକ୍ ସ୍କୁଲରେ ପ୍ରାଥମିକ ଶିକ୍ଷା ସହ ଆଇଆଇଟି ଗୌହାଟୀରୁ ଏମ୍‌ଟେକ୍ ଡିଗ୍ରୀ ହାସଲ କରିଥିଲେ ।



ବିଜ୍ଞାନଗଣିତରେ ବିଶେଷ ରୁଚି ସହ ଅନେକ ପ୍ରତିଯୋଗିତାରେ ଉତ୍କୃଷ୍ଟ ଫଳାଫଳ କରିଥିଲେ । ପରିବାରର ପ୍ରେରଣା ଓ ନିଜ ପରିଶ୍ରମରେ ସେ ଇଞ୍ଜିନିୟରିଂ ସମ୍ପୂର୍ଣ୍ଣ କରି ପରୀକ୍ଷା ଲାଗି ପ୍ରସ୍ତୁତ ହେଉଥିଲେ । ଶୁଭମଙ୍କ ସଫଳତାରେ ସହରର ବିଭିନ୍ନ ସାମାଜିକ ସଂସ୍ଥା, ବୁଦ୍ଧିଜୀବୀ ଓ ଶିକ୍ଷକମାନେ ଅଭିନନ୍ଦନ ଜଣାଇଛନ୍ତି । ଲାୟନ୍ସ ପବ୍ଲିକ୍ ସ୍କୁଲ ମଧ୍ୟ ଶୁଭେଚ୍ଛା ଜଣାଇଛି ।

**ଲୋଇସିଂହା କପ୍‌ର ଦ୍ୱିତୀୟ ସେମିଫାଇନାଲ**

# ସମ୍ବଲପୁର ତିହରା ଫୁଟବଲ କ୍ଲବ୍ ବିଜୟୀ



**ଲୋଇସିଂହା,୧୯ ।୧୧(ସମିସ):** ବଲାଙ୍ଗିର ଜିଲ୍ଲା ଲୋଇସିଂହା ଷ୍ଟାଡିୟମର ପ୍ରତିଷ୍ଠା ଉତ୍ସବ ଅବସରରେ ୧୮ତମ ରାଜ୍ୟସ୍ତରୀୟ ଫୁଟବଲ ଟୁର୍ଣ୍ଣାମେଣ୍ଟ ଲୋଇସିଂହା କପ୍- ୨୦୨୫ ଉଦ୍‌ଘାଟିତ ହୋଇଛି । ଲୋଇସିଂହା ଷ୍ଟାଡିୟମ ଟ୍ରଷ୍ଟବୋର୍ଡ ଓ ଆଥଲେଟିକ ଆସୋସିଏସନ ଅନୁକୂଲ୍ୟରେ ଆୟୋଜିତ ଏହି ଟୁର୍ଣ୍ଣାମେଣ୍ଟର ଚତୁର୍ଥ ଦିବସରେ ଦ୍ୱିତୀୟ ସେମି ଫାଇନାଲ ମ୍ୟାଚ ଅନଷ୍ଠିତ ହୋଇଥିଲା । ଏଥିରେ ଝାରସୁଗୁଡ଼ା ଓଏସଏପି ଆଦର୍ଶ କ୍ଲବ୍ ଓ ସମ୍ବଲପୁର ତିହୁରା ଫୁଟବଲ କ୍ଲବ୍ ମୁହାଁମୁହିଁ ହୋଇଥିଲେ ।

ଝାରସୁଗୁଡ଼ା ଓଏସଏପି ଆଦର୍ଶ କ୍ଲବ୍‌କୁ ସମ୍ବଲପୁର ତିହୁରା ଫୁଟବଲ କ୍ଲବ୍ ୪-୧ ଗୋଲରେ ହରାଇ ଫାଇନାଲକୁ ଉନ୍ନୀତ ହୋଇଛି ।ସମ୍ବଲପୁର ତିହୁରା ଫୁଟବଲ କ୍ଲବ୍ ଟିମ୍‌ର ପିଣ୍ଟୁ ଓରାମଙ୍କୁ ପ୍ଲେୟାର ଅଫ ଦି ମ୍ୟାଚ୍ ଘୋଷଣା କରାଯାଇଥିଲା । ଦିଲୀପ ବେହେରାଙ୍କ ସଭାପତିତ୍ୱରେ ଅନୁଷ୍ଠିତ ପୁରସ୍କାର ବିତରଣ କାର୍ଯ୍ୟକ୍ରମରେ ଅତିଥି ଭାବେ ମନ୍ତ୍ରୀ ମୁକେଶ ମହାଲିଙ୍ଗ, ପୂର୍ବତନ ଆଇନ ମନ୍ତ୍ରୀ ନରସିଂହ ମିଶ୍ର, ସମ୍ପାଦକ ସ୍ମିତା ମିଶ୍ର, ବୁଢ଼ିପଦର ସରପଞ୍ଚ ଲକ୍ଷ୍ମୀ ପଧାନ ଯୋଗ ଦେଇଥିଲେ । କରୁଣାକର ପଧାନ, ସୁରେଶ ନାଏକ, ସଞ୍ଜୀବ ସାହୁ, ଗୋପାଳ ପଧାନ ରେଫରୀ ଦାୟିତ୍ୱ ତୁଲାଇଥିଲେ । ଏଥିରେ ବୁଲୁ ବହିଦାର, ଆନନ୍ଦ ପଟେଲ, ଚତୁର ଦଳେଇ, ରଞ୍ଜନ ବେହେରା, ଭଗବତିଆ ଭୋଇ, ଶିବ ଅଗ୍ରୱାଲ, ଟିଙ୍କୁ ପାଣ୍ଡିଆ, ଦେବ ବିଶ୍ୱାଳ, ଶିଲୁ ସେବକ, ମନୋଜ ମାହାଣା, ମୋହିତ ମିଶ୍ର, ପ୍ରକାଶ ମହାରଣା, ରବୀନ୍ଦ୍ର ନାଏକ, ମନୋଜ ମହାଣା, କାରଣ ପଧାନ ସରୋଜ ବିଶ୍ୱାଳ ପ୍ରମୁଖ ସହଯୋଗ କରିଥିଲେ ।

# ହ୍ୟୁମାନ ସାଗରଙ୍କୁ ଶ୍ରଦ୍ଧାଞ୍ଜଳି



**ବଲାଙ୍ଗିର,୧୯ ।୧୧(ସମିସ):** ବଲାଙ୍ଗିରରେ କଣ୍ଠଶିଳ୍ପୀ ହ୍ୟୁମାନ ସାଗରଙ୍କୁ ଶ୍ରଦ୍ଧାଞ୍ଜଳି ଦିଆଯାଇଛି । ସହରର ସମସ୍ତ ସାମାଜିକ ଏବଂ ସାଂସ୍କୃତିକ ଅନୁଷ୍ଠାନ ତରଫରୁ ସ୍ଥାନୀୟ କଚେରୀ ଛକରେ ଏକ ଶ୍ରଦ୍ଧାଞ୍ଜଳି ସଭା ଅନୁଷ୍ଠିତ ହୋଇଥିଲା । ଗୋବିନ୍ଦ ଶତପଥୀ, ସୋମନାଥ ମିଶ୍ର, ବିକାଶ ସା, ଜିଲ୍ଲା ପରିଷଦ ଅଧ୍ୟକ୍ଷା ଦେବକୀ ସାହୁ, ପୌରାଧ୍ୟକ୍ଷା ଲିକା ସାହୁ, ବରିଷ୍ଠ ଭାଜପା ନେତା ଗୋପାଳଜୀ ପାଣିଗ୍ରାହୀ, ଓକିଲ ସଙ୍ଘର ସଭାପତି ବାସୁ ରଥ, ସୈନିକ ସଙ୍ଘର ପ୍ରତାପ ରଥ, କିଶୋର ରଥ, ସଂଗୀତା ଦାସ, ରୋଶନ ଭାରଦ୍ୱାଜ, ପୂଜା ସାହୁ, ବବିତା ପୁଟେଲ, ବ୍ୟସଦେବ ପୁରୋହିତ, ଗୋଲାପ ବାଗ, ସତ୍ୟ ହୋତା, ସଂଜୀବ ସାହୁ, ଥବୀର କର୍ମୀ, ସୁମନ ନନ୍ଦ, ଉତ୍ତମ ନନ୍ଦ, ରାମ ଶତପଥୀ, ବୁଲୁ ମହାକୁର, ଲିଙ୍କନ ସେଠ, ଋତୁରାଜ ପଧାନ, ରବୀନ୍ଦ୍ର ପଧାନ, ସରୋଜ ଜାଲ, କନ୍ଦର୍ପ ରଣା ପ୍ରମୁଖ ହ୍ୟୁମାନଙ୍କୁ ଶ୍ରଦ୍ଧାଞ୍ଜଳି ଦେବା ତାଙ୍କ ସ୍ମୃତିଚାରଣ କରିଥିଲେ ।

# ବ୍ୟକ୍ତିଗତ ଜମିରେ ବସୁଛି ଉପରଝରର ସାପ୍ତାହିକ ବଜାର

**ଦେଓଗାଁ,୧୯ ।୧୧(ସମିସ):** ବଲାଙ୍ଗିର ଜିଲ୍ଲା ଦେଓଗାଁ ବ୍ଲକ ୧୩ନଂ ଜୋନର ଉପରଝରର ପଞ୍ଚାୟତ ମୁଖ୍ୟାଳୟ ଏକ ମୁଖ୍ୟ ପେଣ୍ଠସ୍ଥଳ । ଏହି ଗାଁ ଉପରେ ଆଖପାଖ ଅଞ୍ଚଳର ଲୋକେ ନିର୍ଭରଶୀଳ । ତେବେ ଗାଁ ଖେଳପଡିଆ ନିକଟରେ ଅନେକ ବର୍ଷହେଲା ପ୍ରତ୍ୟେକ ସୋମବାର ଏକ ସାପ୍ତାହିକ ବଜାର ବସୁଛି । ଏହି ସାପ୍ତାହିକ ବଜାର ଉପରେ ମଧ୍ୟ ଉପରଝରର ପଞ୍ଚାୟତ ସମେତ ମକୁନ୍ଦପୁର ଓ ମହଲାଇ ପଞ୍ଚାୟତର ଅଧିବାସୀ ନିର୍ଭରଶୀଳ । ଏଣୁ ଏହି ପୁରାତନ ବଜାର ପାଇଁ ଏକ ସ୍ୱତନ୍ତ୍ର ସ୍ଥାନ ନିରୂପଣ କରିବା ସହ ପିଣ୍ଡି ନିର୍ମାଣ କରିବା ପାଇଁ ଅଞ୍ଚଳବାସୀ ଦାବି କରିଛନ୍ତି । ଜଣେ ବ୍ୟକ୍ତିଙ୍କ ରୟତି ଜମିରେ ଅସ୍ଥାୟୀ ଭାବେ ବଜାର ବସୁଛି । ଏହା ଫଳରେ ପିଣ୍ଡି ନିର୍ମାଣ ପାଇଁ ସରକାରୀ ଅନୁଦାନ ମଞ୍ଜୁର ହୋଇପାରୁନାହିଁ । ଏଣୁ ରାଜସ୍ୱ ବିଭାଗ ତରଫରୁ ଉପରଝରର ନିକଟରେ ବଜାର ବସିବା ପାଇଁ ଏକ ସ୍ଥାୟୀ ସ୍ଥାନ ଚିହ୍ନଟ କରିବା ପାଇଁ ଲୋକେ ଦାବି କରି ଆସୁଛନ୍ତି । ଏ ଦିଗରେ କିନ୍ତୁ ଜିଲ୍ଲା ପ୍ରଶାସନ ଦୃଷ୍ଟି ଦେଉନି ।

# ଘରକୁ ଫେରିଲେ ମାନସିକ ଦିବ୍ୟାଙ୍ଗ ମହିଳା

**କଣ୍ଟାବାଞ୍ଜି,୧୯ ।୧୧(ସମିତି):** ବଲାଙ୍ଗୀର ଜିଲ୍ଲା ବଙ୍ଗୋମୁଣ୍ଡା ବ୍ଲକ୍ ଦେଢଗାଁ ଗ୍ରାମର ଆକାଶ ଚଣ୍ଡି ନାମ୍ନୀ ଜଣେ ୨୭ ବର୍ଷିୟା ମାନସିକ ଭିନ୍ନକ୍ଷମ ମହିଳା ଘରକୁ ଫେରିଛନ୍ତି । ସେ କଣ୍ଟାବାଞ୍ଜି ଆଶ୍ରମପଡ଼ା ଅଞ୍ଚଳ ନିକଟରେ ବୁଲୁଥିବାବେଳେ ସ୍ଥାନୀୟ ଅଞ୍ଚଳର ମହମ୍ମଦ ନଦୀମ (ଟାରଜନ) ନାମକ ଜଣେ ବ୍ୟକ୍ତି ଦେଖିଥିଲେ । ସେ ତାଙ୍କ ପାଖକୁ ଯାଇ କେଉଁଠାରୁ ଆସିଛନ୍ତି କିମ୍ବା କେଉଁଠାକୁ ଯିବାକୁ ଚାହୁଁଛନ୍ତି ବୋଲି ପଚିଚାରିବାରୁ ଉପଯୁକ୍ତ ଉତ୍ତର ପାଇ ନ ଥିଲେ । ମହିଳା ଜଣକ ଧରିଥିବା ଏକ ଆଧାର କାର୍ଡ ନଦୀମ ଯାଞ୍ଚ କରିଥିଲେ । ଏହି ଆଧାରକାର୍ଡ ଫଳରେ ହିଁ ନଦୀମ ମହିଳାଙ୍କ ପରିବାର ସହ ଯୋଗାଯୋଗ କରିପାରିଥିଲେ । ତାଙ୍କ ସମ୍ପର୍କୀୟଙ୍କ ସହ କଥା ହେବା ସହ ତୁରନ୍ତ କଣ୍ଟାବାଞ୍ଜି ପୁଲିସକୁ ମହିଳାଙ୍କୁ ହସ୍ତାନ୍ତର କରିଥିଲେ । ଶେଷରେ ମହିଳା ଜଣକ ନିଜ ଘରକୁ ଫେରିଛନ୍ତି । ତାଙ୍କ ପରିବାର ଲୋକ ମଧ୍ୟ ନଦୀମ ଓ ପୁଲିସକୁ କୃତଜ୍ଞତା ଜଣାଇଛନ୍ତି ।

# ମୁଣ୍ଡବ୍ୟଥା ବଢ଼ାଉଛନ୍ତି ଅମାନିଆ ବାଇକ୍ ଚାଳକ

**ବଲାଙ୍ଗିର,୧୯ ।୧୧(ସମିସ)**



ସହରବାସୀଙ୍କ ମୁଣ୍ଡବ୍ୟଥାର କାରଣ ପାଲଟିଛନ୍ତି ଅମାନିଆ ନିଶାଖୋର ବାଇକ୍ ଚାଳକ । ସହର ଭିତରେ ଭିଡ ଭିତରେ ଦ୍ରୁତ ଗତିରେ ଗାଡି ଚଲାଉଥିବା ବେଳେ ଅନେକ ସମୟରେ ସେମାନଙ୍କ ଯୋଗୁଁ ସହରରେ ଦୁର୍ଘଟଣା ଘଟୁଥିବା ଦେଖିବାକୁ ମିଳୁଛି; କିନ୍ତୁ ସେମାନଙ୍କୁ ସାବାଡ କରିବା ପାଇଁ ନା ପୁଲିସ ଯାଞ୍ଚ କରୁଛି ନା ସେମାନଙ୍କ ବିରୋଧରେ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରୁଛି । ପୁଲିସ କେବଳ ବେଆଇନ ପାର୍କିଂ, ୩ ଜଣ ବସିବା, ମୋବାଇଲରେ କଥା ହୋଇ ଗାଡି ଚଳାଇବା ପଛରେ ପଡି ଅନେକଙ୍କ ଜରିମାନା କାଟୁଥିବା ବେଳେ ଏହିଭଳି ଚାଳକଙ୍କ ପ୍ରତି ଧ୍ୟାନ ନାହିଁ । ବୁଧବାର ପୂର୍ବାହ୍ନ ସମୟରେ ବଲାଙ୍ଗିର ସହର ଗାନ୍ଧିନଗରପଡା ନିକଟରେ ଏକ ବାଇକ୍-କାର ଧକ୍କା ହୋଇଥିଲା । ଯଦିଓ ଏଥିରେ କାହାର କିଛି ଅଧିକ କ୍ଷତି ହୋଇନାହିଁ ତଥାପି ବାଇକ୍ ଚାଳକ ସାମାନ୍ୟ ଆହତ ହୋଇଥିବା ଦେଖିବାକୁ ମିଳିଥିଲା । ମାଧିଆପାଲି ପଟୁ ଏକ କାର ଆସୁଥିବା ବେଳେ ଗାନ୍ଧୀନଗରପଡା ନିକଟରେ ସାମ୍ନାରୁ ଦ୍ରୁତଗତିରେ ଆସୁଥିବା ଏକ ବାଇକ୍‌କୁ ଧକ୍କା ଦେଇଥିଲା । ବାଇକଟି ବେପାରୁଆ ଭାବେ ଆଉ ଏକ ଗାଡିକୁ ଓଭରଟେକ କରି କାର ସାମ୍ନାରେ ପିଟି ହୋଇଥିଲା । ସ୍ଥାନୀୟ ଲୋକଙ୍କ କହିବା ଅନୁସାରେ ବାଇକଟି ଅତ୍ୟନ୍ତ ବେପାରୁଆ ଭାବେ ଆସୁଥିବା ବେଳେ ଚାଳକ ଜଣକ ନିଶାସକ୍ତ ଅବସ୍ଥାରେ ଥିଲେ । ଏହା ହୁଏତ ଏକ ସାଧାରଣ ଦୁର୍ଘଟଣା; କିନ୍ତୁ ପ୍ରତିଦିନ ବଲାଙ୍ଗିର ସହରରେ ଏହିଭଳି ଦୁର୍ଘଟଣା ସାମ୍ନାକୁ ଆସୁଛି । ସହର ଭିତରେ ଏହିଭଳି ଅମାନିଆ ନିଶାସକ୍ତ ଯୁବକଙ୍କ ବେପାରୁଆ ଗାଡି ଚାଳନା ସାଧାରଣ ଲୋକଙ୍କ ପାଇଁ ମୁଣ୍ଡବ୍ୟଥାର କାରଣ ପାଲଟିଛି । ଅନେକ ସମୟରେ ଏହିଭଳି ଗାଡି ଚାଳନା ଯୋଗୁ ଦୁର୍ଘଟଣା ଘଟୁଥିବା ବେଳେ ଅନେକ ଏଥିରେ ଆହତ ମଧ୍ୟ ହେଉଛନ୍ତି । କେବଳ ଏତିକି ନୁହେଁ; ଏହି ଅମାନିଆ ବାଇକ୍ ଚାଳକମାନେ ଥାନା ସମ୍ମୁଖ, ଟ୍ରାଫିକ ପୋଷ୍ଟରେ ମଧ୍ୟ ବେପାରୁଆ ଗାଡି ଚଳାଇ ଫେରାର ହୋଇଯାଉଛନ୍ତି । ଟାଉନ ପୁଲିସ ସେମାନଙ୍କ ବିରୋଧରେ ପଦକ୍ଷେପ ଗ୍ରହଣ କରିବା ତ ଦୂରର କଥା ସେମାନଙ୍କୁ ଅଟକାଇବାରେ ମଧ୍ୟ ବିଫଳ ହେଉଛି । ଗୋଟିଏ ପଟେ ସ୍ଥାନୀୟ କିଛି ପୁଲିସ ଅଧିକାରୀ ସହରରେ ବୁଲି ବୁଲୁ ବେଆଇନ ପାର୍କିଂ ନାମରେ ଗାଡି ନମ୍ବରର ଫଟୋ ଉଠାଇ ଚାଲାଣ କାଟୁଥିବା ଦେଖିବାକୁ ମିଳୁଛି । ଏପରିକି ପୁଲିସ ମଧ୍ୟ ସିସିଟିଭି କ୍ୟାମେରା ଦେଖି ମୋବାଇଲ ଫୋନରେ କଥା ହେଲେ କିମ୍ବା ବାଇକରେ ୩ ଜଣ ବସିଗଲେ ଜରିମାନା କାଟୁଥିବା ବେଳେ ଏହି ବେପାରୁଆ ନିଶାସକ୍ତ ଗାଡି ଚାଳକକୁ କାହିଁକି ଧରିପାରୁନାହିଁ ବୋଲି ଲୋକେ ପ୍ରଶ୍ନ କରିଛନ୍ତି । ସହର ଭିତରେ ହେଉଥିବା ଅନେକ ଛୋଟ ଦୁର୍ଘଟଣା ପଛରେ ଏହି ବେପାରୁଆ ଅମାନିଆ ଗାଡି ଚାଳକ ଥିବା ଅଭିଯୋଗ ହୋଇଛି । ଟାଉନ ପୁଲିସ ଏହିଭଳି ଗାଡି ଚାଳକଙ୍କୁ ସାବାଡ କରିବା ପାଇଁ ସ୍ୱତନ୍ତ୍ର ଭାବେ ପଦକ୍ଷେପ ଗ୍ରହଣ କରିବାକୁ ଆଦୌ ଗୁରୁତ୍ୱ ଦେଉନି ।

- ନିଶାସକ୍ତ ଅବସ୍ଥାରେ ଦ୍ରୁତ ଗାଡ଼ି ଚାଳନା
- ସହର ଭିତରେ ବଢୁଛି ଦୁର୍ଘଟଣା

# ମାଟୁପାଲିରେ ୬ ତିଅଣ ୯ ଭଜା କାର୍ଯ୍ୟକ୍ରମ



**ଦେଓଗାଁ,୧୯ ।୧୧(ସମିସ):** ବଲାଙ୍ଗିର ଜିଲ୍ଲା ଦେଓଗାଁ ବ୍ଲକ ରାମଚନ୍ଦ୍ରପୁର ପଞ୍ଚାୟତ ମାଟୁପାଲିରେ ଛ ତିଅଣ ନ ଭଜା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ସ୍ଥାନୀୟ ଲୋକଉନ୍ନତି ସଂଗଠନ ଆନୁକୁଲ୍ୟରେ ପରମ୍ପରା ବିକଶିତ ଯାତ୍ରାର ତୃତୀୟ ଦିବସରେ ଏହି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା । ସଂଗଠନର ବ୍ଲକ ସଂଯୋଜକ ରୁପାଧର ପୁଟାଙ୍କ ପରିଚାଳନାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଦୁର୍ଗା ପ୍ରସାଦ ମିର୍ଦ୍ଧା ଯୋଗଦେଇଥିଲେ । ଶ୍ରୀ ମିର୍ଦ୍ଧା ଏହି କାର୍ଯ୍ୟକ୍ରମର ଲକ୍ଷ୍ୟ ଓ ଉଦ୍ଦେଶ୍ୟ ସମ୍ପର୍କରେ ଅବଗତ କରିଥିଲେ । ଏହା ସହ ସମାଜରୁ ପୁଷ୍ଟିହୀନତାର ମୁକାବିଲା କରିବା ପାଇଁ ବିଭିନ୍ନ ପାରମ୍ପାରିକ ଖାଦ୍ୟଗୁଡିକର ସୁରକ୍ଷା କରାଯିବାର ଆବଶ୍ୟକତା ରହିଛି ବୋଲି ମତପୋଷଣ କରିଥିଲେ । ଅଞ୍ଚଳରେ ମିଳୁଥିବା ବିଭିନ୍ନ ଶାଗ ତଥା ଜଙ୍ଗଲରୁ ମିଳୁଥିବା ପ୍ରାକୃତିକ ଫଳ, ପନିପରିବା ଆଦିର ବ୍ୟବହାର କରି ଖାଦ୍ୟ ପ୍ରସ୍ତୁତ କରିବା ଉପରେ ସଚେତନ କରାଯାଇଥିଲା । ଏହାସହ ରାସାୟନିକ ସାର ଓ କୀଟ ନାଶକ ଔଷଧ ବ୍ୟବହାର ନ କରି ଜୈବିକ ପଦ୍ଧତିରେ ଚାଷ କରିବାପାଇଁ ଆହ୍ୱାନ ଦିଆଯାଇଥିଲା । କାର୍ଯ୍ୟକ୍ରମରେ ଅଞ୍ଜଳୀ ମିର୍ଦ୍ଧା, ଅଙ୍ଗନବାଡି କର୍ମୀ ଦେବକୀ ନାଗ, ଆଶାକର୍ମୀ ସଂଯୁକ୍ତା ମିର୍ଦ୍ଧା, ସଭ୍ୟ ଶାନ୍ତୀ ଧରୁଆ ଉପସ୍ଥିତ ଥିଲେ । ସଂଗଠନର ସୁଶୀଲ ନନ୍ଦ, ଶରତ ସୁନା, ବିଦ୍ୟାଧର ଜାଲ, ମିଥୁନ ସୁନା ପ୍ରମୁଖ ସହଯୋଗ କରିଥିଲେ ।

# ସମ୍ପାଦକୀୟ



ଯେଉଁଠାରେ ବିଜୟର ପଥ ସଂଘର୍ଷପୂର୍ଣ୍ଣ ସେଠାରେ ଜିତିବାର ଆନନ୍ଦ ଅଧିକ।

-ପେଲେ

ସକାଳ
THE SAKALA

## ପାଗ ପ୍ରତିକୂଳ

ଏ ବର୍ଷର ବିଳମ୍ବିତ ମୌସୁମୀ ଅକ୍ଟୋବର ଶେଷ ପର୍ଯ୍ୟନ୍ତ ବର୍ଷି ଚାଲିବାରୁ ଅନେକ ଆଶା କରିଥିଲେ ବେଶ ଶୀତ ଅନୁଭୂତ ହେବ। ତାହା ହିଁ ଏବେ ପରିଲକ୍ଷିତ ହୋଇଛି। ତେବେ ଏହି ବର୍ଷା ଓ ଶୀତ ମଧ୍ୟରେ ଏକ ସ୍ୱତନ୍ତ୍ର ଅନୁଭୂତି ହେଉଛି ବଜାରରେ ଶୀତଦିନିଆ ପରିବା ଉଭାନ ହୋଇଯାଇଛି। ଚାହିଦା ଅନୁଯାୟୀ ଯୋଗାଣ ହ୍ରାସ ପାଇଥିବାରୁ ପରିବା ମୂଲ୍ୟ ଆକାଶଛୁଆଁ ହୋଇଯାଉଛି। ଅଥଚ ଆମ ପରିସଂଖ୍ୟାନ କହୁଛି ଖୁଚୁରା ମୁଦ୍ରାସ୍ଫୀତି ହାର ବିଯୁକ୍ତରେ ଚାଲିଛି। ଏହା ଗତବର୍ଷର ଅକ୍ଟୋବର ସହ ତୁଳନାତ୍ମକ ବିଚାର। ଗତବର୍ଷ ତୁଳନାରେ ଆମ ଗ୍ରାମାଞ୍ଚଳର ମୁଦ୍ରାସ୍ଫୀତି ହାର ବିଯୁକ୍ତ ୧.୮୫ ପ୍ରତିଶତ। ସମଗ୍ର ଦେଶରେ ଓଡ଼ିଶାର ହାର ସର୍ବନିମ୍ନ। ସିଧାସଳଖ କହିଲେ ଏହା ଦରଦାମର ସ୍ଥିତିକୁ ସୂଚିତ କରୁଛି। ରାଜ୍ୟସ୍ତରରେ ଏହି ହାର ରହିଛି ବିଯୁକ୍ତ ୧.୩୯ ପ୍ରତିଶତ। ଜାତୀୟ ପରିସଂଖ୍ୟାନ କାର୍ଯ୍ୟାଳୟର ଏହି ହିସାବକୁ ଚ୍ୟାଲେଞ୍ଜ କରିବ କିଏ? ରାଜ୍ୟରେ କ୍ଷମତା ପରିବର୍ତ୍ତନ ପରେ ସ୍ଥିତି ପୂରା ଓଲଟପାଲଟ ହୋଇଯାଇଛି।

ଆମେ ଏଠାରେ ପାଠକୀୟ ଅନୁଭବ କଥା କହୁଛୁ। ପ୍ରାୟ ପ୍ରତ୍ୟେକ ପରିବାର ନିଜର ତେଲ ଲୁଣ ସଂସାର ପାଇଁ ବଜାର କରୁଥିବେ। ତେଲ, ଡାଲି ଓ ଅନ୍ୟାନ୍ୟ ଖାଦ୍ୟ ସାମଗ୍ରୀର ମୂଲ୍ୟ କେତେ କମିଛି ନା ବଢ଼ିଛି ତାହା ସେମାନେ ଅନୁଭବ କରୁଥିବେ। ପରିବା କଥା ନ କହିବା ଭଲ। ଅକ୍ଟୋବର ଶେଷ ପର୍ଯ୍ୟନ୍ତ ବର୍ଷା ଲାଗି ରହିବାରୁ ଜମି ପାଗ ଦେଲାନି। ତେଣୁ ବିଳମ୍ବରେ ଆରମ୍ଭ ହୋଇଥିବା ପରିବା ଚାଷର ସୁଫଳ ପାଇବାକୁ ଆହୁରି ଅନ୍ୟୂନ ମାସେ ଅପେକ୍ଷା କରିବାକୁ ପଡ଼ିବ। ଶୀତଦିନିଆ ପରିବା ବଜାର ଏକପ୍ରକାର ଶ୍ରୀହୀନ ହୋଇପଡ଼ିଛି। ଶୀତ ଦିନରେ ବିଲାତି କିଲୋ ଯଦି ୮୦ ଟଙ୍କା ହୁଏ ଅନ୍ୟ ପରିବା କଥା ନ କହିବା ଭଲ। ରାଜ୍ୟରୁ ମୌସୁମୀ ବିଦାୟ ନେବା ପୂର୍ବରୁ ଲଘୁଧାନକୁ ଉଜାଡ଼ି ଦେଇଥିବା ବେଳେ ବଡ଼ ଧାନ ରୋଗପୋକର ପ୍ରଭାବରେ କ୍ଷତିଗ୍ରସ୍ତ ହୋଇଛି। ଇଏ ହେଲା, ଠିକେ ଠିକେ ଚାଷ ଖବର। ଏଭଳି ପରିସ୍ଥିତିରେ ଖାଉଟି ପାଇଁ ଏମିତି କେଉଁ ସୁବିଧା ସୁଯୋଗ ମିଳିଗଲା ଯେ ସେ ହାତ ଚାଟି ଖାଇବ? ତେଣୁ ପରିସଂଖ୍ୟାନରେ ଏହି ଯାଦୁକାରୀ କେବଳ ଧର୍ମକୁ ଆଖିଠାର।

ଏ କଥା ସତ ଯେ ରାଜ୍ୟକୁ ଆସୁଥିବା ଥଣ୍ଡା ପବନ ଓ ଶୁଷ୍କ ବାୟୁର ପ୍ରଭାବରେ ତାପମତ୍ରା ତଳମୁହାଁ ହୋଇଚାଲିଛି। କେବଳ ରାଜଧାନୀର ୨୫ ବର୍ଷର ରେକର୍ଡ ଭାଙ୍ଗିବା ବଡ଼କଥା ନୁହେଁ। ନଭେମ୍ବର ମଧ୍ୟଭାଗରେ ତାପମାତ୍ରା ଉତ୍ତର, ଦକ୍ଷିଣ, ପଶ୍ଚିମ ଓ କେନ୍ଦ୍ରାଞ୍ଚଳରେ ବେଶ ଭଲ ଶୀତ ଅନୁଭୂତ ହେଉଛି। ରାଜ୍ୟର ୬ଟି ସହରରେ ତାପମାତ୍ରା ୧୦ ଡିଗ୍ରୀ କିମ୍ବା ତା'ଠାରୁ କମ୍ ରହିଛି। ଏବର୍ଷ ଜି. ଉଦୟଗିରିରେ ସବୁଠାରୁ କମ (୫.୪ଡିଗ୍ରୀ) ତାପମାତ୍ରା ରହିଥିବାର ରେକର୍ଡ କରାଯାଇଛି। ହଠାତ୍ ଶୀତର ପ୍ରକୋପ ବଢ଼ିଯିବାରୁ ସ୍ୱାଭାବିକ ଭାବେ ଥଣ୍ଡା, ସର୍ଦ୍ଦି ଓ ଗଳାରୋଗ ମଧ୍ୟ ବଢ଼ିଛି। ଆମେ ଏଠାରେ ଯେଉଁ ସମସ୍ୟା ଓ ପରିସ୍ଥିତି ସଂପର୍କରେ ଉଲ୍ଲେଖ କରିଛୁ ତାହା ପରିବେଶ ଗତ ସନ୍ତୁଳନ ବିଗିଡ଼ି ଯାଉଥିବାରୁ ପରିଲକ୍ଷିତ ହେଉଛି। ତେଣୁ ବ୍ୟବସ୍ଥାକୁ ପରିବେଶ ଅନୁକୂଳ କରିବା ପ୍ରତି ସବୁସ୍ତରକୁ ଧ୍ୟାନ ଦିଆଯିବା ଉଚିତ।

## କୃଷି ଉତ୍ପାଦ ଶୁଳ୍କ ହ୍ରାସ

ଋଷ ତେଲକୁ ନେଇ ଉତ୍ପନ୍ନ ସମସ୍ୟାର ସମାଧାନ ହୋଇଥିବାରୁ ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଭାରତ ପ୍ରତି ଆଭିମୁଖ୍ୟ ନରମ ହୋଇଛି। ଦ୍ୱିପାକ୍ଷିକ ବାଣିଜ୍ୟ ଚୁକ୍ତିନାମା ଖୁବ୍ ଶୀଘ୍ର ଘୋଷଣା କରାଯିବା ଏକପ୍ରକାର ସ୍ପଷ୍ଟ ହୋଇଛି। ତେବେ ଶେଷ ମୂହୂର୍ତ୍ତରେ କିଛି କେଁ ପଶିବା ବିଚିତ୍ର ନୁହେଁ। ଏକଥା ସତ୍ୟ ଯେ ବିଭିନ୍ନ ଦେଶ ଉପରେ ଶୁଳ୍କ ଲଗାଇବା ପରେ ଆମେରିକାକୁ ଯୋଗାଣ ବାଧାପ୍ରାପ୍ତ ହୋଇଛି। ଦେଶର ଦରଦାମ ପରିସ୍ଥିତି ନିୟନ୍ତ୍ରଣର ସୀମା ଟପି ଥିବାରୁ ନିଜେ ଟ୍ରମ୍ପ ମଧ୍ୟ ଚାପର ସମ୍ମୁଖୀନ ହୋଇଛନ୍ତି। ସର୍ବଶେଷ ଖବରରୁ ପ୍ରକାଶ ଯେ ୨୫୪ ଟି ସାମଗ୍ରୀ ଉପରୁ ସେ ଶୁଳ୍କ ହାର କମାଇଛନ୍ତି। ୨୨୯ ଟି କୃଷି ସାମଗ୍ରୀ ଏହାର ଅନ୍ତର୍ଭୁକ୍ତ। ଭାରତ ୨୦୨୪ ରେ ୫.୭ ବିଲିୟନ ଡଲାର ମୂଲ୍ୟର କୃଷି ସାମଗ୍ରୀ ରପ୍ତାନି କରିଥିଲା। ନିକଟରେ ଶୁଳ୍କ ଛାଡ଼ ବର୍ଗରେ ଥିବା କୃଷି ସାମଗ୍ରୀ ରପ୍ତାନି ପରିମାଣ ଥିଲା ୧ ବିଲିୟନ ଡଲାର। ଏଭଳି ଏକ ନିଷ୍ପତ୍ତି ବିନିମୟରେ ଆମେରିକାରୁ ଭାରତ ସୋୟାବିନ, ମକା ଓ ଦୁଗ୍ଧ ଗୁଣ୍ଡ ଆମଦାନୀ କରିବ। ପେଟ୍ରୋଲରେ ଇଥାନଲ ମିଶ୍ରଣର ଅନୁପାତ ବୃଦ୍ଧି ପାଇଥିବାରୁ ତାହାର ଚାହିଦା ବୃଦ୍ଧିପାଇଛି। ଆମେରିକାରୁ ଆମଦାନୀ ହେବାକୁ ଥିବା ମକା ଇଥାନଲ୍ ଉତ୍ପାଦନ ପାଇଁ ବ୍ୟବହାର କରିବାକୁ ଭାରତ ଯୋଜନା ସ୍ଥିର କରିଛି।

ଟ୍ରମ୍ପ ପ୍ରଶାସନ ପକ୍ଷରୁ ଏହି ଶୁଳ୍କ ସଂଶୋଧନ ତାଲିକା ଗତ ୧୪ ତାରିଖରେ ଜାରି କରଯାଇଛି। ନଭେମ୍ବର ୧୩ ତାରିଖରୁ ଏହାକୁ ମଧ୍ୟ କାର୍ଯ୍ୟକାରୀ କରାଯାଇଛି। ଚା', କଫି, ମସଲା ସହ ଫଳ, କାଜୁ ଓ କୋକୋଆ ପ୍ରସ୍ତୁତ ସାମଗ୍ରୀ ରପ୍ତାନି କରିବା ସକାଶେ କ୍ଷେତ୍ର ପ୍ରସ୍ତୁତ ହୋଇଛି। ଏହା ଫଳରେ ଭାରତୀୟ କୃଷି ଉତ୍ପାଦ ରପ୍ତାନିକାରୀ ଆମେରିକା ବଜାରରେ ପ୍ରତିଯୋଗୀକ୍ଷମ ହୋଇପାରିବେ। ଶ୍ରମଭିତ୍ତିକ କୃଷି କ୍ଷେତ୍ର ପାଇଁ ଏହି ନିଷ୍ପତ୍ତି ଆଶ୍ୱସ୍ତି ଆଣିଦେଇଛି। ବାଣିଜ୍ୟ ମନ୍ତ୍ରୀ ଆଲୋଚନା ପ୍ରସଙ୍ଗରେ ସୂଚନା ଦେଇଛନ୍ତି ଯେ ଆମେରିକା ଓ ୟୁରୋପୀୟ ରାଷ୍ଟ୍ରସଂଘ ମଧ୍ୟରେ ଖୁବ୍ ଶୀଘ୍ର ଚୁକ୍ତିନାମା ଚୂଡ଼ାନ୍ତ ହେବ। ତେଣୁ ଭାରତୀୟ ରପ୍ତାନିକାରୀଙ୍କ ପାଇଁ ଆଗକୁ ବ୍ୟାପକ ସୁଯୋଗ ସୃଷ୍ଟି ହେବ। ଅନ୍ୟ ପକ୍ଷରେ ବୟନ ସାମଗ୍ରୀ ଓ ପୋଷାକପତ୍ର ରପ୍ତାନୀ ଏହି ବହିଃଶୁଳ୍କ ଫଳରେ ବାଧାପ୍ରାପ୍ତ ହୋଇଛି। ୨୦୨୪ ରେ ଏହି ସାମଗ୍ରୀ ରପ୍ତାନି ପରିମାଣ ୩,୦୬୧.୫୪ ନିୟୁତ ଡଲାର ଥିବା ବେଳେ ଚଳିତ ବର୍ଷ ଅକ୍ଟୋବର ସୁଦ୍ଧା ଏହା ୨,୬୬୬.୪୧ ନିୟୁତ ଡଲାରକୁ ହ୍ରାସ ପାଇଛି। ତେଣୁ ବର୍ଷକ ମଧ୍ୟରେ ହାରାହାରି ୧୩ ପ୍ରତିଶତ ରପ୍ତାନି ବଢ଼ିଛି। ସେହିଭଳି ଆମେରିକାରେ ସବୁଠାରୁ ଅଧିକ ଚାହିଦା ଥିବା ଗାଲିଚା ରପ୍ତାନି ମଧ୍ୟ ୧୫,୮୦ ପ୍ରତିଶତ ହ୍ରାସ ପାଇଛି। ଭାରତ-ଆମେରିକା ଦ୍ୱିପାକ୍ଷିକ ବାଣିଜ୍ୟ ଚୁକ୍ତିନାମାର ଚୂଡ଼ାନ୍ତ ରୂପରେଖ ଜାଣିବା ସକାଶେ ଉତ୍ସୁକତା ବୃଦ୍ଧି ପାଇଛି।

ଆମ ଦେଶରେ ସୁନା ଓ ରୁପାର ଚାହିଦା ଦିନକୁ ଦିନ ବୃଦ୍ଧି ପାଇଥିବାରୁ ବିଦେଶରୁ ଆମଦାନୀ କରି ଆଭ୍ୟନ୍ତରୀଣ ଚାହିଦା ଭରଣା କରାଯାଇଛି। ଏ ବାବଦ ବାଣିଜ୍ୟ ନିଅଣ୍ଟ ୪୧.୬୮ ବିଲିୟନ ଡଲାରକୁ ବୃଦ୍ଧି ପାଇଛି। ଗତ ଅକ୍ଟୋବର ମାସ ସୁଦ୍ଧା ସାମଗ୍ରିକ ଭାବେ ବାଣିଜ୍ୟ ନିଅଣ୍ଟ ୨୧.୮୦ ବିଲିୟନ ଡଲାର ଅତିକ୍ରମ କରିଛି। ରପ୍ତାନୀ ଅପେକ୍ଷା ଅଧିକ ଆମଦାନୀକୁ ପ୍ରୋତ୍ସାହନ ଦିଆଯାଇଛି। ଏହି ନିଅଣ୍ଟ ପରିମାଣ ସଂକୋଚନ ପାଇଁ ଯୋଜନାବଦ୍ଧ କାର୍ଯ୍ୟକ୍ରମ ସ୍ଥିର ହୋଇଥିବା ବେଳେ ଟ୍ରମ୍ପଙ୍କ ବର୍ଦ୍ଧିତ ବହିଃଶୁଳ୍କ ନୀତି ଓ କଟକଣା ପ୍ରୟୋଗ ରପ୍ତାନୀ ବାଣିଜ୍ୟରେ ଗୁରୁତର ପ୍ରତିବନ୍ଧକ ସୃଷ୍ଟି କରିଛି। ଗତ କିଛିମାସ ଧରି ଚାଲିଥିବା ଦ୍ୱିପାକ୍ଷିକ ଆଲୋଚନାର ସୁଫଳ ନେଇ ସମସ୍ତେ ଆଶାବାଦୀ। ଏଭଳି ସ୍ଥିତିରେ ଟ୍ରମ୍ପଙ୍କ ପ୍ରାରମ୍ଭିକ ଘୋଷଣାକୁ ଏକ ଶୁଭସୂଚନା ରୂପେ ଗ୍ରହଣ କରାଯାଇପାରେ।

# ବିହାର ନିର୍ବାଚନ: କଥା ଓ କୌଶଳ

**ସୌଭାଗ୍ୟ ସୁନ୍ଦରାୟ**

ସୁଚିନ୍ତିତ ରାଜନୈତିକ ଗୋଟିଚାଳନା, ସ୍ଥାନୀୟ ଅଞ୍ଚଳର ସମସ୍ୟା ଓ ବିକାଶକୁ ଆଧାର କରି ଚଳିତ ବିହାର ବିଧାନସଭା ନିର୍ବାଚନ ଫଳଫଳକୁ ଏନଡିଏ ନିଜ ସପକ୍ଷରେ ନେବା ପାଇଁ ସଫଳ ହୋଇଛି। ଜେଡି(ୟୁ) ନେତା ତଥା ମୁଖ୍ୟମନ୍ତ୍ରୀ ନୀତୀଶ କୁମାର ଏନଡିଏର ନିର୍ବାଚନୀ ଚେହେରା ହୋଇଥିବା ବେଳେ ନେତୃତ୍ୱ ନେଇଥିଲା ବିଜେପି। ବିଜେପି କର୍ମୀ ପ୍ରାୟତଃ ବୁଥସ୍ତରରୁ ଦୂରଦୃଷ୍ଟି ସହକାରେ ନିର୍ବାଚନୀ ପରିଚାଳନା କରିଥିଲେ, ଯଦ୍ୱାରା କେବଳ ଉଚ୍ଚବର୍ଗ, ସହରାଞ୍ଚଳ ଓ ଅର୍ଦ୍ଧ-ସହରାଞ୍ଚଳ ନୁହେଁ, ମୁସଲିମ ସମ୍ପ୍ରଦାୟ ଓ ଅନ୍ୟ ସଂଖ୍ୟାଲଘୁ ବର୍ଗର ଭୋଟ ମଧ୍ୟ ଏନଡିଏ ସପକ୍ଷରେ ଆଣିବାକୁ ସମର୍ଥ ହୋଇପାରିଲା।

ଚଳିତ ନିର୍ବାଚନରେ ନୀତୀଶ କୁମାର ବ୍ୟକ୍ତିଗତ ଭାବେ ବେଶୀ ସକ୍ରିୟ ନଥିଲେ ମଧ୍ୟ ତାଙ୍କର ଅଭିଜ୍ଞତା ଓ ରାଜନୈତିକ ଭାବମୂର୍ତ୍ତି ମେଣ୍ଟ ପାଇଁ ପୁଞ୍ଜି ହୋଇଥିଲା। ଗତ ବର୍ଷକ ମଧ୍ୟରେ ପ୍ରଧାନମନ୍ତ୍ରୀ ବିହାରକୁ ବାରମ୍ବାର ଗସ୍ତ କରିଥିଲେ। ବିଭିନ୍ନ ପ୍ରକଳ୍ପର ଉଦ୍‌ଘାଟନ ଓ ଶିଳାନ୍ୟାସ କରିଥିଲେ। ନିଜ ବକ୍ତବ୍ୟରେ ବିକଶିତ ବିହାର ଓ ସୁଶାସନ ଉପରେ ଗୁରୁତ୍ୱ ଦେଇଥିଲେ। ଲାଲୁ ପ୍ରସାଦ ଯାଦବଙ୍କ 'ଜଙ୍ଗଲରାଜ' ବିଷୟ ମଧ୍ୟ ଉଠାଇଥିଲେ। ରାଜ୍ୟକୁ ଗସ୍ତ ସମୟରେ ପ୍ରଧାନମନ୍ତ୍ରୀ ସଂଖ୍ୟାଲଘୁଙ୍କ ପ୍ରତି ବିଶେଷ କଟାକ୍ଷ କରିନଥିଲେ କି ଧାର୍ମିକ ବାତାବରଣ ଧ୍ରୁବୀକରଣ ପାଇଁ ଉଦ୍ୟମ କରିନଥିଲେ। କେବଳ 'ଛଟ୍' ମୟାଙ୍କ ପ୍ରତି ଅପମାନ ବିଷୟ ନିର୍ବାଚନୀ ସଭାରେ ଉଠାଇଥିଲେ। ପ୍ରଧାନମନ୍ତ୍ରୀଙ୍କ ଘନଘନ ଗସ୍ତ ବିଜେପି କର୍ମୀଙ୍କ ଉତ୍ସାହକୁ ଦୀର୍ଘ ସମୟ ଧରି ବଜାୟ ରଖିବାରେ ସହାୟକ ହୋଇଥିଲା। ଜୁନ ୩୦ ତାରିଖରେ ପ୍ରଧାନମନ୍ତ୍ରୀ ସିୱାନଠାରେ ଏକ ଜନସଭାରେ ଯୋଗ ଦେଇଥିଲେ। ଏହା ମୁଖ୍ୟତଃ ଆରଜେଡି ଗଡ଼ କହିଲେ ଅତ୍ୟୁକ୍ତି ହେବ ନାହିଁ।

ଚଳିତ ଥର ବିହାରରେ ଆରଜେଡି ଭୋଟ ହାର ପ୍ରାୟ ୨୩% ଥିବା ବେଳେ ଜେଡି(ୟୁ)ର ୧୯.୨୫%, ବିଜେପିର ୨୦.୦୮%, କଂଗ୍ରେସର ୮.୭୧% ଓ ଏଲଜେପିର ୪.୯୭% ରହିଛି। ବିହାର ଜନସଂଖ୍ୟାର ୮୨% ହେଉଛନ୍ତି ହିନ୍ଦୁ। ହିନ୍ଦୁ ବର୍ଗରେ ଯାଦବଙ୍କ ସଂଖ୍ୟା ସର୍ବାଧିକ ୧୪.୩%। ସେହିପରି କୁର୍ମି-ଖୁସୱାଙ୍କ ସଂଖ୍ୟା ୭.୧%। ଉଭୟ ଯାଦବ ଓ କୁର୍ମୀ-ଖୁସୱା ଓବିସି ଶ୍ରେଣୀଭୁକ୍ତ। ଯାଦବ ଓ ମୁସଲିମ ଭୋଟ ସାଧାରଣତଃ ଆରଜେଡି ନିକଟକୁ ଯାଇଥାଏ। କାରଣ ଆରଜେଡି ନେତା ଯାଦବ ସଂପ୍ରଦାୟର। ଜେଡି(ୟୁ) ନେତା ନୀତୀଶ କୁମାର କୁର୍ମୀ ସଂପ୍ରଦାୟର ହୋଇଥିବାରୁ ଏହି ଭୋଟ ଜେଡି(ୟୁ) ନିକଟକୁ ଯାଇଥାଏ। ମିଳିତ ଭାବେ ରାଜ୍ୟର ଓବିସି ଭୋଟ ହାର ୨୪.୮% ହୋଇଥିବା ବେଳେ ଉଚ୍ଚବର୍ଗର ଭୋଟ ହାର ୧୫.୫% ରହିଛି। ଏହି ବର୍ଗରେ ବ୍ରାହ୍ମଣ, କାୟସ୍ଥ, ରାଜପୁତ ଓ ଭୂମିହାର ଆସୁଛନ୍ତି। ରାଜ୍ୟର ମୋଟ ମୁସଲିମ ଜନସଂଖ୍ୟା ହେଉଛି ୧୭.୭%। ଏହି ସଂଖ୍ୟା ମଧ୍ୟରେ ଅନ୍ୟାନ୍ୟ ପଛୁଆ ବର୍ଗ (ଓବିସି) ଓ ଅତ୍ୟଧିକ ପଛୁଆ ବର୍ଗ (ଇବିସି) ଅନ୍ତର୍ଭୁକ୍ତ।

ବିହାରକୁ ମୁଖ୍ୟତଃ କେତେକ ଅଞ୍ଚଳରେ ବିଭକ୍ତ କରି ଏନଡିଏ ନିଜ ପ୍ରଚାର ଅଭିଯାନ କରିଥିଲା। ଆରଜେଡି ଭୋଟବ୍ୟାଙ୍କ ଅଞ୍ଚଳକୁ ପ୍ରଧାନମନ୍ତ୍ରୀଙ୍କ ଗସ୍ତ ଜନସାଧାରଣଙ୍କୁ ପ୍ରଭାବିତ କରିପାରିଥିଲା। ଏଥିରୁ ସୁଫଳ ମଧ୍ୟ ମିଳିଲା। ବିକ୍ଷିପ୍ତ ଭାବେ ରାଜ୍ୟର ବିଭିନ୍ନ ଅଞ୍ଚଳରେ ଥିବା ପଛୁଆ ବର୍ଗ ଓ ଅତିପଛୁଆ ବର୍ଗ ମୁସଲିମ ଭୋଟରଙ୍କ ସମର୍ଥନ ଏନଡିଏ ଚଳିତ ଥର ପାଇପାରିଛି। ଏଥିରେ ମହିଳା ମୁସଲିମ ଭୋଟର ଅଧିକ ସଂଖ୍ୟାରେ ରହିଛନ୍ତି। ମିଳିଥିବା ରିପୋର୍ଟ ଅନୁଯାୟୀ ମୁସଲିମବହୁଳ ଅଞ୍ଚଳରେ ଏନଡିଏ ୪୨.୨% ଭୋଟ ଦଖଲ କରିଛି। ମହାଗଠବନ୍ଧନ ୧୧.୧% ଭୋଟ ଦଖଲ କରିଛି, ଯାହା ପୂର୍ବ ନିର୍ବାଚନରେ ୩୬.୮% ଥିଲା। କମ୍ ମୁସଲିମ ଜନସଂଖ୍ୟାବିଶିଷ୍ଟ ଅଞ୍ଚଳରେ ଏନଡିଏ ୪୮% ଭୋଟ ଦଖଲ କରିଛି। ଅପରପକ୍ଷରେ ମହାଗଠବନ୍ଧନ ପାଇଛି ୩୮.୨% ଭୋଟ।

ତେବେ କୋଶୀ, ସିମାଞ୍ଚଳ ଅଞ୍ଚଳରେ ଆଶାଉଦ୍ଦିନ ଓୱାସିଙ୍କ ଏଆଇଏମଆଇଏମ ଦଳ ପ୍ରତିଦ୍ୱନ୍ଦ୍ୱିତା କରିବାରୁ ଏଠାରେ ମୁସଲିମ ଭୋଟ ବିଶେଷ ଭାବେ ଏନଡିଏ ନିକଟକୁ ଯାଇପାରିଲା ନାହିଁ। ପୂର୍ବ-ବିହାର ଅନ୍ତର୍ଗତ ଏହି ଅଞ୍ଚଳରେ କୋଶୀ ନଦୀ ପ୍ରବାହିତ। ଏହା ସ୍ଥାନୀୟ ଜନତାଙ୍କ ପାଇଁ ଦୁଃଖ ବୋଲି କୁହାଯାଇଥାଏ। ସୀମାଞ୍ଚଳର ୯୦% ଜନସାଧାରଣ ଗ୍ରାମାଞ୍ଚଳ ବାସିନ୍ଦା ଏବଂ ଭୂମିହୀନ ଶ୍ରମିକ। ଏଠାରୁ ଜନସାଧାରଣ ଦାଦନ ଭାବେ ପଞ୍ଜାବ ଓ ହରିୟାନାକୁ ଯାଇଥା'ନ୍ତି। ଏଠାରେ ମୁସଲିମ ଜନସାଧାରଣଙ୍କ ସଂଖ୍ୟା ଅଧିକ। କିଶନଗଞ୍ଜରେ ମୁସଲିମ ଜନସଂଖ୍ୟା ପ୍ରାୟ ୬୮% ଓ କଟିହାରରେ ୪୪%। ଚଳିତ ବିଧାନସଭା ନିର୍ବାଚନରେ ଏଆଇଏମଆଇଏମ ୨୫ଟି ଆସନରେ ପ୍ରତିଦ୍ୱନ୍ଦ୍ୱିତା କରି ୧.୮୫% ଭୋଟ ପାଇଛି। ଦଳ ସୀମାଞ୍ଚଳ ଅଞ୍ଚଳରେ ୪୦% ମୁସଲିମ ଜନସଂଖ୍ୟା ବିଶିଷ୍ଟ ୯ଟି ଆସନରେ ପ୍ରତିଦ୍ୱନ୍ଦ୍ୱିତା କରି ୫ଟି ଆସନରେ ବିଜୟୀ ହେଲା। ତେବେ ୪୦%ରୁ କମ୍ ମୁସଲିମ ଜନସଂଖ୍ୟା ବିଶିଷ୍ଟ ୭ଟି ନିର୍ବାଚନମଣ୍ଡଳୀରେ ଦଳ ପ୍ରାର୍ଥୀ ଦେଇଥିଲେ ମଧ୍ୟ ସମସ୍ତେ ପରାଜିତ ହୋଇଛନ୍ତି। ମିଥିଳା ସୀମାଞ୍ଚଳ ଅଞ୍ଚଳରେ ଏନଡିଏ ଫଳାଫଳ ସେତେଟା ଭଲ ହୋଇନାହିଁ। କଂଗ୍ରେସ କେବଳ ମୁସଲିମ ବହୁଳ କିଶନଗଞ୍ଜ ଆସନ ବଜାୟ ରଖିବାରେ ସମର୍ଥ ହୋଇଛି। ଏ ଅଞ୍ଚଳରେ ସାମୂହିକ ଭାବେ ମୁସଲିମ ସଂପ୍ରଦାୟ ପ୍ରାୟତଃ ଆରଜେଡିର ସମର୍ଥକ ଭାବେ ଅଦ୍ୟାବଧି ରହିଆସିଥିଲେ। ଚଳିତ ନିର୍ବାଚନରେ ଏଆଇଏମଆଇଏମ ସମସ୍ତ ଅଙ୍କ ବିଗାଡ଼ି ଦେଇଛି। ଏହି ନିର୍ବାଚନରେ ସମଗ୍ର ରାଜ୍ୟର ପ୍ରାୟତଃ କମ୍ ମୁସଲିମ ବହୁଳ ନିର୍ବାଚନମଣ୍ଡଳୀର ମୁସଲିମ ଭୋଟ ଏନଡିଏ ଖାତାକୁ ଯାଇଥିବା ଜଣାପଡୁଛି। ଫଳରେ ମହାଗଠବନ୍ଧନ କ୍ଷତିଗ୍ରସ୍ତ ହୋଇଛି।

ତୃଣମୂଳ ସ୍ତରରେ ନିର୍ବାଚନ ପରିଚାଳନା ଏନଡିଏର ସଫଳତା ବୃଦ୍ଧିର ଅନ୍ୟତମ କାରଣ ବୋଲି ଅନୁମାନ କରାଯାଉଛି। ଉତ୍ତର-ବିହାର ବା ମିଥିଳା ଅଞ୍ଚଳର ୫ଟି ଜିଲ୍ଲା ମଧ୍ୟରୁ ମଧୁବଣି ଓ ଦରଭଙ୍ଗାରେ ମୁସଲିମ ସଂଖ୍ୟା ଅଧିକ। ତେବେ ଉଚ୍ଚ ବର୍ଗର ସଂଖ୍ୟା ମଧ୍ୟ ଏ ଅଞ୍ଚଳରେ ଅଧିକ ରହିଛି, ଯେଉଁ କାରଣରୁ ଦରଭଙ୍ଗା, ମୋତିହାରି ବେଟିଆ ଆଦି ସହରାଞ୍ଚଳ ଓ ଅର୍ଦ୍ଧ-ସହରାଞ୍ଚଳରେ ବିଜେପି ଓ ଜେଡି(ୟୁ)ର ପ୍ରଭାବ ରହିଛି। ଏ ଅଞ୍ଚଳର ୩୪ ଆସନ ମଧ୍ୟରୁ ମହାଗଠବନ୍ଧନ ପାଇଛି ମାତ୍ର ୩ଟି ଆସନ, ଯାହା ପୂର୍ବ ନିର୍ବାଚନରେ ୧୧ ଥିଲା। ଅର୍ଥାତ ମୁସଲିମ ବର୍ଗ ଭୋଟ ମହାଗଠବନ୍ଧକୁ ମିଳି ନାହିଁ।

ପୂର୍ବ ଓ ଦକ୍ଷିଣ-ପୂର୍ବ ବିହାରରେ ଯାଦବ, ଅତି ପଛୁଆ ବର୍ଗ ଓ ମୁସଲିମ ଭୋଟର ମିଶାମିଶି ଭାବେ ରହିଛନ୍ତି। ଏ ଅଞ୍ଚଳରେ ଉଭୟ ଆରଜେଡି ଓ ଜେଡି(ୟୁ)ର ପ୍ରଭାବ ରହିଆସିଛି। ପଶ୍ଚିମ ଓ ଉତ୍ତର-ପଶ୍ଚିମ ବିହାରରେ ପଛୁଆ ବର୍ଗ ମଧ୍ୟରେ ବିଜେପିର ପ୍ରଭାବ ରହିଥିବା ବେଳେ ଯାଦବଙ୍କ ମଧ୍ୟରେ ଆରଜେଡିର ପ୍ରଭାବ ରହିଆସିଛି। ପାଟନା, ମଗଧ ଓ ଭୋଜପୁରକୁ ନେଇ ଗଣାଯାଉଥିବା କେନ୍ଦ୍ରୀୟ ବିହାରରେ ବିଜେପି, ଜାତୀୟ କଂଗ୍ରେସ ଓ ଆରଜେଡିର ପ୍ରଭାବ ପ୍ରାୟତଃ ରହିଛି। କିନ୍ତୁ ଏ ଅଞ୍ଚଳର ୬୯ ଆସନ ମଧ୍ୟରୁ ଏନଡିଏକୁ ୫୭ଟି ଆସନ ଚାଲିଗଲା, ଯାହା ପୂର୍ବ ନିର୍ବାଚନରେ ୧୯ ଥିଲା। କେବଳ ପାଟନାର ୧୪ ବିଧାନସଭା ଆସନ ମଧ୍ୟରୁ ଏନଡିଏ ୧୧ଟି ଦଖଲ କରିଛି। ଗତ ନିର୍ବାଚନରେ ଏଠାରୁ ଏନଡିଏ ମାତ୍ର ୫ ଆସନରେ ବିଜୟୀ ହୋଇଥିଲା। ଭାଗଲପୁର-ମୁଙ୍ଗେର ସାଧାରଣତଃ ସହରାଞ୍ଚଳ ହୋଇଥିବାରୁ ଏଠାରେ ଏନଡିଏ ଭଲ ଫଳାଫଳ କରିଛି।

ନିର୍ବାଚନ ପୂର୍ବରୁ ପ୍ରଧାନମନ୍ତ୍ରୀଙ୍କ ଦ୍ୱାରା ବିଭିନ୍ନ ପ୍ରକଳ୍ପ ଉଦ୍‌ଘାଟନ ସହ ରାଜ୍ୟ ସରକାରଙ୍କ ପକ୍ଷରୁ ବିଭିନ୍ନ କଲ୍ୟାଣକାରୀ ପ୍ରୋତ୍ସାହନ ପ୍ରଦାନ କରାଯାଇଥିଲା। ତେବେ ପରବର୍ତ୍ତୀ ସମୟରେ ନିର୍ବାଚନ ଇସ୍ତାହରରେ ଆଞ୍ଚଳିକ ସମସ୍ୟାକୁ ସ୍ଥାନ ଦିଆଯାଇଥିଲା। ଆଗାମୀ ୫ ବର୍ଷ ମଧ୍ୟରେ ବିହାରକୁ ବନ୍ୟାମୁକ୍ତ କରିବାର ଯୋଜନା ଥିଲା ଅନ୍ୟତମ। ଏଥିପାଇଁ ଏକ ବନ୍ୟା ପରିଚାଳନା ବୋର୍ଡ ଗଠନ କରାଯିବା ସହ ନଦୀ ସଂଯୋଗୀକରଣ ପ୍ରକଳ୍ପ, ବନ୍ଧ ଓ କେନାଲ ନିର୍ମାଣ କରାଯିବାକୁ ପ୍ରସ୍ତାବ ରଖାଯାଇଛି। କୋଶି-ସୀମାଞ୍ଚଳ ଅଞ୍ଚଳରେ କୋଶି ଓ ମହାନନ୍ଦା ପ୍ରବାହିତ। ଉତ୍ତର ବିହାରରେ ଗଣ୍ଡକ ଓ ବାଗମତୀ ନଦୀ ପ୍ରବାହିତ। ଏହି ସମସ୍ତ ନଦୀରେ ପ୍ରାୟତଃ ବନ୍ୟା ଆସି ଜନଜୀବନ ବିପର୍ଯ୍ୟସ୍ତ କରିଥାଏ। ଏଥିପାଇଁ ଯୋଜନାବଦ୍ଧ ବନ୍ୟା ନିୟନ୍ତ୍ରଣ ବ୍ୟବସ୍ଥା ଅଦ୍ୟାବଧି ହୋଇପାରି ନାହିଁ। ଏଣୁ ଏହି ଆଞ୍ଚଳିକ ସମସ୍ୟା ପ୍ରତି ଇସ୍ତାହାରରେ ଦୃଷ୍ଟି ଦିଆଯାଇଛି। ସେହିପରି ୭ଟି ଏକ୍ସପ୍ରେସ ରାଜପଥ, ୧୦ଟି ଶିଳ୍ପ ପାର୍କ ପ୍ରତିଷ୍ଠା ପାଇଁ ଇସ୍ତାହାରରେ କୁହାଯାଇଛି, ଯାହା ଗମନାଗମନ ସୁଗମ କରିବାରେ ସହାୟକ ହୋଇପାରିବ। ୱାକ୍‌ଫ ଆଇନ ସ୍ଥଗିତ ରଖିବା ପାଇଁ ଆରଜେଡିର ପ୍ରତିଶ୍ରୁତି ସତ୍ତ୍ୱେ ମୁସଲିମ ଭୋଟର ଏକ ବୃହତ୍ ଅଂଶ ଏନଡିଏ ନିକଟକୁ ଚାଲିଗଲା। ଏଣୁ ଆଞ୍ଚଳିକ ସମସ୍ୟା, ନିର୍ବାଚନ ପରିଚାଳନାର ବିକେନ୍ଦ୍ରୀକରଣ ଯୋଗୁଁ ଏନଡିଏ ଚଳିତ ଥର ବିପୁଳ ସଫଳତା ହାସଲ କରିଥିବା କୁହାଯାଇପାରେ।

(ବରିଷ୍ଠ ସାମ୍ବାଦିକ)
କଟକ, ମୋ: ୯୪୩୭୨୨୯୨୩୩

# ସୁଧାର ଗାଈର ବାଛୁରୀ ମରେ!

**ଅର୍ଜୁନ ଘଡ଼େଇ**

ସୁଧାର ଗାଈର ବାଛୁରୀ ମରିବା ଲୋକବାଣୀଟି ଆମ ସମାଜରେ ବେଶ୍ ପ୍ରଚଳିତ। ସୁଧାର, ଶାନ୍ତ ଗାଈଟିଏର ନିରବତା ଯୋଗୁଁ ଯେମିତି ନିଜ ସନ୍ତାନ ବି ମୃତ୍ୟୁମୁଖରେ ପଡ଼ିଥାଏ, ସେପରି ଜଣେ ଭଦ୍ର, ସରଳ, ଶାନ୍ତ ମଣିଷ ନିଜର ଆଚରଣ, ସହିଷ୍ଣୁତା ଗୁଣ ଯୋଗୁଁ ଅନେକ କିଛି କ୍ଷତି ସହିଥାଏ। ତଳକୁ ମୁହଁ କରି ମାଟିର ମହାନତାକୁ ସ୍ମରଣ କରେ, ସହନଶୀଳତ ଭାବନା ନେଇ। ଲୋକେ କିନ୍ତୁ ତା'କୁ କହନ୍ତି ମାଇଚିଆ ନଂପୁସକ ଇତ୍ୟାଦି ଇତ୍ୟାଦି। ଏହା କେବଳ ଦୁର୍ବଳ ଉପରେ ସବଳର ଅତ୍ୟାଚାର ନୁହେଁ, ଅମଣିଷଙ୍କ ଅମାନବିକତା, ଅସହିଷ୍ଣୁ, ପରଶ୍ରୀକାତରତା, ଅହଙ୍କାରୀ ଭାବର ପରିପ୍ରକାଶ ମାତ୍ର, ଯାହା ଯୁଗଯୁଗ ଧରି ସଂଘଟିତ ହୋଇ ଆସିଛି ଏବଂ ଆଜିର ସଭ୍ୟ ସମାଜରେ ବି ଘଟୁଛି। ସୁଧାର ଗାଈର ବାଛୁରୀଟିଏ ଖାଦ୍ୟ ବିନା ପଛେ ମରୁ, କିନ୍ତୁ ନିଜ ସ୍ୱାର୍ଥରେ ସାମାନ୍ୟ ଆଞ୍ଚ ନ ଆସୁ, ଏହାହିଁ ଅନେକ ଲୋକଙ୍କର ମାନସିକତା ଆଜି ବହୁକ୍ଷେତ୍ରରେ ପରିଲକ୍ଷିତ ହେଉଛି।

ଲୋକବାଣୀଟିର ତତ୍ତ୍ୱ ଏଇଆ ଯେ, ପାଳିତ ଗାଈଟିଏଠାରୁ କ୍ଷୀର ସଂଗ୍ରହ ପାଇଁ ମାଲିକ ଗାଈ ଦୁହାଳୀ ଯିଏ ଯେତେବେଳେ ପ୍ରୟାସ କରନ୍ତି ଯଦି ଗାଈଟି ସୁଧାର ବା ଶାନ୍ତ ଶିଷ୍ଟ ହୋଇଥାଏ ତେବେ କେତେବେଳେ ସେଇ ଗାଈ ଖୁଣ୍ଟରେ ବା ପଛ ଗୋଡ଼ରେ ରସିଛନ୍ଦି ସେଇଠି ବାନ୍ଧି ଦିଅନ୍ତି ତା'ର ଶିଶୁ-ବାଛୁରୀକୁ। ବାସ୍ ଶାନ୍ତ ହୋଇ ଛିଡ଼ା ହୋଇଥାଏ ଗାଈଟି। କ୍ଷୀର ଖାଇବାକୁ ଚାହିଁଥାଏ ବାଛୁରୀଟି ମା'ର ପହ୍ନାକୁ ସତୃଷ୍ଣ ନୟନରେ। ପିଲାପେଟକୁ ତ ଆହାର ଯାଏନି, ମା'ସ୍ତନରୁ କିନ୍ତୁ କ୍ଷୀର ଶୋଷିନିଏ ଗାଈ ଦୁହାଁଳୀ ଜଣକ। ଆଉ ସମସ୍ତ କ୍ଷୀର ସଂଗ୍ରହ କରି ସାରିବା ପରେ ପିଲାକୁ ବନ୍ଧନ ମୁକ୍ତ କରିଦିଏ। ବାଛୁରୀଟି ବିକଳ ହେଇ ମା'ର ପହ୍ନାରେ ଯେତେ ମୁହଁ ଲଗେଇ ଶୋଷିବାକୁ ଚେଷ୍ଟା କଲେ ବି ବୁନ୍ଦାଏ କ୍ଷୀର ତା' ପାଟିକୁ ଆସେନି। ବିଚରା ଭୋକିଲା ପେଟରେ ଛିଡ଼ା ହୋଇ ରହେ। ଏ ସବୁ ଜାଣିବି ଗାଈଟି ପ୍ରତିବାଦ କରିନଥାଏ। ନିଜ ସ୍ୱାର୍ଥସିଦ୍ଧି ପାଇଁ ଅବିବେକୀ ମଣିଷଟି ମନେ ମନେ ଖୁସି ଜାହିର କରେ ପଶୁଟିର ନିର୍ବୋଧତାକୁ ଲକ୍ଷ୍ୟ କରି। ଏହା ଯେ ପଶୁଟିର ନିର୍ବୋଧତା ନୁହେଁ, ବରଂ ସହନଶୀଳତା ଏକଥା ବୁଝିପାରେନି ଅବିବେକୀ ମଣିଷ। ଆଜିର ସମାଜରେ ଏପରି ଅମଣିଷଙ୍କ ସଂଖ୍ୟା ବୃଦ୍ଧି ସାମାଜିକ ଜୀବନରେ ଅଶାନ୍ତି ଓ ଅସ୍ଥିରତା ସୃଷ୍ଟି କରୁଥିଲେ ବି ନିରାକରଣର ବ୍ୟବସ୍ଥା ନାହିଁ।

ଗାଈ ବୋଧହୁଏ ସ୍ଥିର କରି ନେଇଥାଇପାରେ ଦୁଷ୍ଟାମୀ କଲେ ମାଲିକର ଆଘାତ ସହିବାକୁ ପଡ଼ିବ। ଶରୀର ଆହୁରି କ୍ଷତାକ୍ତ ହେବା ସହ ଶିଶୁଟି ବି କଷ୍ଟ ଭୋଗିପାରେ। ତେଣୁ ନିରବ ଶାନ୍ତ ହୋଇ ଛିଡ଼ା ହେଇଗଲେ ଭଲ! ଏମିତି ଅନେକ ଶାନ୍ତ ସ୍ୱଭାବର ମଣିଷ ଭାବିଥା'ନ୍ତି ଦୁଷ୍ଟମାନଙ୍କ ଆକ୍ରମଣରୁ ମୁକୁଳିବା ତ ସହଜ କିମ୍ବା ସମ୍ଭବ ନୁହେଁ, ବରଂ ମୁହଁ ପୋତି ରହିଗଲେ ଜୀବନ ପ୍ରତି ବିପଦ କମିଯିବ।

ସବୁକୁ ସହିଯିବା ମାନସିକତାକୁ କିନ୍ତୁ ନିର୍ବୋଧତା ବୋଲି କୁହାଯାଏ। 'ଇନୋସେନ୍‌ସୀ ଇଜ୍ ଏ କ୍ରାଇମ୍' ବୋଲି ମଧ୍ୟ କୁହାଯାଇଛି। ନିରବତା, ଅଜ୍ଞାନତାକୁ ଅପରାଧିକ ତତ୍ତ୍ୱ ଭାବରେ ଯେଉଁମାନେ ବିଚାର କରି ଏକଥା କହିଥିଲେ ତାହା ସବୁ ସମୟରେ ସବୁ କ୍ଷେତ୍ରରେ ପ୍ରଯୁଜ୍ୟ ହୋଇନଥାଏ। କିଛି ଭୁଲ୍ କୌଣସି ଅପକର୍ମ ନକରି, ନିରୀହ, ଶାନ୍ତ ସରଳ ମଣିଷଟି ଅନେକ ଦଣ୍ଡ, କଷ୍ଟ, ନିର୍ଯାତନା ଯେତେବେଳେ ପାଉଥାଏ ତା' ପାଇଁ ଆହା ପଦେ କହିବା ପାଇଁ କେହି ନଥାନ୍ତି। କିମ୍ବା ତା'କୁ ସାହସ ଦେଇ ପ୍ରତିବାଦ କରିବାର ଶକ୍ତି ପ୍ରଦାନ କରିବାକୁ ତା' ଚାରିପଟେ କେହି ନଥା'ନ୍ତି। ତେଣୁ ସେ ଭାବିନିଏ ଯେତେ ଅନ୍ୟାୟ, ଅତ୍ୟାଚାର ତା' ପ୍ରତି ହେଲେ ମଧ୍ୟ ମୁଣ୍ଡ ପୋତି ସହିଗଲେ ଭଲ। ତା' ବେକରେ ଗାଈର ଗୋଡ଼ରେ ବନ୍ଧା ହୋଇଥିବା ବାଛୁରୀ ପରି ପରିବାର ଲୋକେ ବନ୍ଧା ହୋଇ ରହିଛନ୍ତି। ସେମାନେ ବି ବିପଦରୁ ରକ୍ଷା ପାଇଯିବେ। ଏମିତି ଶାନ୍ତ, ଶୃଙ୍ଖଳିତ ମଣିଷମାନେ ବଞ୍ଚି ରହିବା ପାଇଁ ଏବଂ ତାଙ୍କୁ ବଞ୍ଚେଇ ରଖିବା ପାଇଁ ସମାଜର ଅନ୍ୟମାନଙ୍କର ବି ଦାୟିତ୍ୱବୋଧ ରହିବା ଆବଶ୍ୟକ। ସେମାନେ ନିରବତା ଗୁଣକୁ ତାଚ୍ଛଲ୍ୟ ନକରି ସାହସ ଦେଲେ, ସମର୍ଥନ ଯୋଗାଇଦେଲେ ହୁଏତ ସରଳ ମଣିଷଟି ତୁଣ୍ଡ ଖୋଲି କିଛି ପ୍ରତିବାଦ କରିବାରେ ସକ୍ଷମ ହେଇପାରେ।

ସମାଜର ସବୁକ୍ଷେତ୍ରରେ କ'ଣ ଏମିତି ଶାନ୍ତ, ସରଳ ମଣିଷମାନେ ନିଷ୍ପେଷିତ ହେଉଥିବେ ଆଉ ବାହୁବଳୀମାନେ ଯନ୍ତ୍ରଣା ଦେଇ ଚାଲୁଥିବେ? ଆମେ କେବଳ କହିବା 'ଆଇନ୍‌ର ଆଶ୍ରୟ ନିଅ' ନ୍ୟାୟ ମିଳିବ। ଏପରି ସାନ୍ତ୍ୱନା ଯଥେଷ୍ଟ ନୁହେଁ। ନ୍ୟାୟଳୟରୁ କିମ୍ବା ଭଦ୍ରଲୋକଙ୍କ ଠାରୁ ନ୍ୟାୟ ଆଶା କରିବା, ଅଧିକାର ସାବ୍ୟସ୍ତ କରିବା, ଆଜିର ସମୟରେ ପ୍ରଶ୍ନବାଚୀ ସୃଷ୍ଟି କରୁଛି। ସାମାଜିକ ନ୍ୟାୟ ବ୍ୟବସ୍ଥାକୁ ଦୃଢ଼ୀଭୂତ କରି, ନ୍ୟାୟପାଳିକାକୁ ସଶକ୍ତ କରିବାର ଯଥେଷ୍ଟ ଆବଶ୍ୟକତା ରହିଛି ଶାନ୍ତି ପୂର୍ଣ୍ଣ ଜୀବନ ପାଇଁ। ଅଶାନ୍ତ ପରିବେଶ ସୃଷ୍ଟି ହେଲେ ସାମାଜିକ ଜୀବନ ନଷ୍ଟ ଭ୍ରଷ୍ଟ ହେବ। ଏକ ସୁସ୍ଥ ସମାଜ-ସୁନ୍ଦର ଜୀବନ ସ୍ୱପ୍ନ ପ୍ରାୟ ମନେ ହେବ।

ସବୁବେଳେ ଅତ୍ୟାଚାରୀ, ସ୍ୱାର୍ଥପର ମଣିଷର ସ୍ୱାର୍ଥ ସିଦ୍ଧି ହୋଇନଥାଏ। ମଣିଷକୁ ଜିତିଗଲେ ବି ପରମେଶ୍ୱରଙ୍କ ବିଚାରାଳୟରେ ସେ ନିଶ୍ଚିତ ଦଣ୍ଡିତ ହେବ, ଏହା ନିଃସନ୍ଦେହ। ସେତେବେଳେ ନା ଥିବ ଶକ୍ତି ବା କ୍ଷମତା।

ଦାଣ୍ଡମୁକୁନ୍ଦପୁର(ପୁରୀ), ମୋ: ୯୪୩୮୦୪୮୬୧୫

# ବିପ୍ଳବର ବାଣୀ-ନନ୍ଦନ ସଚ୍ଚିଦାନନ୍ଦ

ସାହିତ୍ୟ ସରିତ୍

**ପ୍ରଫେସର ମଣୀନ୍ଦ୍ର କୁମାର ମେହେର**

ଏଡ଼ିକି ସେ ଅମାନିଆଁ ପିଲା, ଫଉଜର ଗୁଳିଗୋଳା ରଜା ଝଡ଼ କିଛି ନ ମାନିଲା / ଧୂଳିଖେଳ ଛାଡ଼ି, ଗୁଳି ଆଗେ ଜୀବନକୁ ହସି ହସି ଦେଲା ସିନା ବାଢ଼ି।' ଅତ୍ୟାଚାର, ଉତ୍ପୀଡ଼ନ, ଅନ୍ୟାୟ ବିରୁଦ୍ଧରେ ସ୍ୱର ଉତ୍ତୋଳନ କରିଥିବା ଢେଙ୍କାନାଳର ସେହି ଚିର ଅମ୍ଳାନ ବାଜିରାଉତଙ୍କ ଅସାମାନ୍ୟ ବୈପ୍ଳବିକ ବାଣୀ ସଚ୍ଚିଦାନନ୍ଦ ଆବିଷ୍କୃତ କରି ନେଇ ଆସିଲେ ମହାକାଶର ଅଦୃଶ୍ୟ ଅଥଚ ଅମଳିନ ତେଜୋଦୀପ୍ତ ତରଙ୍ଗରୁ। ସଚ୍ଚିଦାନନ୍ଦ ରାଉତରାୟ ବୀର ସନ୍ତାନ ବାଜି ରାଉତଙ୍କ ହୃଦୟକୁ ପ୍ରବେଶ କରିଛନ୍ତି, ନା ବାଜି ରାଉତ ଏକ ସୂକ୍ଷ୍ମ ଆଲୋକରେଖା ହୋଇ ତାଙ୍କ ଛାତିକୁ ଦୋହଲାଇ ଦେଇଛନ୍ତି! ସଚ୍ଚି ରାଉତରାୟଙ୍କ 'ବାଜିରାଉତ' ଚିରକାଳ ନିମିତ୍ତ ଏକ ଅଲିଭା ଶିଖା।

ଅନ୍ୟମାନଙ୍କ ଆଖିରେ ସେ ଦୁନିଆକୁ ଦେଖିଥା'ନ୍ତେ କାହିଁକି? ସେଥିପାଇଁ ପାଇଁ ତ ଗାଇ ଉଠିଲେ - 'ତୁମେ ଦେଖିଅଛ ଶିଳାରେ ତାହାର ରମ୍ୟ କଳାର ରୂପ, ମୁଁ ଦେଖିଛି ତହିଁ କୋଟି କଙ୍କାଳ ଭଗ୍ନ ବୁକୁର ସ୍ତୂପ।' 'କୋଣାର୍କ' କବିତାର ଏହି ପଦ ସେହିପରି ଅନ୍ତର୍ଭେଦୀ ହୋଇଉଠିଲା ଓଡ଼ିଶାର ପାଠକଙ୍କ ପାଇଁ। 'ଛୋଟ ମୋର ଗାଁଟି ଭୂଗୋଳ ପୋଥି ପତରେ ପଛେ ନଥାଉ ତାର ନାଁଟି' - 'ପଲ୍ଲିଶ୍ରୀ' କବିତା ପୁସ୍ତକର ଏହି କବିତା କେଉଁ ଅନୁରାଗୀଙ୍କ କଣ୍ଠରେ ଧ୍ୱନିତ ହୋଇନାହିଁ! 'ପାଣ୍ଡୁଲିପି' କବିତା ସଂକଳନର ଭାବ-ସମ୍ଭାର ବହୁ ପାଠକଙ୍କ ଦ୍ୱାରା ହୋଇଛି ଆଦୃତ। କେବଳ କବିତା ସର୍ଜନାରେ ସଚ୍ଚିଦାନନ୍ଦ ନିଜକୁ ସୀମିତ ରଖି ନାହାନ୍ତି। 'ମଶାଣିର ଫୁଲ' ରୁଢ଼ିବାଦୀ ସମାଜ ବିରୁଦ୍ଧରେ ଏକ ତୀକ୍ଷଣ ଅସ୍ତ୍ର। ନିରୀହ ନିଷ୍ପାପ ପଲ୍ଲୀବଧୂର ମୃତ୍ୟୁ ପରେ ବି ଯେଉଁ ସମାଜ ତା'କୁ ବର୍ଣ୍ଣନା କରିପାରେ କଳଙ୍କିନୀ ଦୋଚାରିଣୀ ବୋଲି, ସେଇ ସମାଜକୁ ଜଗୁ ତିଆଡ଼ି ମୁହଁରେ ସେ ଜବାବ ଦେଇଛନ୍ତି - 'ଆଉ ଥାଉ। ଅନ୍ୟକୁ ବିଚାର କର ନାହିଁ। ମଣିଷ କ'ଣ ମଣିଷକୁ ଠିକ ବୁଝିପାରେ?' ଏ ପ୍ରଶ୍ନ ସେ ଗୋଟିଏ ଗଳ୍ପରେ, ନିର୍ଦ୍ଦିଷ୍ଟ ସମୟ ଖଣ୍ଡ ସକାଶେ ପଚାରି ନାହାନ୍ତି। ଏହା ପ୍ରତିଟି ଯୁଗର ବିବେକ-ବିଚାରଶୂନ୍ୟ ସମାଜ ପ୍ରତି ସମାନ ଭାବରେ ପ୍ରଯୁଜ୍ୟ। 'ଅନ୍ଧାରୁଆ' ଗଳ୍ପରେ ବି ଶୋଷଣକାରୀ ସମାଜ ବିରୁଦ୍ଧରେ ସେ ସ୍ୱର ଉତ୍ତୋଳନ କରିଛନ୍ତି। 'ହାତ' ପରି ଗଳ୍ପ କେତେ ନୈରାଶ୍ୟ ଜର୍ଜରିତ ଅନ୍ତରରେ ଭରି ଦେଇଛି ଅପୂର୍ବ ସାନ୍ତ୍ୱନା।

ସାମ୍ୟବାଦୀ ଆଦର୍ଶ ଦ୍ୱାରା ଅନୁପ୍ରାଣିତ ସଚ୍ଚି ରାଉତରାୟ ଏକ ନବଯୁଗର ମନ୍ତ୍ରଦାତା। 'ଚିତ୍ରଗ୍ରୀବ' ଉପନ୍ୟାସ ତାଙ୍କର ସାମ୍ୟବାଦୀ ତତ୍ତ୍ୱମୂଳକ ଏକମାତ୍ର ଉପନ୍ୟାସ। 'କବିତା ୧୯୬୨' ପାଇଁ ସେ ଲାଭ କଲେ କେନ୍ଦ୍ର ସାହିତ୍ୟ ଏକାଡେମୀ ପୁରସ୍କାର। କାବ୍ୟିକରୀତି ସହିତ ବାକରୀତିର ସମନ୍ୱୟ ସାଧନ କରି ସେ ଲେଖିଛନ୍ତି କେତେ ଉଚ୍ଚକୋଟୀର କବିତା। ଯତି, ଯମକ, ଉପଧା ଓ ଛନ୍ଦର ଧରାବନ୍ଧା କଟକଣାରୁ କବିତାକୁ ମୁକ୍ତ କରି ଅବାଧ ଭାବ ପ୍ରକାଶ ପାଇଁ ସେ ସୃଷ୍ଟି କରିଦେଲେ ନୂତନ ମାର୍ଗ। ତାଙ୍କର ସାମଗ୍ରିକ କୃତି ସକାଶେ ଲାଭ କଲେ ମଧ୍ୟ ଜ୍ଞାନପୀଠ ପୁରସ୍କାର। 'ଅଭିଯାନ', 'ଅଭିଜ୍ଞାନ', 'ପାଥେୟ', 'ଭାନୁମତୀର ଦେଶେ', 'ହସନ୍ତ', ଆଦି କବିତା 'ମଶାଣିର ଫୁଲ ଓ ଅନ୍ୟାନ୍ୟ ଗଳ୍ପ', 'ଛାଇ' ପରି ଗଳ୍ପ ସଂକଳନ, ଆତ୍ମଜୀବନୀ 'ଉତ୍ତର କକ୍ଷ', 'ଆଧୁନିକ ସାହିତ୍ୟର କେତୋଟି ଦିଗ', 'ସାହିତ୍ୟ: ବିଚାର ଓ ମୂଲ୍ୟବୋଧ' ଭଳି ଉଚ୍ଚତର ଚେତନା-ସମ୍ପନ୍ନ ସାହିତ୍ୟ ସମୀକ୍ଷା କବିଙ୍କ ସିଦ୍ଧିର ଭିନ୍ନ ଭିନ୍ନ ଅର୍ଥପୂର୍ଣ୍ଣ ସଂକେତ। ତେବେ ଯେଉଁ କେତୋଟି କବିତା ଓ ଗଳ୍ପ ସୃଷ୍ଟି ସକାଶେ ସେ ହୋଇଥିଲେ ସର୍ବତ୍ର ଆଦୃତ ଓ ଅଭିନନ୍ଦିତ, ସେହି ସଚ୍ଚି ରାଉତରାୟଙ୍କୁ ତାଙ୍କର ପ୍ରିୟ ପାଠକମାନେ ଆଉ ଖୋଜି ପାଇଲେ ନାହିଁ ଅନ୍ୟ ପୁସ୍ତକଗୁଡ଼ିକରେ; ବିଶେଷତଃ 'ପାଣ୍ଡୁଲିପି' ପରବର୍ତ୍ତୀ ପର୍ଯ୍ୟାୟର କବିତାରେ। ହୃଦୟର ଆବେଗ ଅପେକ୍ଷା ବୌଦ୍ଧିକତାର ଆଧିକ୍ୟ ହେତୁ ତାହା ସାଧାରଣ ପାଠକମାନଙ୍କ ଠାରୁ ଦୂରବର୍ତ୍ତୀ ହୋଇ ଯାଇଛି। କବିତା ରଚନାର ପରୀକ୍ଷା ନିରୀକ୍ଷା ସକାଶେ ଅନେକ ଦୃଷ୍ଟିରୁ ଏହାଦ୍ୱାରା ଓଡ଼ିଆ ସାହିତ୍ୟ ଜଗତ ସମୃଦ୍ଧ ହୋଇପାରିଛି ସୁନିଶ୍ଚିତ। ସଚ୍ଚି ରାଉତରାୟ ଓଡ଼ିଶାର ଅଗଣିତ ପାଠକ ହୃଦୟରେ ଯଦି ଆଜି ବି ରହିଛନ୍ତି ଅମଳିନ। ଓଡ଼ିଆ ଜାତି ଅବା ତାଙ୍କୁ ଦେଇପାରିଛି କ'ଣ? ତାଙ୍କ ସ୍ମୃତିରେ ନିର୍ମାଣ କରିଦେଇଛି ନିଜ ହୃଦୟ ମଧ୍ୟରେ ଏକ ଏକ 'ମାଟିର ତାଜ'। ମାଟି ଓ ମଣିଷର କବି ସଚ୍ଚି ରାଉତରାୟ ସର୍ବଦା ବନ୍ଦିତ ଓ ସ୍ପନ୍ଦିତ ହେଉଥିବେ ପ୍ରତିଟି ଓଡ଼ିଆର ପ୍ରାଣ-ପ୍ରକୋଷ୍ଠରେ। 'ଆଲୁଅ ତା'ର କି ମନୋହର, ଅନ୍ଧକାର ତା'ଠାରୁ ଭଲ' - ଧ୍ୱନିତ ହେଉଥିବ ଆକାଶ ପବନରେ ଚିରକାଳ।

ଭୁବନେଶ୍ୱର, ମୋ: ୭୦୭୭୫୫୩୭୦୭

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉକ୍ତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

# ପିଏମ୍ କିଷାନର ୨୧ତମ କିସ୍ତି ପାଇଲେ ଚାଷୀ

ଭୁବନେଶ୍ୱର, ୧୯ ।୧୧(ସମିସ): କୃଷକଙ୍କୁ ପିଏମ୍ କିଷାନ ସମ୍ମାନ ନିଧିର ୨୧ତମ କିସ୍ତି ପ୍ରଦାନ କରାଯାଇଛି । ତାମିଲନାଡୁର କୋଏମ୍ବାଟୁରରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ କାର୍ଯ୍ୟକ୍ରମର ଶୁଭାରମ୍ଭ କରିଛନ୍ତି । କୃଷି ଭବନଠାରେ ଅନୁଷ୍ଠିତ ରାଜ୍ୟ ସ୍ତରୀୟ କାର୍ଯ୍ୟକ୍ରମରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଯୋଗଦେଇ କହିଛନ୍ତି ଯେ, କୃଷକ କଲ୍ୟାଣ ଓ ସଶକ୍ତିକରଣ ସରକାରଙ୍କ ମୁଖ୍ୟ ଉଦ୍ଦେଶ୍ୟ । କୃଷକଙ୍କ ପାଇଁ ଉଦ୍ଦିଷ୍ଟ ସମସ୍ତ ଯୋଜନା ଯୋଗ୍ୟ ଚାଷୀଙ୍କ ନିକଟରେ ପହଞ୍ଚୁ । ଯେପରି କୌଣସି ଯୋଗ୍ୟ ଚାଷୀ ସରକାରୀ ଯୋଜନାରୁ ବଞ୍ଚିତ ନ ହେବେ, ସେଥିପାଇଁ ସରକାର ତତ୍ପର ଥିବା ସେ କହିଛନ୍ତି । ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ବର୍ଷକୁ କେନ୍ଦ୍ର ସରକାର ୩ଟି କିସ୍ତିରେ ୬ ହଜାର ଲେଖାଏଁ ପ୍ରଦାନ କରୁଥିବାବେଳେ ରାଜ୍ୟ ସରକାର ସିଏମ୍ କିଷାନ ଯୋଜନାରେ ୨ଟି କିସ୍ତିରେ ୪ ହଜାର ଟଙ୍କା ପ୍ରଦାନ କରୁଛନ୍ତି । ରାଜ୍ୟର ୩୪.୧୨ ଲକ୍ଷରୁ ଅଧିକ ଚାଷୀ ୨ ହଜାର ଟଙ୍କା ଲେଖାଏଁ ସହାୟତା ପାଇଛନ୍ତି । ଚଳିତ ଆର୍ଥିକ ବର୍ଷରେ ସିଏମ୍ କିଷାନ ଯୋଜନାରେ ୫୧.୫୪ ଲକ୍ଷ ଚାଷୀଙ୍କୁ ୨୯ ୯୧ ହଜାର କୋଟି ଟଙ୍କା ପ୍ରଦାନ କରାଯାଇଥିବା ମୁଖ୍ୟମନ୍ତ୍ରୀ କହିଛନ୍ତି । ଏହାସହ ପିଏମ୍ ଧନଧାନ୍ୟ କୃଷି ଯୋଜନାରେ କନ୍ଧମାଳ, ମାଲକାନଗିରି, ସୁନ୍ଦରଗଡ ଏବଂ ନୂଆପଡା ଜିଲ୍ଲାକୁ ସାମିଲ କରିଥିବାରୁ ସେ ପ୍ରଧାନମନ୍ତ୍ରୀଙ୍କୁ ଧନ୍ୟବାଦ ଜଣାଇଛନ୍ତି ।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ବିପଦରେ ୩୫୦ କୋଟି...

(୫.୯୯%), ଯୁକ୍ତରାଷ୍ଟ୍ରରେ ୧୩୮ ନିୟୁତ (୩.୯୯%) ଏବଂ ରୁଷରେ ୧୩୩ ନିୟୁତ (୩.୮୪%) ରହିଛି । ଏଥିରେ ୮୧% ଆଣ୍ଡ୍ରଏଡ୍ ଏବଂ ୧୯% ଆଇଓଏସ୍ ବ୍ୟବହାରକାରୀ ଅନ୍ତର୍ଭୁକ୍ତ । ଏହାସହିତ, ୯% ବ୍ୟବସାୟିକ ଆକାଉଣ୍ଟ ମଧ୍ୟ ଏଥିରେ ରହିଛି ।

### ବିହାରରେ ପୁଣି...

ଅନ୍ୟପକ୍ଷରେ ଚିରାଗ ପାଶ୍ୱାନଙ୍କ ଏଲ୍‌ଜେପି ତାଙ୍କ ଦଳ ପାଇଁ ଅନ୍ୟୂନ ୨ଟି ମନ୍ତ୍ରୀପଦ ଦାବି କରିଛନ୍ତି । ତେବେ ନୀତୀଶଙ୍କ ସମ୍ଭାବ୍ୟ ମନ୍ତ୍ରିମଣ୍ଡଳରେ ତାଙ୍କ ଭାଇ ଅରୁଣ ଭାରତୀଙ୍କୁ ମନ୍ତ୍ରିପଦ ମିଳିପାରେ ବୋଲି କୁହାଯାଉଛି ।

ବିହାର ନିର୍ବାଚନ ଫଳ ପ୍ରକାଶ ପରେ ବିଜେପି ସର୍ବାଧିକ ଆସନ ପାଇଥିବା ସତ୍ତ୍ୱେ ନୀତୀଶଙ୍କୁ ମୁଖ୍ୟମନ୍ତ୍ରୀ କରାଯିବାକୁ ନେଇ ଦଳରେ କିଛି ପରିମାଣରେ ଅସନ୍ତୋଷ ସୃଷ୍ଟି ହୋଇଛି । ଏପରିକି ଦଳର କିଛି ବରିଷ୍ଠ ନେତା ଏନ୍‌ଡିଏ ମୁଖ୍ୟମନ୍ତ୍ରୀ ବିଜେପିରୁ କରାଯାଉ ବୋଲି ଦାବି କରିଛନ୍ତି । ମାତ୍ର ବିହାର ନେତାଙ୍କ ଦାବିକୁ ବିଜେପି ଜାତୀୟ ନେତୃତ୍ୱ ଗ୍ରହଣ କରିନାହାନ୍ତି । ନୀତୀଶଙ୍କ ପରି ବଡ଼ ନେତା ବିହାର ବିଜେପିରେ ନ ଥିବା ଯୋଗୁଁ ବିଜେପି ଏପରି କଷ୍ଟସାଧ୍ୟ ନିଷ୍ପତ୍ତି ନେବାକୁ ବାଧ୍ୟ ହୋଇଥିବା କୁହାଯାଉଛି ।

କୁହାଯାଉଛି ଯେ ବିଜେପି ନିକଟରେ ନୀତୀଶଙ୍କ ବିକଳ୍ପ ନାହିଁ । ଯେଉଁଥିପାଇଁ ଦୀର୍ଘବର୍ଷ ଧରି ବିଜେପି ବିହାରରେ ଏକାକୀ ସଂଖ୍ୟା ଗରିଷ୍ଠତା ପାଇପାରୁ ନାହିଁ । ପୁନଶ୍ଚ ବିହାର ରାଜନୀତି ବିଶେଷତଃ ଜାତି ଆଧାରିତ ଓ ସୁଶୀଲ କୁମାର ମୋଦିଙ୍କ ପରଲୋକ ପରେ ଜାତୀୟସ୍ତରରେ ମାନ୍ୟତା ପାଇଥିବା କୌଣସି ଓବିସି ଚେହେରା ବିଜେପିରେ ନାହାନ୍ତି । ଗତ ଦେଢ଼ ଦଶନ୍ଧି ଧରି ବିଜେପି ବିହାରରେ ନୀତୀଶ କୁମାରଙ୍କ କନିଷ୍ଠ ସହଯୋଗୀ ହୋଇ ରହିଛି ଓ ଜଣେ ବି ପ୍ରଭାବଶାଳୀ ନେତା ସୃଷ୍ଟି କରିବାରେ ଦଳ ସମର୍ଥ ହୋଇପାରି ନାହିଁ । ଦ୍ୱିତୀୟ କାରଣଟି ହେଉଛି ନୀତୀଶ କୁମାର ବିହାରର କୁର୍ମୀ, ଇବିସି ଓ ମହାଦଳିତ ସମ୍ପ୍ରଦାୟର ପ୍ରମୁଖ ନେତାର ମାନ୍ୟତା ପାଇଛନ୍ତି । ବିହାରର ମୋଟ ମତଦାତାଙ୍କ ମଧ୍ୟରୁ ଏହି ବର୍ଗ ଭୋଟରଙ୍କ ସଂଖ୍ୟା ପ୍ରାୟ ୨୦% ଓ ଗତ ନିର୍ବାଚନରେ ଏହି ବର୍ଗ ହିଁ ଏନ୍‌ଡିଏ ବିଜୟରେ ପ୍ରମୁଖ ଭୂମିକା ଗ୍ରହଣ କରିଛନ୍ତି । ତେଣୁ ନୀତୀଶଙ୍କୁ ଉପେକ୍ଷା କରିବା ବିଜେପି ପାଇଁ ମହଙ୍ଗା ପଡ଼ିବାର ଆଶଙ୍କା ରହିଛି । ଶେଷ କାରଣଟି ହେଉଛି ନୀତୀଶଙ୍କୁ ଉପେକ୍ଷା କରିବା କେନ୍ଦ୍ର ସରକାରଙ୍କ ପ୍ରତି ବିପଦ ସୃଷ୍ଟି କରିବାର ଭୟ । ବର୍ତ୍ତମାନ ଲୋକସଭାରେ ଏନ୍‌ଡିଏର ଆସନ ସଂଖ୍ୟା ୨୯୨, ଯାହା ସଂଖ୍ୟା ଗରିଷ୍ଠତାଠାରୁ ମାତ୍ର ୨୦ଟି ଆସନ ଅଧିକ । ନୀତୀଶଙ୍କ ଜେଡିୟୁ ସମର୍ଥନ ପ୍ରତ୍ୟାହାର କରିନେଲେ ବି କେନ୍ଦ୍ରରେ ବିଜେପି ସରକାର ପାଇଁ ତତ୍‌କ୍ଷଣାତ୍ କୌଣସି ବିପଦ ସୃଷ୍ଟି ହେବ ନାହିଁ; ମାତ୍ର ଏହାର ପରିଣାମ ଆଦୌ ଭଲ ହେବ ନାହିଁ । ଯେ କୌଣସି ସମୟରେ ଅନ୍ୟ ଅଂଶୀଦାର ଦଳ ବିଜେପି ସହ ଅସଙ୍ଗତ ମୂଳଚାଲ କରିବାକୁ ବାହାରି ଆସିବେ । ତେଣୁ ବିହାରରେ ନୀତୀଶଙ୍କ ନେତୃତ୍ୱରେ ଏନ୍‌ଡିଏ ସରକାର ଚାଲୁ ଓ କେନ୍ଦ୍ର ସରକାର ସୁରକ୍ଷିତ ରହୁ ବୋଲି ବିଜେପି ଆପାତତଃ ନିଷ୍ପତ୍ତି ନେଇଛି ବୋଲି କୁହାଯାଉଛି ।

### ଟ୍ରିବ୍ୟୁନାଲ ସଂସ୍କାର...

ଟ୍ରିବ୍ୟୁନାଲ ସଂସ୍କାର ଅଧ୍ୟାଦେଶ ଏବଂ ଆଇନର ସମୀକ୍ଷା ବେଳେ ଜଣାପଡ଼ିଛି ଯେ ଟ୍ରିବ୍ୟୁନାଲ ଆଇନର ଯେଉଁ ବ୍ୟବସ୍ଥାକୁ କୋର୍ଟ ଖାରଜ କରିଦେଇଥିଲେ, ସେହି ଆଇନକୁ ପୁଣି ପ୍ରସ୍ତୁତ କରାଯାଇଛି । ଅବଶ୍ୟ ଏଥିରେ ସାମାନ୍ୟ ଏପଟସେପଟ କରାଯାଇଛି । କିନ୍ତୁ କୋର୍ଟ ଯାହାକୁ ବିରୋଧ କରିଥିଲେ ତାହା ବଜାୟ ରହିଛି । ଯାହାକୁ କୋର୍ଟ ବିରୋଧ କରିଛନ୍ତି, ସେଥିରେ ସଂଶୋଧନ କରିବା ବଦଳରେ ପାର୍ଲାମେଣ୍ଟ ସେହି ପୁରୁଣା ଆଇନ ଆଣି ବିଚାର ବ୍ୟବସ୍ଥାର ଘୋର ଉଲ୍ଲଂଘନ କରିବାକୁ ଉଦ୍ୟମ କରିଛନ୍ତି ।

ମାନ୍ୟବର ବେଞ୍ଚ କହିଲେ ଯେ ଅଦାଲତରେ ପଡ଼ିଥିବା ବିଚାରାଧୀନ ମାମଲାର ସମାଧାନ କେବଳ ବିଚାର ବିଭାଗର ଦାୟିତ୍ୱ ନୁହେଁ, ସଂସଦ ଏବଂ ବ୍ୟବସ୍ଥାପିକା ମଧ୍ୟ ଦାୟିତ୍ୱ ନେବା ଉଚିତ । ଟ୍ରିବ୍ୟୁନାଲ ସଂପର୍କରେ ଆଇନ ପ୍ରଣୟନ ବେଳେ ବିଚାର ବିଭାଗର ଆଦେଶକୁ ସରକାର ମାନିବାକୁ ବାଧ୍ୟ । ବିଭିନ୍ନ ଟ୍ରିବ୍ୟୁନାଲ ପ୍ରଶାସନର ସୁପରିଚାଳନା, ନିଯୁକ୍ତି ଏବଂ କାମରେ ସ୍ୱଚ୍ଛତାକୁ ସୁନିଶ୍ଚିତ କରିବା ଲାଗି ନେସନାଲ ଟ୍ରିବ୍ୟୁନାଲ କମିସନର ଆବଶ୍ୟକତା ରହିଛି । ତେଣୁ ଆସନ୍ତା ୪ ମାସ ମଧ୍ୟରେ ଏଭଳି କମିସନ ଗଠନ କରିବା ଲାଗି କେନ୍ଦ୍ରକୁ ନିର୍ଦ୍ଦେଶ ଦେଇଛନ୍ତି ସୁପ୍ରିମ କୋର୍ଟ । ଏହାସହିତ ବିଭିନ୍ନ ଟ୍ରିବ୍ୟୁନାଲରେ ନିଯୁକ୍ତି, କାର୍ଯ୍ୟକାଳ ଏବଂ ଅବସର ସୀମା ନେଇ କୋର୍ଟ ପୂର୍ବରୁ ଯେଉଁ ନିର୍ଦ୍ଦେଶ ଦେଇଥିଲେ ତାହାକୁ କାଏମ ରଖିବା ଲାଗି କୋର୍ଟ ନିର୍ଦ୍ଦେଶ ଦେଇଛନ୍ତି । କୋର୍ଟ କହିଲେ ଯେ ଇନକମ୍ ଟାକ୍ସ ଆପେଲେଟ୍ ଟ୍ରିବୁନାଲ ଏବଂ ଏକ୍ସାଇଜ ଆଣ୍ଡ ସର୍ଭିସ ଟାକ୍ସ ଆପେଲେଟ୍ ଟ୍ରିବ୍ୟୁନାଲ ସଭ୍ୟମାନଙ୍କ ଅବସର ବୟସ ସୀମା ୬୨ ବର୍ଷ ଏବଂ ଏହାର ଅଧ୍ୟକ୍ଷଙ୍କ ବୟସ ସୀମା ୬୫ ବର୍ଷ ରହିବ ।

ସୂଚନାଯୋଗ୍ୟ ଯେ ଟ୍ରିବ୍ୟୁନାଲ ସଂସ୍କାର ଆଇନରେ ସଂଶୋଧନ କରି ସରକାର ଫିଲ୍ମ ସାର୍ଟିଫିକେଟ ଆପେଲେଟ୍ ଟ୍ରିବ୍ୟୁନାଲ ସମେତ ଅନେକ ଟ୍ରିବ୍ୟୁନାଲକୁ ଉଚ୍ଛେଦ କରିଥିବା ବେଳେ ଏକାଧିକ ଟ୍ରିବ୍ୟୁନାଲରେ ନିଯୁକ୍ତି, କାର୍ଯ୍ୟକାଳ ଓ ବୟସ ସୀମାରେ କେନ୍ଦ୍ର ସରକାର ଅନେକ ଅଦଳବଦଳ କରିଥିଲେ । ସୁପ୍ରିମ କୋର୍ଟରେ ଏହାକୁ ଚାଲେଞ୍ଜ କରିଥିଲେ ମାଡ୍ରାସ ବାର ଆସୋସିଏସନ ଏବଂ କଂଗ୍ରେସ ନେତା ଜୟରାମ ରମେଶ ।

### ପୁଣି ବାତ୍ୟା...

ପଶ୍ଚିମ ବଙ୍ଗୋପସାଗରରେ ଆହୁରି ଘନୀଭୂତ ହେବାର ସମ୍ଭାବନା ରହିଛି । ତେଣୁ ପ୍ରାଥମିକ ଭାବେ ଏହି ଲଘୁଚାପ ଆନ୍ଧ୍ର ଓ ଓଡ଼ିଶା ଉପକୂଳ ପାଇଁ ବିପଦ ବଢ଼ାଇଛି । ବଡ଼ କଥା ହେଉଛି ଯେ ଏହା ଅବପାତରେ ପରିଣତ ହେବା ପରେ ଆହୁରି ଘନୀଭୂତ ହେବାକୁ ଥିବାରୁ ବାତ୍ୟା ଆଶଙ୍କାକୁ ମଧ୍ୟ ଏଡ଼ାଇ ଦିଆଯାଇ ପାରୁ ନାହିଁ ।

ପାଣିପାଗ ବିଶେଷଜ୍ଞ ପ୍ରଫେସର ସୁରେନ୍ଦ୍ରନାଥ ପଶୁପାଳକ କହିଛନ୍ତି ଯେ ୨୧ ତାରିଖ ବେଳକୁ ଦକ୍ଷିଣ ବଙ୍ଗୋପସାଗରରେ ଏକ ଘୂର୍ଣ୍ଣିବଳୟ ସୃଷ୍ଟି ହୋଇ ୨୪ ତାରିଖ ସୁଦ୍ଧା ଘନୀଭୂତ ହୋଇ ଅବପାତର ରୂପ ନେବ । ପରବର୍ତ୍ତୀ ସମୟରେ ଏହା ଅଧିକ ଘନୀଭୂତ ହୋଇପାରେ । ଏହା ଉତ୍ତର ପଶ୍ଚିମ ଦିଗରେ ଗତି କରିବାକୁ ଥିବା ବେଳେ ଏହା ଆନ୍ଧ୍ର ଉପକୂଳକୁ ମୁହାଁଇବାର ପ୍ରାଥମିକ ଆକଳନରୁ ଜଣାପଡୁଛି । ଏହା ଆନ୍ଧ୍ର ଉପକୂଳ ମୁହାଁ ହେଲେ ମଧ୍ୟ ଓଡ଼ିଶାରେ ଏହାର ପ୍ରଭାବ ରହିବ । ୨୭ରେ କେନ୍ଦ୍ରାପଡ଼ାଠାରୁ ଗଞ୍ଜାମ ଓ ଗଜପତି ଜିଲ୍ଲାରେ ମେଘୁଆ ପାଗ ସହ ବର୍ଷା ହେବ । ୨୮ ତାରିଖରେ ଉତ୍ତର-ପଶ୍ଚିମ ଓଡ଼ିଶା ବ୍ୟତୀତ ରାଜ୍ୟରେ ବାକି ଅଞ୍ଚଳରେ ବର୍ଷା ହେବ । ୨୯ରେ ମୁଖ୍ୟତଃ ଗଞ୍ଜାମ ଓ ଗଜପତି ପ୍ରଭାବିତ ହେବ । ଉପକୂଳ ଓ ସଂଲଗ୍ନ ଜିଲ୍ଲାରେ ଭାରି ବର୍ଷା ହେବ ବୋଲି ପ୍ରଫେସର ପଶୁପାଳକ ଆକଳନ କରିଛନ୍ତି ।

ପ୍ରାଥମିକ ଭାବେ ଏହି ସମ୍ଭାବ୍ୟ ଅବପାତ/ବାତ୍ୟାଟି ଆସନ୍ତା ୨୯ କିମ୍ବା ୩୦ ବେଳକୁ ସ୍ଥଳଭାଗ ଛୁଇଁପାରେ । ତେଣୁ ଏହା ପ୍ରଭାବରେ ୨୭ କିମ୍ବା ୨୮ ତାରିଖରୁ ଓଡ଼ିଶାର ଉପକୂଳବର୍ତ୍ତୀ ଜିଲ୍ଲା ସମେତ ଅନ୍ୟ କେତେକ ଜିଲ୍ଲାରେ ବର୍ଷା ହୋଇପାରେ । ଯଦି ଏହା ଆନ୍ଧ୍ର ନିକଟରେ ସ୍ଥଳଭାଗ ଛୁଏଁ, ତେବେ ରାଜ୍ୟର ଉପକୂଳବର୍ତ୍ତୀ ଜିଲ୍ଲାଗୁଡ଼ିକରେ ପ୍ରଭାବ ସୀମିତ ରହିବ । ମାତ୍ର ଏହା ଓଡ଼ିଶାର ନିକଟତର ହେଲେ ରାଜ୍ୟର ଅଧିକାଂଶ ଜିଲ୍ଲାରେ ପ୍ରଭାବ ସୃଷ୍ଟି ହେବ । ଏମିତି ହେଲେ ରାଜ୍ୟକୁ ଏକ ବଡ଼ କ୍ଷତି ସହିବାକୁ ପଡ଼ିପାରେ । କାରଣ ଏବେ ସାରା ଓଡ଼ିଶାରେ ଧାନ ଅମଳ ସମୟ ଚାଲିଛି । ଉପକୂଳ ଓଡ଼ିଶାରେ ପାଚିଲା ଧାନ କ୍ଷେତରେ ହସୁଥିବା ବେଳେ ପଶ୍ଚିମ ଓଡ଼ିଶା ଧାନ ଅମଳ ଆରମ୍ଭ ହୋଇଯାଇଛି । ତେଣୁ ଏ ଦୃଷ୍ଟିରୁ ପ୍ରାୟ ଆସନ୍ତା ୨ ମାସ ପର୍ଯ୍ୟନ୍ତ ରାଜ୍ୟ ପାଇଁ ବର୍ଷା ଦୃଷ୍ଟିରୁ ବହୁ ସମ୍ବେଦନଶୀଳ ଭାବେ ଗଣାଯାଉଛି । ଏହା ପୂର୍ବରୁ ଲଘୁଚାପ ପ୍ରଭାବରେ ରାଜ୍ୟରେ ଶୀତ ଦିନେ ଅଦିନିଆ ବର୍ଷା ନେଇ ଚିନ୍ତା ବଢ଼ିଛି । ଏହା ପୂର୍ବରୁ ୨୦୨୧ ଡିସେମ୍ବର ପ୍ରଥମ ସପ୍ତାହରେ ରାଜ୍ୟ ଉପରେ ବାତ୍ୟା ଜୱାଦର ଗୁରୁତର ପ୍ରଭାବ ପଡ଼ିଥିଲା । ରାଜ୍ୟର ସମଗ୍ର ଉପକୂଳବର୍ତ୍ତୀ ଜିଲ୍ଲାରେ ଏହି ବାତ୍ୟା ଯୋଗୁଁ ଧାନ ଫସଲ ଉଜୁଡ଼ି ଯାଇଥିଲା । ଚଳିତ ବର୍ଷ ପୁଣି ଥରେ ଏହି ଆହ୍ୱାନ ସୃଷ୍ଟି ହୋଇଥିବା ବେଳେ ଚାଷୀଙ୍କ ପାଇଁ ଚିନ୍ତା ବଢ଼ିଛି । ତେଣୁ ସ୍ଥିତିକୁ ଦେଖି ଆଗୁଆ ଧାନ କାଟି ନିରାପଦ ସ୍ଥାନରେ ରଖିବାକୁ ପ୍ରଫେସର ପଶୁପାଳକ ପରାମର୍ଶ ଦେଇଛନ୍ତି ।

### ସଂପ୍ରସାରଣ ହେବ...

ହୋଇଥିଲା । ମୁଖ୍ୟମନ୍ତ୍ରୀ କହିଥିଲେ ଯେ ରାଉରକେଲା ଷ୍ଟିଲ୍ ପ୍ଲାଣ୍ଟର ସମ୍ପ୍ରସାରଣ ଅତ୍ୟନ୍ତ ଆବଶ୍ୟକ । ଏହାଦ୍ୱାରା ରାଜ୍ୟର ଆର୍ଥିକ ବିକାଶ ହେବା ସହିତ ନିଯୁକ୍ତି ସୁଯୋଗ ସୃଷ୍ଟିହେବ । ତେବେ ସ୍ଥାନୀୟ ଲୋକଙ୍କ ସମସ୍ୟାର ସମାଧାନ କରାଯାଇ ସହମତି ଭିତ୍ତିରେ ଜମି ଅଧିଗ୍ରହଣ କରାଯିବ ବୋଲି ସେ କହିଥିଲେ । ବୈଠକର ନିଷ୍ପତ୍ତି ଅନୁଯାୟୀ ଅତିରିକ୍ତ ମୁଖ୍ୟ ଶାସନ ସଚିବ ପଦବୀର ଜଣେ ଉଚ୍ଚ ଅଧିକାରୀଙ୍କ ଅଧ୍ୟକ୍ଷତାରେ ଏକ କମିଟି ଗଠନ କରାଯାଇ ଲୋକଙ୍କ ସହିତ ଆଲୋଚନା ଜରିଆରେ ସବୁ ସମସ୍ୟାର ସମାଧାନ କରାଯିବ । ଷ୍ଟିଲ୍ ପ୍ଲାଣ୍ଟର ସମ୍ପ୍ରସାରଣ ପାଇଁ ମୁଖ୍ୟମନ୍ତ୍ରୀ ଓ କେନ୍ଦ୍ରମନ୍ତ୍ରୀ ଜୁଏଲ ଓରାମ୍‌ଙ୍କ ସହଯୋଗ ପାଇଁ କେନ୍ଦ୍ରମନ୍ତ୍ରୀ ଶ୍ରୀ କୁମାରସ୍ୱାମୀ ଉଭୟଙ୍କୁ ଧନ୍ୟବାଦ ଦେଇଥିଲେ । ବୈଠକରେ ରାଉରକେଲାରେ ଏୟାରପୋର୍ଟ ସ୍ଥାପନ ପାଇଁ ଜମି ଯୋଗାଣ ଏବଂ ଅନ୍ୟାନ୍ୟ ବିଷୟ ଉପରେ ମଧ୍ୟ ଆଲୋଚନା ହୋଇଥିଲା । ଏହି ଅବସରରେ କେନ୍ଦ୍ର ଆଦିବାସୀ ବ୍ୟାପାର ମନ୍ତ୍ରୀ ଜୁଏଲ ଓରାମ୍ ମଧ୍ୟ ଉପସ୍ଥିତ ଥିଲେ । ବୈଠକରେ ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା, ଇସ୍ପାତ ଓ ଖଣି ବିଭାଗର ଅତିରିକ୍ତ ମୁଖ୍ୟ ଶାସନ ସଚିବ ସୁରେନ୍ଦ୍ର କୁମାର, ରାଜସ୍ୱ ବିଭାଗର ଅତିରିକ୍ତ ମୁଖ୍ୟ ଶାସନ ସଚିବ ଦେଓରଞ୍ଜନ କୁମାର ସିଂହ, ଶିଳ୍ପ ବିଭାଗର ଅତିରିକ୍ତ ମୁଖ୍ୟ ଶାସନ ସଚିବ ହେମନ୍ତ ଶର୍ମା ପ୍ରମୁଖ ଉପସ୍ଥିତ ଥିଲେ ।

### ଚୋରକୁ ପିଟିପିଟି...

ରଖିଛି । ସେପଟେ ମୃତକର ଦେହରେ ଅନେକ କ୍ଷତ ଚିହ୍ନ ରହିଛି । ଅନ୍ୟପଟେ ମୃତକ ବାପିର ସ୍ତ୍ରୀ ପାର୍ବତୀ କୋହ୍ଲାର ଉଦଳା ଥାନାରେ ପହଞ୍ଚି ତାଙ୍କ ସ୍ୱାମୀଙ୍କୁ ନିର୍ଦ୍ଦୋଷରେ ପିଟିପିଟି ହତ୍ୟା କରାଯାଇଥିବା ନେଇ ଲିଖିତ ଅଭିଯୋଗ କରିଛନ୍ତି । ମୃତକ ବାପି ଏକ ଗ୍ୟାସ୍ ଦୋକାନରେ କାମ କରିବା ସହିତ ଗ୍ୟାସ୍ ଡେଲିଭରି କାମ ମଧ୍ୟ କରୁଥିଲା । ପୁଲିସ ଏକ ମାମଲା ରୁଜୁ କରି ଘଟଣାର ତଦନ୍ତ ଜାରି ରଖିଛି ।

### ଟଳିଲେ ଆଉ...

ରହିଥିବା ବେଳେ ମୃତକଙ୍କ ମଧ୍ୟରେ ୪ ପୁରୁଷ ଓ ୩ ମହିଳା ମାଓବାଦୀ ରହିଛନ୍ତି । ଉକ୍ତ ସ୍ଥାନରୁ ୨ଟି ଏକେ ୪୭ ବନ୍ଧୁକ ସହ ମୋଟ ୮ ଟି ବନ୍ଧୁକ ଓ ବହୁ ଅସ୍ତ୍ରଶସ୍ତ୍ର ଜବତ ହୋଇଛି । ସେହିପରି ଆଜି ଆନ୍ଧ୍ର ପ୍ରଦେଶ ପୁଲିସ ବିଭିନ୍ନ ସ୍ଥାନରୁ ୫୦ ଜଣ ମାଓବାଦୀଙ୍କୁ ଗିରଫ କରିଛି । ସେମାନଙ୍କ ମଧ୍ୟରେ ତିନି ଜଣ ମାଓ ସଂଗଠନ ସ୍ୱତନ୍ତ୍ର ଜୋନାଲ କମିଟି ସଦସ୍ୟ, ୨୩ ଜଣ ପ୍ଲାଟୁନ ସଦସ୍ୟ, ୫ ଜଣ ଡିଭିଜନାଲ କମିଟି ସଦସ୍ୟ ଏବଂ ୧୯ ଜଣ ଏରିଆ କମିଟି ସଦସ୍ୟ ଥିବା ଜଣା ପଡିଛି । ଗିରଫ ମାଓବାଦୀଙ୍କ ମଧ୍ୟରୁ ଅନେକ ମୃତ ମାଓ କମାଣ୍ଡର ମାଡଭି ହିଡମାଙ୍କ ସହ ଘନିଷ୍ଠ ଭାବରେ ଜଡିତ ଥିଲେ ବୋଲି ଆନ୍ଧ୍ର ପ୍ରଦେଶ ପୋଲିସ କହିଛି । ମାଓ ସଙ୍ଗଠନ ନିଜର ଶେଷ ନିଶ୍ୱାସ ନେଉଥିବା ଇଣ୍ଟେଲିଜେନ୍ସ ଏଡିଜି ମହେଶଚନ୍ଦ୍ର ଲଡ୍ଡା କହିଛନ୍ତି ।

### ଦାଦନ ଫେରନ୍ତା...

ଯିବାପାଇଁ ବସ ଅପେକ୍ଷା କରିଛୁ ବୋଲି କହିଥିଲେ । ତେବେ ଅଭିଯୁକ୍ତ ବର୍ତ୍ତମାନ ଆଉ ବନ୍ଧୁଗାଁକୁ ବସ ମିଳିବ ନାହିଁ ଏବଂ ମୋ ଘରେ ରହିଯାଅ ବୋଲି ସେମାନଙ୍କୁ କହିଥିଲା । ପ୍ରଥମେ ପୀଡିତା ମହିଳାଙ୍କ ସ୍ୱାମୀଙ୍କୁ ନେଇ ଏକ ଦୋକାନରେ ଛାଡି ଟିଫିନ ଆଣି ଆସୁଛି କହି ସେଠାରୁ ଚାଲିଯାଇଥିଲା । । ସେଠାରୁ ଆସି ପୀଡ଼ିତାଙ୍କୁ କୋଇଲାପଡ଼ା ନିକଟସ୍ଥ ବୁଦାକୁ ନେଇ ଦୁଷ୍କର୍ମ କରିଥିଲା । ସ୍ତ୍ରୀ ଦୀର୍ଘ ସମୟ ଧରି ନ ଫେରିବାରୁ ସ୍ୱାମୀ ବସଷ୍ଟାଣ୍ଡ ଆସି ସ୍ତ୍ରୀକୁ ଖୋଜିଥିଲେ ମଧ୍ୟ ପାଇନଥିଲେ । ହେଲେ ସ୍ୱାମୀ ସ୍ତ୍ରୀକୁ ଖୋଜାଖୋଜି କରିବା ବେଳେ ପୀଡ଼ିତା କାନ୍ଦି କାନ୍ଦି ଆସୁଥିବା ଦେଖିବାକୁ ପାଇଥିଲେ । ଏହାପରେ ସ୍ତ୍ରୀ ସମସ୍ତ ଘଟଣା ସ୍ୱାମୀଙ୍କୁ ଜଣାଇବା ପରେ ଉଭୟ ଯାଇ ରାୟଗଡ଼ା ଟାଉନ ଥାନାରେ ଏତଲା ଦେଇଥିଲେ । ଏନେଇ ରାୟଗଡ଼ା ଏସଡିପିଓ ଗୌରହରି ସାହୁଙ୍କୁ ପଚାରିବାରୁ ପୀଡ଼ିତାଙ୍କ ଲିଖିତ ଅଭିଯୋଗକୁ ଭିତ୍ତି କରି କେସ ନଂ ୪୩୧ରେ ମାମଲା ରୁଜୁ କରି ସନ୍ଦେହରେ ଜଣେ ଯୁବକଙ୍କୁ ଅଟକ ରଖି ପଚରାଉଚୁରା କରିବା ସହିତ ଘଟଣାର ତଦନ୍ତ ଚାଲିଛି ବୋଲି କହିଛନ୍ତି । ମହିଳାଙ୍କ ବୟାନ ମୁତାବକ ଦୁଷ୍କର୍ମ ଘଟଣା ଘଟିଥିବା ସ୍ଥାନକୁ ଯାଇ ସେଠାରେ ତଦନ୍ତ କରାଯାଇଛି ବୋଲି ଏସ୍‌ଡିପିଓ ଶ୍ରୀ ସାହୁ କହିଛନ୍ତି ।


## AFFIDAVIT

By virtue of an affidavit sworn before the Executive Magistrate, Cuttack, dated-14/11/2025. I, **Roopesh Kumar Rout,** R/o- Ganju Market, Near SBI ATM Booth, Sector-22, UTC- Rourkela (ITS), PO: Rourkela-7, Dist- Sundargarh, Odisha, PIN-769007, declared that I have changed the name of my son from **Charles Prince Rout** to **Prince Rout.** Henceforth, he shall be known as **Prince Rout** for all purposes.

**Roopesh Kumar Rout**

## AFFIDAVIT

I, Kailash Chandra Agrawal, S/o. Chiranjial Kharkawala, resident of Aradhana Apartment,Flat no. 1E, 1st floor, Biswanath lane, Balu Bazar, PS. Lalbag, Dist.-Cuttack, Odisha-753002 declare by this affidavit No..400 , dtd. 19.11.2025 that now onwards I shall be known as **KAILASH CHANDRA KHARKAWALA** for all future purposes.

## AFFIDAVIT

By virtue of an affidavit sworn before the Executive Magistrate, Sohela dtd.12.11.2025, I Mamata Sahu, D/o- Yudhisthir Sahu, resident of Village- Kanakabira, Ps./Dist.- Bargarh, Pin-768030 state that, I have changed my name from **Mamata Duan** to **Mamata Sahu**. Henceforth I shall be known as **Mamata Sahu** for all future purposes.

## AFFIDAVIT

By virtue of an affidavit sworn before the Executuve Magistrate, Nabarangpur, dated 18.11.2025, I, DURYADHAN KARKARA, S/o- Late Prem Karkara, Vill.- Kurumakot, Po.- Tentulikhunti, Ps.- Tentulikhunti, Dist.- Nabarangpur, Odisha, Pin- 764070, declare that, I have changed the name of my daughter from **PAPA KARKARA** to **LIPSA KARKARA**. Henceforth, she shall be known as **LIPSA KARKARA** for all purposes.

Sd/- Duryadhan Karkara


GOVERNMENT OF ODISHA
OFFICE OF THE SUPERINTENDING ENGINEER
RURAL WORKS DIVISON GAJAPATI PARLAKHEMUNDI
NATIONAL COMPETITIVE BIDDING THROUGH e-Procurcment
1ST Corrigendum to Tender Call Notice
O-1445

**Identification No. Online Tender 08/GJP/2025-26 T.O Letter No: 3024 Dtd: 29.10.2025**

The tender for the works invited vide Tender Identification No. Online Tender 04/GJP/2024-25 is hereby modified as follows due to unavoidable circumstances. The modification dates are as below:

| Sl. No. | Item | Time Schedule as per Original TCN | Time schedule modified as per Corrigendum Notice |
|---|---|---|---|
| 1 | Availability of tender online for bidding. | Dt. 10.11.2025 at 10.00 A.M to 17.11.2025 up to 5.00 P.M. | Dt. 20.11.2025 at 10.00 A.M to 27.11.2025 up to 5.00 P.M |
| 2 | Date & Time of Opening of tender | Dt. 18.11.2025 at 11.00 A.M | Dt. 28.11.2025 at 11.00 A.M |

All other contents will remain unchanged.

Executive Engineer
R.W. Division, Gajapati

OIPR-

**CONFISCATION NOTICE OF TRACTOR & TROLLEY** MM-289

It is to inform to all concerned through this publication that one Sonalika Tractor with Trolley bearing Regd. Number OR-07V-7237 Engine No. Not Visible , Chassis Number – Not Visible loaded with illicit forest produce i.e, Jamukoli Log- 7pcs=17.184cft, Kakapoi Logs-7 pcs=20.443cft & Acacia Logs=7pcs=8.804 cft on the PWD Road from Beguniapada Jn to Jharanai for illicit transportation of Forest Produce as above. The aforesaid forest produce along the above vehicle may be confiscated for its involvement in Forest Offence case No. UD Case No. 19 of 2020-21 of Khallikote Range for non-submission of reply to the show cause and non-attendance of the accused person owner thereof on the date of hearing fixed on 02.12.2022 before the Authorized Officer-cum- A.C.F, Brahmapur Division.

The final dated of hearing to the aforesaid cases is fixed to 26.11.2025 at 11.00 A.M in the forum of the Authorized Officer-cum- Assistant Conservator of Forests, Brahmapur Division for giving another opportunity of being heard in person in the matter. Failure to attend the hearing by any claimant/ accused on the date within 30 days from the dated of publication of this notice in reference to the above vehicle, the vehicle may be confiscated under Section 56 (2(b)) of the Odisha Forest Act, 1972 exparte.

Authorized Officer-cum-A.C.F
Brahmapur Forest Division

OIPR-

GOVERNMENT OF ODISHA
OFFICE OF THE SUPERINTENDING ENGINEER
RURAL WORKS DIVISION, DEOGARH.
O-1506

E-mail Id – eerw_deogarh@yahoo.co.in

E-Procurement Notice

BID.IDENTIFICATION NO. SERWDGH-Online- 08/2025-26

1. **No of building works** :- (06 Nos)
2. **Estimated cost:**- Approx. Rs.2.54 lakh to Rs.36.22 Lakhs each
3. **Mode of submission of tender:** -Tender shall be submitted online in www.tendersodisha.gov.in
4. **Availability of tender for online bidding:–21.11.2025, 10.00 A.M to 28.11.2025 up to 5.00 P.M**
5. **Date and time of opening of tender:–29.11.2025, 11.00 A.M**
6. Other details can be seen from the website www.tendersodisha.gov.in
7. Corrigendum / Addendum if any shall only be published in the above website.

Superintending Engineer
R.W. Division, Deogarh

OIPR-

OFFICE OF THE NOTIFIED AREA COUNCIL: CHAMPUA C-1408

e-Mail: champuanac@gmail.com
No. 2590, Date: 04.11.2025

e-Procurement Notice

Bid Documents consisting of Work, Estimated Cost, Cost of Tender Paper, EMD, time of completion, Class of contractors and the set of terms and conditions of contract and other necessary documents can be seen in Govt. website i.e. **www.tendersodisha.gov.in**

| | | | |
|---|---|---|---|
| 1. | Tender Reference No | : | EOCHAMPUANAC-NO-58/2025-26 |
| 2. | Tender I.D No: | : | |
| 3. | Name of the Work | : | Civil Construction works as mentioned in website |
| 4. | No. of works | : | 13 No. |
| 5. | Estimated Cost | : | Rs. 1005078.00 to Rs. 544149.00 |
| 6. | Period of Completion | : | 60 days |
| 7. | Date &Time of Bidding | : | 06.11. 2025 to 17.11.2025 up to 5pm |
| 8. | Last date & time for receipt Of bids in the portal | : | 17 .11.2025 up to 5pm |
| 9. | Last date for Submission of documents | : | On or before 19 .11.2025 up to 5PM (By speed Post/ post) |
| 10. | Bids received online shall be opened on dt. | : | 20 .11.2025 at 9.30 AM |
| 11. | Name and address of the Officer inviting Bid | : | Executive Officer, Champua NAC |

Further details can be seen from the procurement portal i.e. www.tendersodisha.gov.in

Executive Officer
Champua NAC

OIPR-

GOVERNEMENT OF ODISHA
AGRICULTURE DEPARTMENT
OFFICE OF THE EXECUTIVE ENGINEER (AGRIL.)
DHENKANAL DIVISION, DHENKANAL
No.1078/ Date 19.11.2025
INVITATION FOR BIDS (IFB)
e-procurement notice
L-110

Bid Identification number / Tender call notice no. - EE (A)/D/D-03 of 2025-26

The Executive Engineer (Agril.), Dhenkanal Division, Dhenkanal who has been authorized as the procuring officer for the projects of Dhenkanal Division, Dhenkanal is directed to invite percentage rate bid on behalf of the Governor of Odisha for the Civil construction works under Dhenkanal Division. The costs of the project approximately from 8.00 lakhs to 42.00 lakh. Bid document consisting of detailed tender call notice, the schedule of quantities and the set of terms and conditions of the contract and other necessary documents can be downloaded from www.tendersorissa.gov.in from 21.11.2025 at 10.00 hours to 29.11.2025 at 05.00 PM. The bid will be opened on 01.12.2025 at 03.30 PM in the O/o Executive Engineer (Agril.), Dhenkanal Division, Dhenkanal. All other details regarding term and conditions, corrigendum from time to time if any, DTCN etc. can be seen and downloaded from www.tendersorissa.gov.in.

Email ID:-eeagri.dhenkanal.@gmail.com

Executive Engineer (Agril)
Dhenkanal Division, Dhenkanal

OIPR-

GOVERNMENT OF ODISHA,
DEPARTMENTOF WATER RESOURCES
A-901

Office of the Superintending Engineer,
Mechanical Division, Bhubaneswar.
Email Address: smdivisionbbsr@yahoo.com

e-Procurement Tender Call Notice No.- SE/MDB-11/W/2025-26

| | | | |
|---|---|---|---|
| 1. | Name of the Work | : | Mechanical Gate Works |
| 2. | No. of Works | : | 04 (Four) |
| 3. | Category of executors | : | SSI Units registered under DIC/ NSIC/ MSME for Irrigation Shutters / Hydro mechanical gates. |
| 4. | Estimated Cost | : | ₹ 7,08,957.00 to ₹ 7,36,172.00 |
| 5. | EMD | : | Refer to DTCN |
| 6. | Cost of tender paper | : | Refer to DTCN |
| 7. | Period of Completion | : | Refer to DTCN |
| 8. | Date & time of availability of bid documents in the Portal | : | From dt.19.11.2025 (10.00 AM) to dt.01.12.2025(5.30 PM) |
| 9. | Last date/ time for receipt of bid in the Portal | : | dt.01.12.2025 (up to 5.30 PM) |
| 10. | Date and Place of opening of Bid | : | dt.02.12.2025 (12.00 Noon onwards in the O/O the undersigned) |
| 11. | Lottery | : | If required the date of lottery is to be intimated to the Qualified Bidders after evaluation. |
| 12. | Name of the Officer inviting bid | : | Superintending Engineer, Mechanical Division, Bhubaneswar |

Further details can be seen from the e-procurement portal https://tendersodisha.gov.in. Any further issue of Addenda/ Corrigenda/ Cancellation Notice shall be uploaded in the aforesaid website only.

Superintending Engineer,
Mechanical Division, Bhubaneswar

OIPR-


## AFFIDAVIT

By virtue of an affidavit sworn before Notary Public, Bhubaneswar, on dated 17.11.2025, I Sanjukta Mohanta, W/o- Sanjaya Mohanta, resident at Kabata, Po- Lembo, Sub-Dist- Sukinda, Dist- Jajpur, Odisha, PIN-755018, declare that I have changed my son's name from Sridhartha Mohanta to Himanshu Mohanta. Henceforth, He shall be known as **HIMANSHU MOHANTA** for all future purposes.

## AFFIDAVIT

I Aruna Kumara Acharya, S/o- Prakash Chandra Acharya resident of Muktamaladeipur Sasan, Po.- Banthapalli, Ps.- Polasara, Dist.- Ganjam, Pin-761104, Odisha, declare by this affidavit No. A-ii, Dated 18.11.2025 that now onwards I shall be known as **Arun Kumar Acharya** for all future purposes.

## AFFIDAVIT

I, Someswar Singh(81) of Balijodi, PO: Sonaparbat, PS: Tangarpalli, Dist Sundergarh do hereby solemnly affirm and state that my name has been wrongly mentioned as SUMESHWAR SINGH in my Adhar Card(352286427342). Whereas my actual name is SOMESWAR SINGH in the educational certificate. Both the names stands for one and same person i.e. myself as per affidavit no A/10, dtd 19.11.2025.

## NOTICE

By virtue of an affidavit sworn before Executive Magistrate Bangomunda I Tejabhanu Mahananda (48) S/o Nityananda Mahananda, Village : Bartunda, P.O: Kapilabhata, P.S: Bangomunda, Bolangir, Odish that I have changed my name from Tejabhanu Mahananda to Teju Mahananda Henceforth, I shall be known as Teju Mahananda for all purposes.

## NOTICE

By virtue of an affidavit sworn before Notary Public, Balangir on 04.11.2025, I, Dhruba Kumar Jain, resident of:- Udaya Nagar, Po/Ps/Dist: Balangir,767001 (Odisha) declare that I have changed my name from Dhrub Kumar Jain to Dhruba Kumar Jain. Henceforth, I shall be known as Dhruba Kumar Jain for all purposes.

## AFFIDAVIT

By virtue of an affidavit before The Notary Public, Titilagarh, on dated-17/11/2025. I, **Trushnarani Dandsena** (new name) formerly called as Trusnarani Mohapatra (old name), D/o Mangilal Dandsena, Permanent resident of At-Swadhinpara, Titilagarh, PO-Titilagarh, PS- Titilagarh, Dist-Balangir (Odisha), PIN- 767033 now residing at the same place declare that I have changed my name from **Trusnarani Mohapatra** (old name) to **Trushnarani Dandsena** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion I will be known as **Trushnarani Dandsena** (new name).

**Trushnarani Dandsena**

## AFFIDAVIT

By virtue of an affidavit no.1034 before the Executive Magistrate, Chandahandi, Dist.: Nabarangpur on dtd.19.11.2025, I, Dinesh Sinha, Village-Telatandi, PO-Saradhapur, PS-Chandahandi, Dist.: Nabarangpur-764077 have changed my name from Dense Sinha to Dinesh Sinha. Henceforth, I shall be known as **Dinesh Sinha** for all purposes.

## AFFIDAVIT

By virtue of an affidavit (CF No.147, dtd- 25/10/2025) sworn before the Executive Magistrate, Gaisilet. I, **Shyamamani Deep,** D/o Madhusudan Deep, permanent & current resident of AT/PO-Ganiapali, PS- Gaisilet, Dist-Bargarh, PIN- 768049, Odisha declare that I have changed my name from **Pritinanda Deep** (old name) to **Shyamamani Deep** (new name). Henceforth, I shall be known as **Shyamamani Deep** (new name) for all purposes.

**Shyamamani Deep**

## NOTICE
(above 18 years of age)

By virtue of an affidavit sworn before the Notary Public, Sambalpur, I, Sairendri Choudhury, resident of Balerpada, Burla, PO/PS–Burla, Dist.: Sambalpur declare that I have changed my name from Sourendri Choudhury (old name) to Sairendri Choudhury (new name). Henceforth, I shall be known as **Sairendri Choudhury** for all purposes.

**Sd/- Sairendri Choudhury**

## AFFIDAVIT

By virtue of an affidavit sworn before Executive Magistrate, Bhadrak vide No.1410, dt-16.08.2025, I, **Manas Ranjan Sankhua,** S/o Chakradhar Sankhua, resident of At-Nuapatna, PO- Grejidarada, PS/Dist- Bhadrak, PIN-756128, Odisha declare that I have change the name of my son from **Aditya Sankhua** to **M.P. Aditya.** Henceforth, he shall be known as **M.P. Aditya** for all future purposes.

**Manas Ranjan Sankhua**

## LOST

I Smt. Hukumat Sahu, W/o-Pilulal Sahu, At/Po-Dumerdihi, Khariarroad, Dist. Nuapada. I have lost my original sale deed Sl. No. 419,plot. 350, 350/520 at the time of transit, after several trial I am unable to found the documents. If anyone finds it, please inform to this mob. No. 9668249884.

## AFFIDAVIT

By virtue of an affidavit No.1030 before the Executive Magistrate, Chandahandi, Dist.: Nabarangpur on dtd. 18.11.2025, I, Premanchal Nayak, Village-Sinapali, PO-Dandamunda, PS-Chandahandi, Dist-Nabarangpur, Pin-764077 have changed my name from Premchan Nayak to Premanchal Nayak. Henceforth, I shall be known as **Premanchal Nayak** for all purposes.

## AFFIDAVIT

By virtue of this Affidavit before the Executive Magistrate, Bhubaneswar. **Dt.14.11.25**. I, **KSHETRA BASI BEHERA**, S/o- Budhia Behera, Resident of Kalyani Krushna Nagar Basti, Nuasahi, Nayapalli, Bhubaneswar, Khordha, Odisha-751012 declare that I have changed my name from **KSHETRAMANI BHOI** to **KSHETRA BASI BEHERA** as per my Aadhar card no- 2878 1652 3500. But it has been recorded as **KSHETRAMANI BHOI** in my LIC Policy Bearing No-586300817. **KSHETRA BASI BEHERA** and **KSHETRAMANI BHOI** is one and same identical person.

## Notice
(above 18 years of age)

By virtue of an affidavit sworn before Notary Public, Bhubaneswar dated 15.11.2025, I RAJALXMI PRADHAN, aged about 47 years, D/o: Dhruba Charan Sahoo, permanent resident of: At: Suara, PO: Koiang, PS: Konark, Dist.: Puri, Odisha, PIN-752118, currently residing at: Plot No: 582/653, Ganganagar, Unit–6, Lingipur, PO: Sisupal PS: Dhauli, Bhubaneswar, Dist.: Khordha, Odisha, PIN–751002, Aadhar No: 4598 3863 6183, declare that I have changed my name from RAJALXMI PRADHAN to RAJALXMI DEI. Henceforth I shall be known as RAJALXMI DEI for all purposes.

**Rajalaxmi Dei**

## AFFIDAVIT

By virtue of an affidavit sworn before The Notary Public, Bhubaneswar dated-19/11/2025. I, **Jijnyasa Jyotirjayasha Routray,** D/o Prasanna Kumar Routray, resident of Plot No. 398-G, Laxmi Nagar, Patia, Bhubaneswar, Dist- Khordha, PIN- 751024, Odisha declare that I have changed my name from **Jinyasa Jyotirjayasha** to **Jijnyasa Jyotirjayasha Routray.** Henceforth, I shall be known as **Jijnyasa Jyotirjayasha Routray** (new name) for all purposes.

**Jijnyasa Jyotirjayasha Routray**

ପୁଣି ଦାଦନ ଦୁଃଖ

● ତାମିଲନାଡୁରେ ଓଡ଼ିଆ ଶ୍ରମିକଙ୍କ ମୃତ୍ୟୁ

# ମୃତଦେହ ଆଣିବା ପାଇଁ ପ୍ରଶାସନ ନିକଟରେ ଗୁହାରି

ଶଗଡା,୧୯ ।୧୧(ସମିସ): ବୌଦ୍ଧ ଜିଲ୍ଲା କଣ୍ଟାମାଳ ବ୍ଲକ ମନମୁଣ୍ଡା ଥାନା ବିଳାସପୁର ପଞ୍ଚାୟତ ବିଚିକା ଗ୍ରାମର ବିଜୟ ମହାନନ୍ଦିଆ (୩୧)ଙ୍କ ତାମିଲନାଡୁରେ ମୃତ୍ୟୁ ଘଟିଛି । ସେଠାରେ ସେ ଦାଦନ ଶ୍ରମିକ ଭାବରେ କାର୍ଯ୍ୟ କରୁଥିଲେ । ତେବେ ବୌଦ୍ଧ ଜିଲ୍ଲା ପାଣ-



ଗଣ୍ଡା ସମାଜ ବିକାଶ ପରିଷଦ ସମ୍ପାଦକ ସୁଧାଂଶୁ ଡାଙ୍ଗଙ୍କ ନେତୃତ୍ୱରେ ଏକ ପ୍ରତିନିଧି ମଣ୍ଡଳୀ ଜିଲ୍ଲା ଶ୍ରମ ଅଧିକାରୀ ଓ ଜିଲ୍ଲା ପ୍ରଶାସନକୁ ତାଙ୍କ ମୃତଦେହ ଆଣିବା ପାଇଁ ଅନୁରୋଧ କରଛି । ସେପ୍ଟେମ୍ବର ୧୦ରେ ସେ ତାମିଲନାଡୁ ଯାଇଥିଲେ । ସେଠାକାର ନାମଖୋଲ ଖରୁର ରୋଡ଼ସ୍ଥିତ ପରମାଠି ଗ୍ରାମରେ ଏସଜେଏଲଟି ନାମକ ଏକ ସ୍ପିନିଂ ମିଲ୍‌ରେ ଶ୍ରମିକ ଭାବରେ କାର୍ଯ୍ୟ କରୁଥିଲେ । ମଙ୍ଗଳବାର ସନ୍ଧ୍ୟା ପ୍ରାୟ ୬ଟାରେ କମ୍ପାନୀ ଭିତରେ କାର୍ଯ୍ୟ କରୁଥିବା ସମୟରେ ହଠାତ ଚେତାଶୂନ୍ୟ ହୋଇ ପଡିଯାଇଥିଲେ । ତାଙ୍କ ସହ କାମ କରୁଥିବା ଶ୍ରମିକମାନେ ତାଙ୍କୁ ଭେଲୋର ମେଡିକାଲକୁ ନେଇଥିଲେ; ହେଲେ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ । ବିଜୟଙ୍କ ପତ୍ନୀ ଚିତ୍ର ମହାନନ୍ଦିଆ, ଦୁଇ ଝିଅ ଏବଂ ଗୋଟିଏ ପୁଅ ଏହି ଘଟଣା ପରେ ଭାଙ୍ଗି ପଡିଛନ୍ତି । ପରିବାରର ସେ ଏକମାତ୍ର ବ୍ୟକ୍ତି ଭାବେ ରୋଜଗାରକ୍ଷମ ଥିଲେ ।

## ଗାଁ ଦାଣ୍ଡରେ କୃତ୍ରିମ ପୋଖରୀ



ଶଗଡ଼ା,୧୯ ।୧୧(ସମିସ): ବୌଦ୍ଧ ଜିଲ୍ଲା କଣ୍ଟାମାଳ ବ୍ଲକ ଦପଲା ପଞ୍ଚାୟତ ବଉଳସିଙ୍ଗା ଗାଁ ଦାଣ୍ଡରେ କୃତ୍ରିମ ପୋଖରୀ ସୃଷ୍ଟି ହୋଇଛି । ବର୍ଷସାରା ରାସ୍ତା ଉପରେ ଅପରିଷ୍କାର ପାଣି ଜମି ରହୁଛି । କେବଳ ବର୍ଷା ଦିନ ନୁହେଁ; ବର୍ଷର ପ୍ରାୟ ସବୁ ଦିନେ ଏହି ରାସ୍ତା ପାଣି କାଦୁଅରେ ଭର୍ତ୍ତି ହୋଇଥାଏ । ଗାଁରେ ଥିବା ନଳକୂପର ଅପରିଷ୍କାର ପାଣି ରାସ୍ତାରେ ସବୁବେଳେ ଜମି ରହୁଛି । ଅପରିଷ୍କାର ପାଣି ନିଷ୍କାସନ ପାଇଁ ଡ୍ରେନ୍ ବ୍ୟବସ୍ଥା ନାହିଁ । ଏଣୁ ଲୋକେ ଏହି ରାସ୍ତାରେ ଅତ୍ୟନ୍ତ ଦୟନୀୟ ଅବସ୍ଥାରେ ଯିବା ଆସିବା କରିଥାନ୍ତି । ପିଲାମାନେ ସ୍କୁଲ ଯିବା ଆସିବା କରିବା ସମୟରେ ଅନେକ ଛୋଟ ମୋଟ ଦୁର୍ଘଟଣା ଘଟୁଛି । ଅନେକ ପିଲା କାଦୁଅ ପାଣିରେ ପଡି ଖଣ୍ଡିଆ ଖାବରା ମଧ୍ୟ ହେବାର ନଜିର ରହିଛି । ବହି ବସ୍ତାନି, ପ୍ୟାଣ୍ଟ୍ ସାର୍ଟ ଓଦା ହୋଇଥାଏ । ଗାଁ ରାସ୍ତାର ଏହି ଅବସ୍ଥା ଯୋଗୁ ଲୋକେ ଘରୁ ବାହାରିଲେ କାଦୁଅ ପାଣି ସହ ଅସ୍ୱାସ୍ଥ୍ୟକର ପରିବେଶରେ ଯାତାୟତ କରିବା ଯୋଗୁଁ ଅନେକ ଚର୍ମ ରୋଗ ସହ ସଂକ୍ରାମକ ରୋଗରେ ଆକ୍ରାନ୍ତ ହେଉଥିବା ଅଭିଯୋଗ ହୋଇଛି । ରାସ୍ତା ସମସ୍ୟା ନେଇ ଗ୍ରାମବାସୀ ସ୍ଥାନୀୟ ଜନପ୍ରତିନିଧିଙ୍କଠାରୁ ଆରମ୍ଭ କରି ବିଡ଼ିଓ ଏବଂ ଜିଲ୍ଲାପାଳଙ୍କୁ ଅଭିଯୋଗ କରିଥିଲେ ମଧ୍ୟ କେହି ଶୁଣୁ ନ ଥିବା ପ୍ରକାଶ କରିଛନ୍ତି ।

## ରାସ୍ତାକୁ ମାଡ଼ିଗଲାଣି ଅନାବନା ଗଛଲତା

ଶଗଡା,୧୯ ।୧୧(ସମିସ): ମନମୁଣ୍ଡା-ଶଗଡା ପୂର୍ତ୍ତ ବିଭାଗ ରାସ୍ତାର କୁରୁମୁଣ୍ଡା ଛକଠାରୁ ବୌଦ୍ଧ ଜିଲ୍ଲାର ପର୍ଯ୍ୟଟନ ସ୍ଥଳ ଖଣ୍ଡିକନପା ପର୍ଯ୍ୟନ୍ତ ଯାଇଥିବା ଗ୍ରାମ୍ୟ ଉନ୍ନୟନ ବିଭାଗର ରାସ୍ତାଟି ଅତ୍ୟନ୍ତ ସଂକୀର୍ଣ୍ଣ ହୋଇ ପଡିଛି । ରାସ୍ତାର ଉଭୟ ପାଶ୍ୱର୍କୁ ଅନେକ ଅନାବନା ଗଛଲତା ମାଡ଼ି ଗଲାଣି । ଏଣୁ ଅନେକ ଦୁର୍ଘଟଣା ଘଟୁଥିବା ଅଭିଯୋଗ ହୋଇଛି । ବର୍ତ୍ତମାନ ପର୍ଯ୍ୟଟନ ଋତୁ ଆରମ୍ଭ ହୋଇ ଗଲାଣି । ଏଣୁ ବୌଦ୍ଧ ଜିଲ୍ଲାର ଅନ୍ୟତମ ପର୍ଯ୍ୟଟନ ସ୍ଥଳ ଖଣ୍ଡିକନପାକୁ ଦୈନିକ ଶହ ଶହ ପର୍ଯ୍ୟଟକ ବଣଭୋଜି ପାଇଁ ଯାଉଛନ୍ତି । ଏହି ରାସ୍ତାରେ ଅନେକ ବୁଲାଣି ରହିଥିବା ବେଳେ ରାସ୍ତାକୁ ଅନାବନା ଗଛଲତା ଢାଙ୍କି ହୋଇ ରହିଥିବାରୁ ରାସ୍ତା ଦିଶୁନାହିଁ । ଏହା ଫଳରେ ବୁଲାଣିରେ ସମ୍ମୁଖରୁ ଆସୁଥିବା ଗାଡି ଆଦୌ ଦେଖା ଯାଉନ ଥିବାରୁ ଦୈନିକ ଅନେକ ଛୋଟବଡ ଦୁର୍ଘଟଣା ଘଟୁଛି । ଏହାଫଳରେ ଦୁର୍ଘଟଣାରେ ଅନେକ କ୍ଷୟକ୍ଷତି ହେଉଥିବା ବେଳେ ଅନେକ ଧନ ଜୀବନ ମଧ୍ୟ ଚାଲି ଯାଉଛି । ଏହାକୁ ନେଇ ପର୍ଯ୍ୟଟକଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ଦେଖା ଦେଇଛି ।



# ରାସ୍ତାରୋକ ପରେ ସମାଧାନର ପ୍ରତିଶ୍ରୁତି ମିଳିଲା

କଣ୍ଟାମାଳ,୧୯ ।୧୧(ସମିସ)



ସରକାର ଛାତ୍ରଛାତ୍ରୀଙ୍କ ଶିକ୍ଷା ପାଇଁ କୋଟି କୋଟି ଟଙ୍କା ବ୍ୟୟ କରୁଛନ୍ତି; ହେଲେ ଶିକ୍ଷା ବିଭାଗ ଏବଂ ପ୍ରଶାସନର ଅବହେଳା ଯୋଗୁଁ ଆଜି ପର୍ଯ୍ୟନ୍ତ କଣ୍ଟାମାଳ ବ୍ଲକ ଆମ୍ବଗାଁ ସରକାରୀ ପ୍ରାଥମିକ ବିଦ୍ୟାଳୟର ନିଜ ନାଁରେ ଜମି ନାହିଁ । ଏହାଫଳରେ ବେସରକାରୀ ଜମିରେ ସ୍ଥାପିତ ହୋଇଥିବା ବିଦ୍ୟାଳୟକୁ ନେଇ ସମସ୍ୟା ଦେଖା ଦେଇଛି ।

କଣ୍ଟାମାଳ ତହସିଲ ଅଧୀନରେ ଥିବା ଖାତା ନଂ. ୬୭ ଏବଂ ପ୍ଲଟ ନଂ. ୮୨୪ରେ ଥିବା ୧୩ ଡ଼ିସିମିଲ ଘରବାରି ଜାଗାରେ ୧୮୮୫ ମସିହାରେ ଆମ୍ବଗାଁ ସରକାରୀ ପ୍ରାଥମିକ ବିଦ୍ୟାଳୟ ସ୍ଥାପିତ ହୋଇଛି । ଏହି ଜମିର ମାଲିକାନା ଆମ୍ବଗାଁ ଗ୍ରାମର ଧନପତି ଗଣ୍ଡାଙ୍କ ନାମରେ ରହିଛି । ସେ ସମୟରେ ଶ୍ରୀ ଗଣ୍ଡା ବିଦ୍ୟାଳୟ ନିର୍ମାଣ ପାଇଁ ଦାନ ସୂତ୍ରରେ ଜମି ଦେଇ ଏକ ଚୁକ୍ତିନାମା ଲେଖି ଦେଇଥିଲେ; କିନ୍ତୁ ଦୀର୍ଘ ବର୍ଷ ପରେ ମଧ୍ୟ ଆଜି ପର୍ଯ୍ୟନ୍ତ ଜମିର ମାଲିକାନା ଅପରିବର୍ତ୍ତିତ ରହିଛି । ଏହାଫଳରେ ତାଙ୍କ ବଂଶଧରମାନେ ସରକାରଙ୍କୁ ଖଜଣା ପୈଠ କରୁଛନ୍ତି । ସୋମବାର ସନ୍ଧ୍ୟାରେ କୌଣସି କାରଣକୁ ନେଇ ତାଙ୍କ ପରିବାର ଲୋକେ ସ୍କୁଲ ଗେଟରେ ତାଲା ପକାଇ ଦେଇଥିଲେ । ଏଥିଯୋଗୁଁ ବିଦ୍ୟାଳୟର ଛାତ୍ରଛାତ୍ରୀ ଓ ଅଭିଭାବକ ଅସନ୍ତୋଷ ପ୍ରକାଶ କରି ୪୧ ନମ୍ବର ରାଜ୍ୟ ରାଜପଥ ଅବରୋଧ କରି ଅନଶନରେ ବସିଥିଲେ । ଏହା ଫଳରେ ଲୋକଙ୍କ ଯାତାୟାତ ବାଧାପ୍ରାପ୍ତ ହୋଇଥିଲା । ରାସ୍ତାର ଉଭୟ ପାର୍ଶ୍ୱରେ ଗାଡ଼ିମଟର ଅଟକି ରହିଥିଲା । ଖବର ପାଇ କଣ୍ଟାମାଳ ବିଇଓ ଅଶୋଭ ରଞ୍ଜନ ମାଲି ଓ ଘଣ୍ଟାପଡା ପୁଲିସ ଘଟଣା ସ୍ଥଳରେ ପହଞ୍ଚି ଅନଶନକାରୀଙ୍କ ସହ ଆଲୋଚନା କରିଥିଲେ ।

ସ୍ଥାୟୀ ସମାଧାନ ପାଇଁ ବିଦ୍ୟାଳୟ ପରିଚାଳନା କମିଟି ଏବଂ ଗ୍ରାମବାସୀ ଅଡି ବସିଥିଲେ । ତହସିଲଦାର, ଜିଲ୍ଲା ଶିକ୍ଷାଧିକାରୀ ଏବଂ ଜିଲ୍ଲାପାଳଙ୍କୁ ସମସ୍ୟା ଜଣାଇବା ସହ ଏହାର ସ୍ଥାୟୀ ସମାଧାନ ପାଇଁ ବ୍ୟବସ୍ଥା କରାଯିବ ବୋଲି ବିଇଓ ଶ୍ରୀ ମାଲି ପ୍ରତିଶ୍ରୁତି ଦେଇଥିଲେ । ଏହାପରେ ଅଭିଭାବକ ଏବଂ ଛାତ୍ରଛାତ୍ରୀ ଅନଶନରୁ ଉଠିଥିଲେ । ଅନ୍ୟପକ୍ଷରେ ଧନପତି ଗଣ୍ଡାଙ୍କ ପୁଅ ଜଗଲ ବିଭାର, ବୋହୂ କକେୟା ବିଭାର, ନାତି ରୋହିତ ବିଭାର ଏବଂ ତାଙ୍କ ପରିବାର ଲୋକ କହିଛନ୍ତି ଯେ ସେମାନେ ଜମିହୀନ । ଏଣୁ ସରକାରୀ ଜମି ଦଖଲ କରିଥିଲେ; କିନ୍ତୁ ସୋସାଇଟି କାର୍ଯ୍ୟାଳୟ ନିର୍ମାଣ ପାଇଁ ଉଚ୍ଛେଦ କରାଗଲା । ଏବେ ସେମାନେ କେମିତି ଚଳିବେ । ତେଣୁ ତାଙ୍କ ପୈତୃକ ଜମିରେ ବିଦ୍ୟାଳୟ ନିର୍ମାଣ ହୋଇଥିବାରୁ ତାଙ୍କ ପରିବାରକୁ ଫେରାଇ ଦେବାକୁ ସେମାନେ ଅନୁରୋଧ କରିଛନ୍ତି ।

## ଭୈରବୀ ମହୋତ୍ସବର ଦ୍ୱିତୀୟ ସନ୍ଧ୍ୟା

ପୁରୁଣାକଟକ,୧୯ ।୧୧(ସମିସ): ବୌଦ୍ଧ ଜିଲ୍ଲା ପୁରୁଣାକଟକ ମିନି ଷ୍ଟାଡିୟମରେ ବୌଦ୍ଧ ଜିଲ୍ଲାର ଅଧିଷ୍ଠାତ୍ରୀ ଦେବୀ ତଥା ପୁରୁଣାକଟକବାସିନୀ ମାଁ ଭୈରବୀଙ୍କ ନାମରେ ନାମିତ ପଞ୍ଚମ ରାଜ୍ୟସ୍ତରୀୟ ମାଁ ଭୈରବୀ ମହୋତ୍ସବ ମଙ୍ଗଳବାର ଉଦ୍‌ଘାଟିତ ହୋଇଛି । ବୁଧବାର ଦ୍ୱିତୀୟ ଦିବସରେ ହରଭଙ୍ଗା ବିଡିଓ ବିଜୟ ପ୍ରଧାନ, ତହସିଲଦାର ବଳଦେବ ବେହେରା, ପୁରିଣାକଟକ ଥାନା ଅଧିକାରୀ ଅରୁଣ କୁମାର ସିଂ ପ୍ରମୁଖ ଅତିଥି ଭାବେ ଯୋଗ ଦେଇଥିଲେ ।

## ପରିବହନ ବିଭାଗ, ପୁଲିସ ପକ୍ଷରୁ ଗାଡ଼ିମୋଟର ଯାଞ୍ଚ

ଶଡଡା,୧୯ ।୧୧(ସମିସ): ମନମୁଣ୍ଡା ପୁଲିସ ପକ୍ଷରୁ ୫୭ ନମ୍ବର ଜାତୀୟ ରାଜପଥର ମସିଣାପଡ଼ା ବୁଲାଣି ନିକଟରେ ଗାଡିମୋଟର ଯାଞ୍ଚ କରାଯାଇଛି । ହେଲମେଟ ଓ ମଦ୍ୟପାନ କରି ଗାଡି ଚଳାଇବା ଆଦି ଉପରେ ପଦକ୍ଷେପ ନିଆଯାଇଥିଲା । ଶୂନ୍ୟ ମୃତ୍ୟୁ ପକ୍ଷ ଉପଲକ୍ଷେ ବୌଦ୍ଧ ଆଞ୍ଚଳିକ ପରିବହନ ବିଭାଗ ଓ ପୁଲିସ ପକ୍ଷରୁ ମିଳିତ ଭାବେ ଏହି ଯାଞ୍ଚ ଆରମ୍ଭ କରାଯାଇଥିଲା । ବଢୁଥିବା ଦୁର୍ଘଟଣାକୁ କମାଇବା ପାଇଁ ମଦ୍ୟପ ଗାଡି ଚାଳକଙ୍କୁ କଡାକଡି ଯାଞ୍ଚ କରାଯାଇଥିଲା । ଆଲକହଲ ପରୀକ୍ଷା କରାଯିବା ସହ ମଦ୍ୟପ ଗାଡି ଚାଳକଙ୍କ ଉପରେ ମୋଟା ଅଙ୍କର ଜରିମାନା ଆଦାୟ କରାଯାଇ କଡା କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇଥଲା ।

## ପିଏମ୍ କିଷାନ ସମ୍ମାନନିଧି ବିତରଣ

ବୌଦ୍ଧ,୧୯ ।୧୧(ସମିସ): ବୌଦ୍ଧ ପାଲଝାରସ୍ଥିତ ଜାତୀୟ ଉଦ୍ୟାନ କୃଷି ଗବେଷଣା ଓ ଉନ୍ନୟନ କେନ୍ଦ୍ରଠାରେ ୨୧ତମ କିସ୍ତି ପିଏମ କିଷାନ ସମ୍ମାନ ନିଧି ପ୍ରଦାନ କରାଯାଇଛି । ବୌଦ୍ଧ କୃଷି ବିଜ୍ଞାନ କେନ୍ଦ୍ର ଓ ଜିଲ୍ଲା କୃଷି ଓ କୃଷକ ସଶକ୍ତିକରଣ ବିଭାଗ ମିଳିତ ଆନୁକୂଲ୍ୟରେ ଏହା ଅନୁଷ୍ଠିତ ହୋଇଥିଲା । କୃଷି ବିଜ୍ଞାନ କେନ୍ଦ୍ର ବରିଷ୍ଠ ବୈଜ୍ଞାନିକ ଓ ମୁଖ୍ୟ ତପନ ଦାସ ଏଥିରେ ଅଧ୍ୟକ୍ଷତା କରିଥିଲେ । ମୁଖ୍ୟ ଅତିଥି ଭାବେ ଅତିରିକ୍ତ ଜିଲ୍ଲାପାଳ ଅନିରୁଦ୍ଧ ପ୍ରଧାନ, ସମ୍ମାନିତ ଅତିଥି ଭାବେ ଜିଲ୍ଲା ମୁଖ୍ୟ କୃଷି ଅଧିକାରୀ ପି ଭେଙ୍କଟ ରମଣ ରାଓ, ବୌଦ୍ଧ ବ୍ଲକ ଅଧ୍ୟକ୍ଷ ପ୍ରିୟଦର୍ଶୀ ପ୍ରତ୍ୟୁଷ ରଥ, ପ୍ରକଳ୍ପ ନିର୍ଦ୍ଦେଶକ ଚିନ୍ତାମଣି ଜେନା, ସୁଶାନ୍ତ ବାଘ ପ୍ରମୁଖ ଯୋଗ ଦେଇଥିଲେ । କୃଷି ବିଜ୍ଞାନ କେନ୍ଦ୍ରର କୃଷି ବୈଜ୍ଞାନିକ ସସ୍ମିତା ପାଳ, ଡ. ସମାପିକା ଦଲାଇ, କବିତା ମିଶ୍ର ପ୍ରମୁକ ସହଯୋଗ କରିଥିଲେ ।

## ତରଭା ବ୍ଲକ୍‌ସ୍ତରୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା

ତରଭା,୧୯ ।୧୧ (ସମିସ): ତରଭା ହାଇସ୍କୁଲ ଖେଳ ପଡିଆରେ ତରଭା ବ୍ଲକସ୍ତରୀୟ ମତ୍ସ୍ୟ ଓ



ପ୍ରାଣୀ ସମ୍ପଦ ମେଳା ଅନୁଷ୍ଠିତ ହୋଇଯାଇଛି । ଜିଲ୍ଲା ପରିଷଦ ସଭାପତି ସୁପାର ଠେଲା ଏହି କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରିଥିଲେ । ଅତିରିକ୍ତ ଜିଲ୍ଲାପାଳ ଶ୍ରୀମତୀ ଅଞ୍ଜଳିନ ପଧାନଙ୍କ ଅଧ୍ୟକ୍ଷତାରେ ଆୟୋଜିତ ସଭାରେ ଜିଲ୍ଲା ମୁଖ୍ୟ ଜନ ସ୍ୱାସ୍ଥ୍ୟ ଅଧିକାରୀ ଡା ଉଷାରାଣୀ ଦାସ, ପଞ୍ଚାୟତ ସମିତି ଅଧ୍ୟକ୍ଷ ସରୋଜ କମ୍ପ, ତରଭା ବିଜ୍ଞାପିତ ଅଞ୍ଚଳ ପରିଷଦ ଅଧ୍ୟକ୍ଷା ବନ୍ଦିତା ନାୟକ, ଜିଲ୍ଲା ମତ୍ସ୍ୟ ଅଧିକାରୀ ବିଜୟ ସାହୁ, ବିଡିଓ ଗଙ୍ଗାରାମ ବୁଡେକ, ଜିଲ୍ଲା ମୁଖ୍ୟ ପ୍ରାଣୀଚିକିତ୍ସା ଅଧିକାରୀ ଡା ରଞ୍ଜନ ଦାସ ପ୍ରମୁଖ ଅତିଥି ଭାବେ ଯୋଗ ଦେଇଥିଲେ । ଡାକ୍ତର ସୁବ୍ରତ ପୁରୋହିତଙ୍କ ସଂଯୋଜନାରେ ଅନୁଷ୍ଠିତ ଏଡି ସଭାରେ ତରଭା ବ୍ଲକର ସମସ୍ତ ପଞ୍ଚାୟତରୁ ୪୫୦ରୁ ଅଧିକ ମତ୍ସ୍ୟଜୀବୀ ଏବଂ ପ୍ରାଣୀ ପାଳକ ତଥା ସ୍ୱୟଂ ସହାୟକ ଗୋଷ୍ଠୀ ଦଳର ମାଁମାନେ ଅଂଶ ଗ୍ରହଣ କରିଥିଲେ । ଏହି ଅବସରରେ ବସାଶଙ୍କରର କୌଶଲ୍ୟା ସାଣ୍ଟ, ସାଗରପାଲିର ଆରତୀ କୁମ୍ଭାର, ଅରଖପଦରର ମା’ ଲକ୍ଷ୍ମୀ ଏସଏଚ୍‌ଜି, ଖଇରଭାଡ଼ିର ଗୀତାଞ୍ଜଳି ରଣା, ସରଗଜର ପ୍ରଭାସିନୀ ମିଶ୍ର, କଦଳୀପାଲିର କଳ୍ପନା ବିଶି, ରାଣୀସାରଡ଼ାର ମା ସରସ୍ୱତୀ ଏସଏଚଜିକୁ ପୁରସ୍କୃତ କରାଯାଇଥିଲା । ଉଲୁଣ୍ଡା ସହକାରୀ ମତ୍ସ୍ୟ ଅଧିକାରୀ ଶ୍ରବଣ କହଁର, ସୁବର୍ଣ୍ଣପୁର କନିଷ୍ଠ ମତ୍ସ୍ୟ ଉନ୍ନୟନ ଅଧିକାରୀ ଚିତ୍ତରଞ୍ଜନ ରାଉତ, ଜିଲ୍ଲା ମୁଖ୍ୟ ମତ୍ସ୍ୟ ଅଧିକାରୀ ବିଜୟ ସାହୁ, ଅତିରିକ୍ତ ଜିଲ୍ଲା ପ୍ରାଣୀ ଚିକିତ୍ସା ଅଧିକାରୀ ଡା ସୁଧିର ପଣ୍ଡା, ଡା. ମୃତ୍ୟୁଞ୍ଜୟ ମହାନ୍ତି, ଡା ଶଙ୍କର୍ଷଣ ମାହୁନ୍ତ, ଉପଖଣ୍ଡ ପ୍ରାଣୀ ଚିକିତ୍ସାଧିକାରୀ ଡା. ଦୁର୍ଗା ପ୍ରସାଦ ତ୍ରିପାଠୀ, ବୀରମହାରାଜପୁର ଉପଖଣ୍ଡ ପ୍ରାଣୀ ଚିକିତ୍ସା ଅଧିକାରୀ ଡା କୃଷ୍ଣଚନ୍ଦ୍ର ମହନ୍ତ ପ୍ରମୁଖ ଯୋଗ ଦେଇ ଚାଷୀଙ୍କୁ ମତ୍ସ୍ୟ ଚାଷ ଓ ପ୍ରାଣୀ ପାଳନ ସମ୍ପର୍କିତ ବିଭିନ୍ନ ଉପାଦେୟ ତଥ୍ୟ ପ୍ରଦାନ କରିଥିଲେ । ଏହି ଅବସରରେ ସ୍ଥାନୀୟ ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିରର ଛାତ୍ରଛାତ୍ରୀଙ୍କ ଦ୍ୱାରା ସ୍ୱାଗତ ସଙ୍ଗୀତ ଗାନ କରାଯାଇଥିଲା । ସ୍ଥାନୀୟ କଳାକାରଙ୍କ ଦ୍ୱାରା ଦୁଲ୍‌ଦୁଲି ନୃତ୍ୟ ଆଦି ସାଂସ୍କୃତିକ କାର୍ଯ୍ୟକ୍ରମ ମାଧ୍ୟମରେ ସରକାରୀ ଯୋଜନା ସମୂହର ପ୍ରଚାର ପ୍ରସାର କରାଯାଇଥିଲା । ବ୍ଲକ ପ୍ରାଣୀ ଚିକିତ୍ସା ଅଧିକାରୀ ଡ଼ା. ହରିହର ଧାରୁଆ, ଡା ଜନ୍ମଜୟ ମହାଲିକ, ଡା. ରାକେଶ ହର୍ପାଲ, ଡା. ଅରୁଣ ସାହୁ, ଡା. ଶୁଭାକାଂକ୍ଷା ବେହେରା, ଡା. ସଂଜୀବନୀ ବୁଡେକ୍, ଡା. ଶ୍ୟାମସୁନ୍ଦର ପାଣ୍ଡେ, ଡା. ଝାସକେତ ପଶାୟତ, ବିଭୂତି ଭୂଷଣ ସାହୁ, ଦେବେନ୍ଦ୍ର ସାହୁ ପ୍ରମୁଖ ବିଭିନ୍ନ ଦାୟିତ୍ୱ ତୁଲାଇଥିଲେ ।

## ମହାନଦୀ ନେତ୍ର ଚିକିତ୍ସାଳୟରେ ଶିବିର

ବୀରମହାରାଜପୁର,୧୯ ।୧୧(ସମିସ): ମହାନଦୀ ନେତ୍ର ଚିକିତ୍ସାଳୟରେ ଜିଲ୍ଲା ଲେପ୍ରା ସୋସାଇଟି ଆନୁକୂଲ୍ୟରେ ପ୍ରଶିକ୍ଷଣ ଶିବିର ଅନୁଷ୍ଠିତ ହୋଇଛି । ଏଥିରେ ଓଡିଶା, ମହାରାଷ୍ଟ୍ର, ଆସାମ, ଝାଡ଼ଖଣ୍ଡ, ଆନ୍ଧ୍ରପ୍ରଦେଶ, ତେଲେଙ୍ଗାନା, ବିହାରରୁ ୭୦ଜଣ ଯୋଗ ଦେଇଥିଲ । ଲେପ୍ରା ସୋସାଇଟି ମୁଖ୍ୟ କାର୍ଯ୍ୟ ନିର୍ବାହୀ ପ୍ରଶାନ୍ତ ନାଏକ ଏଥିରେ ଅଧ୍ୟକ୍ଷତା କରିଥିଲେ । ରଜନୀକାନ୍ତ ସିଂହ, ନବୀନ ଶଙ୍ଗେଲ, କାମେଶ୍ୱର ରାଓ, ସତୀଶ ଚୌଧୁରୀ ପ୍ରମୁଖ ପ୍ରଶିକ୍ଷଣ ଦେଇଥିଲେ । ରାଜ୍ୟ ଲେପ୍ରା ସୋସାଇଟିର ଗୋରେଖନାଥ ସାହୁ, ମହାନଦୀ ନେତ୍ର ଚିକିତ୍ସାଳୟର ମୁଖ୍ୟ ଡା. ଦେବେନ୍ଦ୍ର ସାହୁ ଅତିଥି ଭାବେ ଯୋଗ ଦେଇଥିଲେ । ଡ. ଋତୁପର୍ଣ୍ଣା ହୋତା ଏବଂ ଅମୃତା ସିଂ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ ବୋଲି ମହାନଦୀ ଚିକିତ୍ସାଳୟର ସୂଚନା ଲୋକ ସମ୍ପର୍କ ଅଧିକାରୀ ଜି. ଗୋପାଳ କହିଛନ୍ତି ।

## ଦୁର୍ଘଟଣାରେ ବୃଦ୍ଧଙ୍କ ମୃତ୍ୟୁ ନେଇ ଉତ୍ତେଜନା



ବିନିକା,୧୯ ।୧୧(ସମିସ): ବୁଧବାର ସକାଳେ ନିକଟସ୍ଥ ଏକ ନାଳକୁ ଗାଧୋଇବାକୁ ଯାଉଥିବା ବେଳେ ଜଣେ ବୃଦ୍ଧାଙ୍କୁ ଗୋଟିଏ ଟ୍ରକ୍ ଧକ୍କା ଦେବାରୁ ଘଟଣାସ୍ଥଳରେ ହିଁ ତାଙ୍କ ଜୀବନ ଚାଲିଯାଇଛି । ମୃତକ ହେଲେ ସିଂହିଯୁବା ଗ୍ରାମର ବୃଦ୍ଧ ପୁରସ୍ତମ ନେପାଳ (୭୦) । ସମଲେଇ ମନ୍ଦିର ନିକଟରେ ବରପାଲି ରାମପୁର ପଟରୁ ଆସୁଥିବା ଏକ ଅମୁଲ ବୋଝେଇ ଟ୍ରକ୍ ତାଙ୍କୁ ଧକ୍କା ଦେଇଥିଲା । ସେ ରାସ୍ତା ଉପରେ ଛିଟିକି ପଡ଼ିଥିଲେ । ସେଠାରେ ହିଁ ତାଙ୍କର ପ୍ରାଣବାୟୁ ଉଡି ଯାଇଥିଲା । ଘଟଣା ପରେ ଉତ୍ୟକ୍ତ ଲୋକେ ଟ୍ରକକୁ ଅଟକାଇ କ୍ଷତିପୂରଣ ଦାବିରେ ଗ୍ରାମବାସୀ ରାସ୍ତାରୋକ ଥିଲେ । ୪ ଘଣ୍ଟା ଧରି ଆନ୍ଦୋଳନ ଚାଲିଥିଲା । ଶେଷରେ ବିନିକା ପୁଲିସ ସହ ଘଟଣାସ୍ଥଳରେ ବିନିକା ତହସିଲଦାର, ଜିଲ୍ଲା ପରିବହନ ଅଧିକାରୀ ପହଞ୍ଚି ଆନ୍ଦୋଳନକାରୀଙ୍କ ସହ ଆଲୋଚନା କରିଥିଲେ । ରେଡକ୍ରସ ପାଣ୍ଠିରୁ ୨୦ହଜାର ଟଙ୍କା ଦେବାକୁ ତହସିଲଦାର କଥା ଦେଇଥିଲେ । ସେହିଭଳି ହରିଶ୍ଚନ୍ଦ୍ର ଯୋଜନାରୁ ୩ହଜାର ଟଙ୍କା ଦେବାକୁ ସ୍ଥାନୀୟ ସରପଞ୍ଚ ପ୍ରତିଶ୍ରୁତି ଦେଇଥିଲେ । ଅନ୍ୟପକ୍ଷେ ଦୁର୍ଘଟଣା ସ୍ଥଳକୁ ଆକ୍ସିଡେଣ୍ଟ ପ୍ଲେସ୍ ଅର୍ଥାତ୍ ବ୍ଲାକସ୍ପଟ୍ ଭାବେ ଘୋଷଣା କରିବାକୁ ପୁଲିସ କହିବା ପରେ ରାସ୍ତାରୋକ ପ୍ରତ୍ୟାହାର ହୋଇଥିଲା । ଶେଷରେ ବୃଦ୍ଧଙ୍କ ଶବ ବ୍ୟବଚ୍ଛେଦ ପରେ ପରିବାରବର୍ଗଙ୍କୁ ହସ୍ତାନ୍ତର କରାଯାଇଥିଲା ।

## ୟୁଥ୍ ରେଡ୍‌କ୍ରସ୍ ପ୍ରଶିକ୍ଷଣ ଶିବିର କାର୍ଯ୍ୟକ୍ରମ




ହରଭଙ୍ଗା/ପୁରୁଣାକଟକ, ୧୯ ।୧୧ (ସମିସ): ହରଭଙ୍ଗା ଆଞ୍ଚଳିକ ପଞ୍ଚାୟତ ଉଚ୍ଚମାଧ୍ୟମିକ ବିଦ୍ୟାଳୟରେ ୟୁଥ ରେଡ଼କ୍ରସ ଶାଖାର ଏକ ପ୍ରଶିକ୍ଷଣ ଶିବିର ଅନୁଷ୍ଠିତ ହୋଇଯାଇଛି ।

ଭୈରବୀ ଡିଗ୍ରୀ କଲେଜର ଅଧ୍ୟାପକ ସୁରେଶ୍ୱର ଯୋଶୀ ଯୋଗଦେଇ ଛାତ୍ରଛାତ୍ରୀଙ୍କୁ ବିଭିନ୍ନ କୌଶଳ ମାଧ୍ୟମରେ କିପରି ରୋଗୀଙ୍କୁ ଡାକ୍ତରଖାନା ନିଆ ଯାଇପାରିବ ପ୍ରଶିକ୍ଷଣ ଦେଇଥିଲେ । ଅଧ୍ୟାପକ ସୁଦାମ ଚରଣ ପୃଷ୍ଟିଙ୍କ ସଂଯୋଜନାରେ ରେଡ଼କ୍ରସର ପ୍ରତିଷ୍ଠାତା ହେନେରୀ ଡୋନାଣ୍ଟଙ୍କ ପ୍ରତିମୂର୍ତ୍ତିରେ ପୁଷ୍ପମାଲ୍ୟ ଅର୍ପଣ କରାଯାଇଥିଲା । ଅଧ୍ୟକ୍ଷ ହିମାଂଶୁ ଶେଖର ରାଉତ କାର୍ଯ୍ୟକ୍ରମର ଆଭିମୁଖ୍ୟ ସମ୍ପର୍କରେ ସୂଚନା ପ୍ରଦାନ କରିଥିଲେ । ବିଦ୍ୟାଳୟ ରେଡ଼କ୍ରସ ଶାଖାର କାଉନସିଲର କୁଶଧ୍ୱଜ ମହାକୁଡ଼ଙ୍କ ସମେତ ଅଧ୍ୟାପକ ମନୋଜ ପ୍ରହରାଜ, ସୁବାସ ସୁରିନ ଓ ସମସ୍ତ କର୍ମଚାରୀ ଅଂଶଗ୍ରହଣ କରିଥିଲେ । ଅଧ୍ୟାପିକା ସସ୍ମିତା ହାଁସଦା ଧନ୍ୟବାଦ ଅର୍ପଣ କରିଥିଲେ ।

ମା' ଭୈରବୀ ଫୁଟ୍‌ବଲ୍ ପ୍ରତିଯୋଗିତା

# ବଢିଗାଁକୁ ହରାଇ ମୁର୍ଶୁଣ୍ଡି ଚାମ୍ପିଅନ

ବୌଦ୍ଧ,୧୯ ।୧୧(ସମିସ)



ବୌଦ୍ଧ ବ୍ଲକ୍ ବଢ଼ିଗାଁ ପଞ୍ଚାୟତ ଇଚ୍ଛାପୁର ଖେଳପଡ଼ିଆରେ ଚାଲିଥିବା ମା' ଭୈରବୀ ଫୁଟବଲ୍ ପ୍ରତିଯୋଗିତାର ଚତୁର୍ଥ ଦିନ ଫାଇନାଲ ଖେଳ ମୁର୍ଶୁଣ୍ଡି ଓ ବଢ଼ିଗାଁ ମଧ୍ୟରେ ଅନୁଷ୍ଠିତ ହୋଇଯାଇଛି । ଏଥିରେ ଉଭୟ ଦଳ ୧-୧ ଗୋଲ୍ ଦେବାରୁ ଖେଳ ଅମୀମାଂଶିତ ହୋଇଥିଲା । ଏହାଫଳରେ ଟାଇ ବେକର ସାହାଯ୍ୟରେ ମୁର୍ଶୁଣ୍ଡି ଦଳ ୪-୩ ଗୋଲରେ ବିଜୟୀ ହୋଇ ଚାମ୍ପିଅନ ହୋଇଥିଲା । ଏହି ଅବସରରେ ଆୟୋଜିତ ପୁରସ୍କାର ବିତରଣ ଉତ୍ସବରେ ମୁଖ୍ୟଅତିଥି ଭାବେ ବୌଦ୍ଧ ବିଧାୟକ ସରୋଜ ପ୍ରଧାନ, ସମ୍ମାନିତ ଅତିଥି ଭାବେ ବଢ଼ିଗାଁ ସରପଞ୍ଚ ସିଦ୍ଧେଶ୍ୱର ପ୍ରଧାନ, ପୂର୍ବତନ ସରପଞ୍ଚ ପ୍ରଫୁଲ୍ଲ ପାଢ଼ୀ, ବନ୍ଧାପଥର ସମିତି ସଭ୍ୟ ତରଣୀ ବାରିକ ଯୋଗ ଦେଇଥିଲେ । ଅମିତ ନାଏକ, ଚନ୍ଦନ ମହାରଣା, ସମୀର ପ୍ରଧାନ, ମାନସ ରଣା ଖେଳ ପରିଚାଳନା କରିଥିଲେ । ତେଜ ସମର ସାହୁ ଓ ମାନସ ରଣା ଧାରାବିବରଣୀ ପ୍ରଦାନ କରିଥିଲେ ।

୪ ଦିନ ଧରି ଚାଲିଥିବା ଏହି ଫୁଟବଲ ପ୍ରତିଯୋଗିତାରେ ସରସରା, ମୁର୍ଶୁଣ୍ଡି, ଗିରାସିଙ୍ଗା, ବଡବନ୍ଧ, ବଲାସିଙ୍ଗା, ମୁଣ୍ଡାପଡା, ବଢ଼ିଗାଁ, ବିରିଗଡ଼ ଆଦି ଦଳ ଅଂଶଗ୍ରହଣ କରିଥିଲେ । ଭୈରବୀ କ୍ଲବ୍‌ର ସଭାପତି ଅମିୟ ପଟ୍ଟନାୟକଙ୍କ ନେତୃତ୍ୱରେ ସଭ୍ୟ ମୁକେଶ ପଟ୍ଟନାୟକ, ପ୍ରତ୍ୟୁଷ ବାରିକ, ସତ୍ୟବାନ ପ୍ରଧାନ, ମାନସ ମହାରଣା, ଅ।।ନ ସାହୁ, ରାକେଶ ପୂଝାରୀ, କୃଷ୍ଣଚନ୍ଦ୍ର ବିଶି, ସୁବ୍ରତ ପଣ୍ଡା, ଲିଣ୍ଟୁ ସାହୁ, କାହ୍ନା ପଟ୍ଟନାୟକ, ରବୀନ୍ଦ୍ର ପ୍ରଧାନ, କୁନା ପ୍ରଧାନ, ଗଗନ ସାହୁ, ଦିଗନ୍ତ ପ୍ରଧାନ ପ୍ରମୁଖ ଏହି ଫୁଟବଲ ପ୍ରତିଯୋଗିତା ପରିଚାଳନାରେ ସହଯୋଗ କରିଥିଲେ ।

# ସୁରଭିରେ ବୁଟୁପାଲି ବିଦ୍ୟାଳୟର ସଫଳତା



ବୌଦ୍ଧ,୧୯ ।୧୧(ସମିସ): ଭୁବନେଶ୍ୱରରେ ଅନୁଷ୍ଠିତ ରାଜ୍ୟସ୍ତରୀୟ ସୁରଭି କାର୍ଯ୍ୟକ୍ରମରେ ବୌଦ୍ଧ ସହରର ବୁଟୁପାଲି ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ସଫଳତା ପାଇଛି । ଏହି ବିଦ୍ୟାଳୟ ସାଂସ୍କୃତିକ ଦଳରେ ସ୍ୱତନ୍ତ୍ର ପ୍ରଥମ ପୁରସ୍କାର ପାଇଛି । ଭୁବନେଶ୍ୱର ୟୁନିଟ୍ -୨ ସରକାରୀ ଉଚ୍ଚ ବିଦ୍ୟାଳୟରେ ଆୟୋଜିତ ଏହି ସୁରଭି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ରାଜ୍ୟ ଶିକ୍ଷାମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ ଯୋଗଦେଇ ବିଜୟୀ ଦଳକୁ ପୁରସ୍କୃତ କରିଥିଲେ । ବିଦ୍ୟାଳୟର ପ୍ରଧାନ ଶିକ୍ଷକ ସନ୍ତୋଷ ପାଣିଗ୍ରାହୀଙ୍କ ରଚିତ ଗୀତରେ ପ୍ରେମଜିତ ଝାଙ୍କର କୋରିଓଗ୍ରାଫି କରିଥିବାବେଳେ ବ୍ରହ୍ମା କୁମାର ମ୍ୟୁଜିକ ଦେଇଥିଲେ । ଶିକ୍ଷୟିତ୍ରୀ ମଧୁଶ୍ରୀ ଦେବୀ ସହଯୋଗ କରିଥିଲେ ।

# ମଣ୍ଡି ଆରମ୍ଭ ପୂର୍ବରୁ ଧାନ ଚୋରା ଚାଲାଣ



**ଧର୍ମଗଡ଼, ୧୯ ।୧୧(ସମିସ):** କଳାହାଣ୍ଡିରେ ଚଳିତ ବର୍ଷ ଖରିପ ଧାନକ୍ରୟ ପାଇଁ ଆସନ୍ତା ୨୯ ତାରିଖରେ ମଣ୍ଡି ଖୋଲିବା ନେଇ ସୂଚନା ରହିଛି । ତେବେ ମଣ୍ଡି ଆରମ୍ଭ ପୂର୍ବରୁ ଧର୍ମଗଡ଼ ଅଞ୍ଚଳରେ ମାତିଛନ୍ତି ଦଲାଲ । ଚାଷୀଙ୍କ ଠାରୁ କମ୍ ଦାମରେ ଧାନ କିଣି ଦିନ ଦ୍ୱିପ୍ରହରରେ ପଡୋଶୀ ରାଜ୍ୟ ଛତିଶଗଡ଼କୁ ଚାଲାଣ କରୁଥିବା ଦେଖିବାକୁ ମିଳିଛି । ଦୈନନ୍ଦିନ ଧର୍ମଗଡ଼ ବୋଡ଼ର ଅଞ୍ଚଳ ବେହେରାଗୁଡ଼ା, ପାଇକପଡ଼ା, ସେମଲା, ପଲସପାନି, ପର୍ଲା, ହାତୀପଖାନ୍ ଆଦି ଗ୍ରାମ ଦେଇ ଦୈନନ୍ଦିନ ଶହ ଶହ କୁଇଣ୍ଟାଲ ଧାନ ଚୋରାଚାଲାଣ ହେଉଛି । ଅନ୍ୟପଟେ କିଛି ଆର୍‌ଏମସି କର୍ମଚାରୀ ଦଲାଲଙ୍କ ସହ ମିଳିଭଗତରେ ଚୋରାଚାଲାଣ ହେଉଥିବା ଚର୍ଚ୍ଚା ହେଉଛି । ଧାନ ଚୋରାଚାଲାଣ ରୋକିବା ପାଇଁ ପ୍ରଶାସନ ପକ୍ଷରୁ ପର୍ଲା ଓ ପାଇକପଡ଼ା ଠାରେ ଦୁଇଟି ଚେକ୍ ପୋଷ୍ଟ କରାଯାଉଛି । ତଥାପି ମଧ୍ୟ ବେନିୟମ ଭାବେ ଚାଲାଣ କାଟି ପଡୋଶୀ ରାଜ୍ୟ ଛତିଶଗଡ଼ ବେପାରୀଙ୍କୁ ଧାନ ଚାଲାଣରେ ସହଯୋଗ କରୁଥିବା ଚର୍ଚ୍ଚା ହେଉଛି ।ଜିଲ୍ଲା ପ୍ରଶାସନ ଦୃଷ୍ଟି ଦେବାକୁ ଅଞ୍ଚଳବାସୀ ଦାବି କରିଛନ୍ତି ।

## ଫେଲ୍ ମାରୁଛି ମୂଲ୍ୟବୋଧଭିତ୍ତିକ ଶିକ୍ଷା ବ୍ୟବସ୍ଥା

# ଶିଶୁବାଟିକା ଛାତ୍ରଛାତ୍ରୀଙ୍କୁ ପୋଷାକ ଦେଇପାରୁନାହାନ୍ତି ସରକାର

**ଭବାନୀପାଟଣା, ୧୯ ।୧୧ (ସମିସ)**

ବିଦ୍ୟାଳୟରେ ସମତା ପ୍ରତିଷ୍ଠା କରିବା ଦିଗରେ ରାଜ୍ୟ ଗଣଶିକ୍ଷା ବିଭାଗର ଅସଫଳତା ଏବେ ଚର୍ଚ୍ଚାର ବିଷୟ ହୋଇଛି । ପ୍ରଥମ ଶ୍ରେଣୀରୁ ଦଶମ ଶ୍ରେଣୀ ପର୍ଯ୍ୟନ୍ତ ଛାତ୍ର ଛାତ୍ରୀମାନେ ସ୍କୁଲ ୟୁନିଫର୍ମ ପୋଷାକ ପରିଧାନ କରୁଥିବା ବେଳେ ଶିଶୁ ବାଟିକା ଛାତ୍ରଛାତ୍ରୀଙ୍କ ଉଦ୍ଦେଶ୍ୟରେ କୌଣସି ବ୍ୟବସ୍ଥା ହାତକୁ ନନେବା ଦୁର୍ଭାଗ୍ୟଜନକ । ଅଙ୍ଗୀକାରର ଅଭାବ ଯୋଗୁଁ ଆଭିମୁଖ୍ୟ ସଫଳତା ଲାଭ କରୁନାହିଁ ବୋଲି କୁହାଯାଇଛି । ଫେଲ ମାରୁଛି ମୂଲ୍ୟବୋଧଭିତ୍ତିକ ଶିକ୍ଷା ବ୍ୟବସ୍ଥା । ଶିଶୁ ବାଟିକା ବ୍ୟତୀତ ଅନ୍ୟ ଛାତ୍ରଛାତ୍ରୀଙ୍କୁ ପୋଷାକ, ଯୋତା, ଟି-ସାର୍ଟ, ଟ୍ରାକ୍ ପ୍ୟାଣ୍ଟ, ଟୋପି ଓ ପରିଚୟ ପତ୍ର, ଏକ ହଜାର ଟଙ୍କା ମଧ୍ୟରେ ଦିଆଯିବା ନେଇ ସରକାର ନିଷ୍ପତ୍ତି ନେଇଛନ୍ତି ତେବେ ଶିଶୁ ବାଟିକା କ୍ଷେତ୍ରରେ ଏଭଳି ଅନ୍ୟାୟ କାହିଁକି ? ଶିଶୁମାନଙ୍କ ପ୍ରତି ଅବହେଳା ଏକ ପ୍ରକାର ଅକ୍ଷମଣୀୟ ଅପରାଧ ନୁହେଁ କି ବୋଲି ବିଭିନ୍ନ ମହଲରୁ ପ୍ରଶ୍ନ କରାଯାଉଛି । ବଡ଼ ବଡ ସଭାରେ ଅତି ସୁନ୍ଦର ଚମତ୍କାର ଶୈଳୀରେ ଭାଷଣ ଦିଆଯାଏ ଶିଶୁର ସର୍ବାଙ୍ଗୀନ ଉନ୍ନତି ବିଧାନ ଜାତିର ପରମ କର୍ତ୍ତବ୍ୟ । ଶିଶୁ ହିଁ ଶିକ୍ଷାର ପ୍ରାଣକେନ୍ଦ୍ର । ଶିଶୁ ଆଶା ଭରସାର ପ୍ରତୀକ । କାହିଁକି ଦୀର୍ଘଦିନ ବିତିଯିବା ସତ୍ତ୍ୱେ ଶିଶୁ ବାଟିକାର ପରିକଳ୍ପନା ଅଧୁରା ହୋଇରହିଛି । ଶିକ୍ଷାଦାନ ପାଇଁ ନା ଅଛନ୍ତି ଶିକ୍ଷକ ନା ଶ୍ରେଣୀ ଗୃହ । ଏପରିକି ଶିଶୁ ବାଟିକାରେ ୩୦ରୁ ଉଠରୁ ଛାତ୍ର ଛାତ୍ରୀ ଥିବା ବିଦ୍ୟାଳୟ ପାଇଁ ଜଣେ ସେବିକା ନିଯୁକ୍ତି କରାଯିବ । କିନ୍ତୁ ତାହା ମଧ୍ୟ ପୂରଣ ହେଉନାହିଁ । କଳାହାଣ୍ଡି ଜିଲ୍ଲାରେ ଗତ ଏପ୍ରିଲ ମାସ ୨ତାରିଖରେ ଭବାନୀପାଟଣା ସହରସ୍ଥିତ ବାପୁଜି ଉଚ୍ଚ ପ୍ରାଥମିକ ବିଦ୍ୟାଳୟରୁ ଶିଶୁ ବାଟିକା କାର୍ଯ୍ୟକ୍ରମକୁ ଜିଲ୍ଲାପାଳଙ୍କ ଦ୍ୱାରା ଶୁଭାରମ୍ଭ କରାଯାଇଥିଲା । ବର୍ତ୍ତମାନ ୧୯ ଜଣ ଯୋଜନାରେ କେବଳ ନାମକୁମାତ୍ର ସାମିଲ ହୋଇଛନ୍ତି । ଏହିପରି ଜିଲ୍ଲାର ସମସ୍ତ ବିଦ୍ୟାଳୟରେ ଏକା ଅବସ୍ଥା । ଦୁର୍ଗମ ଉପାନ୍ତ ଅଞ୍ଚଳରେ ସ୍ଥିତି ଆହୁରି ସଙ୍ଗୀନ । ଚଳିତ ବର୍ଷ ଏହି ପୋଷାକ ବଣ୍ଟନ ନୀତିରେ ଅନେକ ବିଲକ୍ଷଣ ରହିଥିବା ଦେଖାଯାଉଛି । ମହିଳା ସ୍ୱୟଂ ସହାୟକ ଗୋଷ୍ଠୀ ଓ ଏମଏସଏମଇ ମାଧ୍ୟମରେ ସିଲେଇ ୟୁନିଟକୁ ମିଶନ ଶକ୍ତି ଯୋଡିବା ପଛର କାରଣ ମହିଳାମାନେ ଆର୍ଥିକ ସ୍ୱାବଲମ୍ବୀ ହୋଇପାରିବେ । ପରିସ୍ଥିତି ଭଲ ନଥିବା କାରଣରୁ ପୋଷାକ ବଣ୍ଟା ଧିମା ଅବସ୍ଥାରେ ରହିଛି । ପ୍ରାୟତଃ ଅଗଷ୍ଟ ପନ୍ଦର କିମ୍ବା ଶିଶୁ ଦିବସ ପୂର୍ବରୁ ଛାତ୍ର ଛାତ୍ରୀମାନେ ନୂଆ ପୋଷାକ ପରିଧାନ କରି ସ୍କୁଲ ଆସିଥାନ୍ତି । ଅଷ୍ଟମ ଶ୍ରେଣୀ ଛାତ୍ରଛାତ୍ରୀ ଆଉ କିଛିଦିନ ପୋଷାକ ପିନ୍ଧିବେ କି ନାହିଁ କହିହେଉନାହିଁ ।କାରଣ ନବମ ଶ୍ରେଣୀ ପାଇଁ ସରକାର ପୋଷାକର ଭିନ୍ନ ନିୟମ ଲାଗୁ କରିଛନ୍ତି । ଶେଷ ପର୍ଯ୍ୟାୟରେ କେତୋଟି ଗ୍ରୁପ ବାଉଳା ଚାଉଳା ହୋଇ ଶେଷରେ ସେହି ପୁରୁଣା ପୋଷାକ ଯୋଗାଉଥିବା ଭେଣ୍ଡର ନିକଟରେ ପହଁଞ୍ଚଠିଚ ମୂଳଚାଲ କରୁଥିବା ନଜିର ରହିଛି । ପ୍ରତି ବ୍ଲକରେ ମିଶନ ଶକ୍ତି ମୁଖିଆମାନେ ପୋଷାକ ବଣ୍ଟନରେ ମହାଜନୀ କାରବାର ଚଳାଇଥିବା ବେଳେ ବ୍ଲକ ଏବିଓମାନେ ମୁଖ୍ୟ କାର୍ପେଟଦାର ସାଜିଥିବା ଅଭିଯୋଗ ହେଉଛି । ଏହି ଯୋଜନାରେ ସମ୍ପୃକ୍ତ ସ୍କୁଲ ପ୍ରଧାନଶିକ୍ଷକଙ୍କୁ ଡାକି କେବଳ ଏଗ୍ରିମେଣ୍ଟ କରାଇଦେଲେ । କାମରେ ଆସୁନି ମାର୍ଗଦର୍ଶିକା ଅନୁସାରେ ପ୍ରଧାନଶିକ୍ଷକ ଓ ସ୍କୁଲ ପରିଚାଳନା କମିଟି ସଭାପତିଙ୍କ ଭୂମିକା । ପୋଷାକ ବଣ୍ଟନରେ ଯେଉଁଭଳି ବିଳମ୍ବ ହେଲାଣି ସେଥିରେ ଷଷ୍ଠ ଓ ଅଷ୍ଟମ ଛାତ୍ରଛାତ୍ରୀ ମାତ୍ର ୩/୪ମାସ ପୋଷାକ ପରିଧାନ କରିବେ କି ନାହିଁ ସନ୍ଦେହ । କାରଣ ମାର୍ଚ୍ଚରେ ସ୍କୁଲ ଗୁଡିକରେ ପରୀକ୍ଷା ଆରମ୍ଭ ହୋଇଥାଏ । ଏଯାବତ ମାତ୍ର ୩୫ ପ୍ରତିଶତ ପୋଷାକ ବଣ୍ଟନ ହୋଇଛି । ରାଜ୍ୟ ଗଣଶିକ୍ଷା ବିଭାଗ ତଥା ଓସେପା ମହିଳାଙ୍କ ସ୍ୱାର୍ଥ ନାଁରେ ଅବ୍ୟବସ୍ଥିତ ଢଙ୍ଗରେ ପୋଷାକ ବଣ୍ଟନ କାର୍ଯ୍ୟ ଚଳାଇ ଆସୁଥିବା ଅନୁମାନ କରାଯାଇଛି । ଏସ୍‌ଏଚଜି ଗ୍ରୁପ ଓ ଏମଏସଏସଇ (ଟେଲରିଂ ୟୁନିଟ୍) ବେପାରକୁ ନେଇ ଦି ପଇସା ରୋଜଗାର ହେବ ଭାବୁ ଭାବୁ ପୋଷାକର ମାନ ଉପରେ କାହାର ଆଉ ଧ୍ୟାନ ରହୁନାହିଁ ବୋଲି ଗୁରୁତର ଅଭିଯୋଗ ହୋଇଛି ।

**ମାନୁନାହାନ୍ତି ସ୍କୁଲ ୟୁନିଫର୍ମ ବଣ୍ଟନ ଲକ୍ଷ୍ମଣରେଖା**

## ପ୍ରଶିକ୍ଷଣ ନେଲେ ସରପଞ୍ଚ, ନିର୍ବାହୀ ଅଧିକାରୀ ଓ ଏଡିଓ

**ବୌଦ୍ଧ, ୧୯ ।୧୧ (ସମିସ):** ବୌଦ୍ଧ ଜିଲ୍ଲା ପରିଷଦ କାର୍ଯ୍ୟାଳୟରେ ଜିଲ୍ଲାର ବିଭିନ୍ନ ପଞ୍ଚାୟତର ସରପଞ୍ଚ, ନିର୍ବାହୀ ଅଧିକାରୀ ଓ ଏଡିଓମାନଙ୍କ ଦୁଇ ଦିନିଆ ପ୍ରଶିକ୍ଷଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇ ଯାଇଛି । ଭୁବନେଶ୍ୱରସ୍ଥିତ ଷ୍ଟେଟ୍ ଇନଷ୍ଟିଚ୍ୟୁଟ ଅଫ ରୁରାଲ ଡେଭଲପମେଣ୍ଟ ଓ ବୌଦ୍ଧ ଜିଲ୍ଲା ପରିଷଦ ମିଳିତ ଆନୁକୂଲ୍ୟରେ ଆୟୋଜିତ ଏହି ତାଲିମ୍ ଶିବିରରେ ସ୍ୱୟଂ ସମ୍ପୂର୍ଣ୍ଣ ପଞ୍ଚାୟତ ଗଠନ ନିମନ୍ତେ ପ୍ରଶିକ୍ଷଣ ପ୍ରଦାନ କରାଯାଇଥିଲା । ଜିଲ୍ଲା ପରିଷଦ ଉନ୍ନୟନ ଅଧିକାରୀ ପ୍ରଭାସ ଚନ୍ଦ୍ର ଦଣ୍ଡସେନା, ଏବିଡ଼ିଓ ସୁଦାମ ଚରଣ ସାମଲ ଏବଂ ବିଭାଗୀୟ ଅଧିକାରୀମାନେ ପ୍ରଶିକ୍ଷଣ ପ୍ରଦାନ କରିଥିଲେ ।

## ସିଦ୍ଧାର୍ଥ ଡିଗ୍ରୀ କଲେଜର ବାର୍ଷିକ କ୍ରୀଡ଼ା

**ବିନିକା, ୧୯ ।୧୧(ସମିସ):** ବିନିକାସ୍ଥିତ ସିଦ୍ଧାର୍ଥ ଡିଗ୍ରୀ ମହାବିଦ୍ୟାଳୟର ବୁଧବାର ବାର୍ଷିକ କ୍ରୀଡା ଅନୁଷ୍ଠିତ ହୋଇଯାଇଛି । ଏହି କ୍ରୀଡା ଉତ୍ସବକୁ କଲେଜ ଅଧ୍ୟକ୍ଷ ଡ. ଧୀରେନ୍ଦ୍ର ନାୟକ ଉଦ୍‌ଘାଟନ କରିଥିଲେ । ଏଥିରେ ମୁଖ୍ୟ ଅତିଥି ଭାବେ ସିଦ୍ଧାର୍ଥ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ଅଧ୍ୟକ୍ଷା ରେଖା ପଧାନ ଯୋଗଦେଇ ଛାତ୍ରଛାତ୍ରୀଙ୍କୁ ସୁସ୍ଥ ଶରୀରର ଉପକାରିତା ପାଇଁ ବିଭିନ୍ନ ପ୍ରକାରର ଖେଳକୁଦ ଭାଗନେଇ ନିଜର ପ୍ରତିଭା ପ୍ରଦର୍ଶନ କରିବା ଆବଶ୍ୟକ ବୋଲି ଦିଗଦର୍ଶନ ଦେଇଥିଲେ । କ୍ରୀଡା ପ୍ରତିଯୋଗିତାରେ କୃତକାର୍ଯ୍ୟ ଛାତ୍ରଛାତ୍ରୀଙ୍କୁ ପୁରସ୍କୃତ କରାଯାଇଥିଲା । ଖେଳ ଶିକ୍ଷକ ନାରାୟଣ ଚୌଧୁରୀ, ନରସିଂହ ସେଠୀ ଓ ମନୋଜ ନାୟକ ପରିଚାଳନା କରିଥିଲେ । ମହିଳା ବିଭାଗରେ ଶ୍ରେଷ୍ଠ ଖେଳାଳି ଭାବେ ପିଙ୍କି ସୁନା ଏବଂ ପୁରୁଷ ବିଭାଗରେ ଶ୍ୟାମଜୀ ସଲମା ବିବେଚିତ ହୋଇଥିଲେ ।

## ୨୩ରେ 'ସକାଳ' ବିତର୍କ ପ୍ରତିଯୋଗିତା

**ବୌଦ୍ଧ, ୧୯ ।୧୧(ସମିସ):** ଦୈନିକ 'ସକାଳ'ର ୫ମ ସ୍ୱନକ୍ଷତ୍ର ଅବସରରେ ବୌଦ୍ଧ ଜିଲ୍ଲାସ୍ତରୀୟ ବିତର୍କ ପ୍ରତିଯୋଗିତା ଆସନ୍ତା ୨୩ ତାରିଖ ରବିବାର ଅନୁଷ୍ଠିତ ହେବ । ବୌଦ୍ଧ ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟଠାରେ ଏହି ପ୍ରତିଯୋଗିତା ଆୟୋଜିତ ହେବ । ଦୁଇଟି ବର୍ଗରେ ପ୍ରତିଯୋଗିତା ହେବ । କନିଷ୍ଠ ବର୍ଗରେ ହାଇସ୍କୁଲସ୍ତରୀୟ ଛାତ୍ରଛାତ୍ରୀ ଭାଗ ନେବାକୁ ସ୍ଥିର ହୋଇଛି; ଯେଉଁଥିରେ ଅଷ୍ଟମ, ନବମ ଓ ଦଶମ ଶ୍ରେଣୀ ଛାତ୍ରଛାତ୍ରୀ ଅଂଶ ଗ୍ରହଣ କରି ପାରିବେ । ବରିଷ୍ଠ ବର୍ଗରେ ମହାବିଦ୍ୟାଳୟ ତଥା ତଦୁର୍ଦ୍ଧ୍ୱ ଛାତ୍ରଛାତ୍ରୀ ଭାଗ ନେଇ ପାରିବେ । ପ୍ରଥମ ସ୍ଥାନ ଅଧିକାର କରିଥିବା ଛାତ୍ରଛାତ୍ରୀ ରାଜ୍ୟସ୍ତରୀୟ ପ୍ରତିଯୋଗୀତାରେ ଅଂଶ ଗ୍ରହଣ କରି ପାରିବେ । ଏହି ପ୍ରତିଯୋଗିତାରେ ଅଂଶ ଗ୍ରହଣ କରିବାକୁ ଇଚ୍ଛୁକ ଛାତ୍ରଛାତ୍ରୀ ବୌଦ୍ଧ ଜିଲ୍ଲା ପ୍ରତିନିଧି ବୌଦ୍ଧ ଜିଲ୍ଲା ପ୍ରତିନିଧି ବବୁଲୁ ପାଢ଼ୀଙ୍କ ସହ ତାଙ୍କ ମୋବାଇଲ ନମ୍ବର ୯୪୩୭୫୨୯୪୦ ଏବଂ ୯୬୬୮୦୬୨୮୮୫ରେ ଯୋଗାଯୋଗ କରିପାରିବେ । ସେହିଭଳି ହରଭଙ୍ଗା ବ୍ଲକ ପ୍ରତିନିଧି ପଞ୍ଚାନନ ହୋତାଙ୍କୁ ମୋବାଇଲ ନଂମ୍ବର ୯୯୩୮୩୯୭୧ରେ ମଧ୍ୟ ଯୋଗାଯୋଗ କରି ପାରିବେ । ୨୩ ତାରିଖ ସକାଳ ୮ରେ ବୌଦ୍ଧ ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟରେ ପ୍ରତିଯୋଗୀଙ୍କ ନାମ ପଞ୍ଜିକରଣ କରାଯିବ ।

## ମୁଣ୍ଡାପଡ଼ାରେ ଶିଶୁ ଉତ୍ସବ ପତାଙ୍ଗୀ




**ବୌଦ୍ଧ, ୧୯ ।୧୧ (ସମିସ):** ବୌଦ୍ଧ ବ୍ଲକ ମୁଣ୍ଡାପଡ଼ା କଲ୍ୟାଣ ମଣ୍ଡପରେ ଶିଶୁ ଉତ୍ସବ ପତାଙ୍ଗୀ ଉଦ୍‌ଘାଟିତ ହୋଇଛି । ଶିଶୁମାନଙ୍କ ଅନ୍ତର୍ନିହିତ ପ୍ରତିଭାର ଚିହ୍ନଟ ଓ ତାହାର ବିକାଶ ପାଇଁ ବାଉଁଶୁଣୀସ୍ଥିତ ସ୍ୱେଚ୍ଛାସେବୀ ଅନୁସ୍ଥାନ ୱାଇସିଡିଏ ପକ୍ଷରୁ ଏହି ଶିଶୁ ଉତ୍ସବ ପତାଙ୍ଗୀ ଆୟୋଜିତ ହୋଇଥିଲ । ଉପ ଜିଲ୍ଲାପାଳ ବିନୟ ଭୋଇ, ଜିଲ୍ଲା ଶିକ୍ଷା ଅଧିକାରୀ ଟେମଲାଲ ଦୁବେ, ମୁଣ୍ଡାପଡ଼ା ସରପଞ୍ଚ ସୁମନ୍ତ ନାଏକ ଅତିଥି ଭାବେ ଯୋଗଦେଇ ଶିଶୁମାନଙ୍କୁ ପୁରସ୍କୃତ କରିଥିଲେ ।

## ବେହେରାଗୁଡ଼ାରେ ଛେଳିଚାଷୀଙ୍କ କର୍ମଶାଳା



**ଧର୍ମଗଡ଼, ୧୯ ।୧୧(ସମିସ):** ଜୀଏ ବଞ୍ଚିବା ପାଇଁ କାମ ଖୋଜୁଥିଲା ସେମାନେ ଆଜି ଉନ୍ନତମାନର ଛେଳି ପାଳନ କରି ଅତିରିକ୍ତ ରୋଜଗାର କରି ଆର୍ଥିକ ଓ ଜୀବନ ଜୀବିକାର ଉନ୍ନତି କରି ପାରିବେ ।କର୍ତ୍ତବ୍ୟ ଓ ରିଲାଏନ୍ସ ଫାଉଣ୍ଡେସନର ମିଳିତ ଉଦ୍ୟମରେ ଧର୍ମଗଡ଼ ବ୍ଲକ ଛଞ୍ଚାଣବାହେଲି ପଞ୍ଚାୟତର ବେହେରାଗୁଡା ଗ୍ରାମରେ ଆୟୋଜିତ ହୋଇଯାଇଛି । ଉକ୍ତ କର୍ମଶାଳରେ ୮୦ରୁ ଊର୍ଦ୍ଧ୍ୱ ଛେଳି ଚାଷୀ ୮ ଜଣ ବୋଦା ଉଦ୍ୟୋଗୀ ଅଂଶ ଗ୍ରହଣ କରିଥିଲେ । ଉପଖଣ୍ଡ ପ୍ରାଣୀ ବିଭାଗ ଧର୍ମଗଡ଼ରୁ ଦିଲୀପ କୁମାର ପାଢ଼ୀ, ସୁଶୀଲ କୁମାର ବେହେରା ରାଜ୍ୟ ମୁଖ୍ୟ ବିବିଧ ଗ୍ରାମୀଣ ଆୟ ଓ ଶସକ୍ତିକରଣ, ରିଲାଏନ୍ସ ଫାଉଣ୍ଡେସନ ଜିଲ୍ଲା ପ୍ରୋଜେକ୍ଟ ମ୍ୟାନେଜର ଦେବେନ୍ଦ୍ର କୁମାର ପଟେଲ ଓ ସ୍ଥାନୀୟ ସରପଞ୍ଚ ପ୍ରୀତି ବେମାଲ ଗ୍ରାମ୍ୟ ବିକାଶ କମିଟି ପ୍ରମୁଖ ଚଉବନ ପୋଡ଼ ଓ ଜୟନ୍ତପୁର, ଧନପୁରପଞ୍ଚାୟତ ର ୱାର୍ଡ ସଭ୍ୟ ସମୂହ ଉପସ୍ଥିତ ଥିଲେ । କାର୍ଯ୍ୟକ୍ରମରେ ବୋଦାର ସ୍ୱାସ୍ଥ୍ୟ ପରୀକ୍ଷା, ଉତ୍କୃଷ୍ଟ ବୋଦାର ଗୁଣ ସମୂହ ଓ ତାର ଚିକିତ୍ସା, ଏକ ବୋଦା ସଂଗଠନ କରି ପ୍ରତ୍ୟେକ ଛେଳି ଚାଷୀକୁ ସେବା ଯୋଗାଇଦେବା ଉପରେ ଆଲୋକପାତ କରିଥିଲେ । କାର୍ଯ୍ୟକ୍ରମକୁ ନିରାକାର ଦଣ୍ଡସେନା ପ୍ରକଳ୍ପ ସଂଯୋଜକ କର୍ତ୍ତବ୍ୟ ପରିଚାଳନା କରିଥିବା ବେଳେ କର୍ତ୍ତବ୍ୟର ନିରଞ୍ଜନ ବଡନାୟକ ସଦାନନ୍ଦ ନାଗ, ଗୋବର୍ଦ୍ଧନ ପୋଡ଼ ଓ କପିଳେନ୍ଦ୍ର ପୋଡ଼ ସହଯୋଗ କରିଥିଲେ ।

## ପାଟଣାଗଡ଼ ବିରାଟ ଧନୁଯାତ୍ରା ମହୋତ୍ସବ ପାଇଁ କଂସ ନିମନ୍ତ୍ରଣ

**ପାଟଣାଗଡ଼, ୧୯ ।୧୧ (ସମିସ):** ଚଳିତ ବର୍ଷ ପାଟଣାଗଡ଼ରେ ହେବାକୁ ଥିବା ବିରାଟ ଧନୁଯାତ୍ରା ମହୋତ୍ସବ ପାଇଁ ବୁଧବାର ଧନୁଯାତ୍ରା କମିଟି ପକ୍ଷରୁ ହୃଷିକେଶ ଭୋଇଙ୍କୁ କଂସ ଭୂମିକାରେ ଅଭିନୟ ପାଇଁ ନିମନ୍ତ୍ରଣ କରାଯାଇଛି । ଆସନ୍ତା ଜାନୁୟାରୀ ୧୦ ତାରିଖରୁ ୧୬ ତାରିଖ ପର୍ଯ୍ୟନ୍ତ ସ୍ଥାନୀୟ ଗଙ୍ଗାଧର ପାର୍କଠାରେ ବିରାଟ ଧନୁଯାତ୍ରା ମହୋତ୍ସବ ଅନୁଷ୍ଠିତ ହେବ । ଦୀର୍ଘ ୧୧ ବର୍ଷ ଧରି ବରଗଡ଼ ବିଶ୍ୱପ୍ରସିଦ୍ଧ ଧନୁଯାତ୍ରାରେ କଂସ ଭୂମିକାରେ ଅଭିନୟ କରିଥିବା ହୃଷିକେଶ ଭୋଇ ତାଙ୍କ ଜୀବନ୍ତ ଅଭିନୟରେ ପାଟଣାଗଡ଼ବାସୀ ତଥା ଅଞ୍ଚଳବାସୀଙ୍କୁ ଆକୃଷ୍ଟ କରିବେ ବୋଲି ଧନୁଯାତ୍ରା କମିଟି ଆଶାବ୍ୟକ୍ତ କରିଛନ୍ତି । ଏହି କଂସ ନିମନ୍ତ୍ରଣ କାର୍ଯ୍ୟକ୍ରମରେ କମିଟି ସଭାପତି ସୁଶାନ୍ତ ମହାନ୍ତିଙ୍କ ସହ ସମସ୍ତ କର୍ମକର୍ତ୍ତା ଉପସ୍ଥିତ ଥିଲେ ।

## ବିଦ୍ୟାଳୟସ୍ତରୀୟ ବାଲ୍ ବୈଜ୍ଞାନିକ ପ୍ରଦର୍ଶନୀ

**ତରଭା, ୧୯ ।୧୧(ସମିସ):** ତରଭା ବ୍ଲକ ତୁଲୁଣ୍ଡା ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ପରିସରରେ ବିଦ୍ୟାଳୟସ୍ତରୀୟ ବାଲ୍ ବୈଜ୍ଞାନିକ ପ୍ରଦର୍ଶନୀ ଅନୁଷ୍ଠିତ ହୋଇଯାଇଛି । ବିଦ୍ୟାଳୟର ପ୍ରଧାନଶିକ୍ଷକ ପ୍ରଦ୍ୟୁମ୍ନ ମହାନ୍ତିଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଉଦ୍‌ଘାଟନୀ ଉତ୍ସବରେ ମୁଖ୍ୟ ଅତିଥି ଭାବେ ବିଦ୍ୟାଳୟ ପରିଚାଳନା କମିଟି ଅଧ୍ୟକ୍ଷ ସଞ୍ଜୟ ସାହୁ, ସମ୍ମାନିତ ଅତିଥି ଭାବେ ପରିଚାଳନା କମିଟି ସଦସ୍ୟ ଭାଗ୍ୟସିନି ମିଶ୍ର, ବବିତା ମିଶ୍ର, ସଦସ୍ୟ ସତ୍ୟନାରାୟଣ ଭୋଇ, ପ୍ରଦୀପ ମିଶ୍ର, ବରିଷ୍ଠ ଶିକ୍ଷୟିତ୍ରୀ କମଳିନୀ ତ୍ରିପାଠୀ, ଭାରତୀ ବେହେରା ପ୍ରମୁଖ ଯୋଗ ଦେଇଥିଲେ । ବିଜ୍ଞାନ ଶିକ୍ଷା ପ୍ରତି ଆଗ୍ରହ ରଖିବାକୁ ଅତିଥିଗଣ ଉଦ୍‌ବୋଧନ ଦେଇ କୁନି ବୈଜ୍ଞାନିଙ୍କୁ ଉତ୍ସାହିତ କରିଥିଲେ । ଶିକ୍ଷକ ଉମାକାନ୍ତ ଦେହେରୀ ଓ ଯାଜ୍ଞସେନି ନାଗ ବିଚାରକ ଦାୟିତ୍ୱ ତୁଲାଇଥିଲେ । ଛାତ୍ରୀ ଶାଳିନି ପଧାନଙ୍କ ଖାଦ୍ୟ ଗଛ, ମୌସୁମୀ କ୍ଷେତିଙ୍କ ଜଳଚକ୍ର ପ୍ରକଳ୍ପ ବ୍ଲକସ୍ତରୀୟ ପ୍ରଦର୍ଶନୀରେ ଭାଗନେବା ପାଇଁ ମନୋନୀତ ହୋଇଛି । ଏଥି ସହିତ ଛାତ୍ରଛାତ୍ରୀଙ୍କ ମଧ୍ୟରେ କ୍ୱିଜ୍ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା । ଏଥିରେ ଶାଳିନି ପଧାନ ପ୍ରଥମ ହୋଇ ବ୍ଲକସ୍ତରୀୟ ପ୍ରଦର୍ଶନୀରେ ଭାଗନେବା ପାଇଁ ଯୋଗ୍ୟତା ଅର୍ଜନ କରିଛନ୍ତି । ଶିକ୍ଷକ ପ୍ରଦୀପ ବରାଳ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ ।



## ମହାନଦୀ ନେତ୍ର ଚିକିତ୍ସାଳୟର ସମସ୍ୟା ଉପରେ ଆଲୋଚନା



**ବୀରମହାରାଜପୁର, ୧୯ ।୧୧ (ସମିସ):** ସୁବର୍ଣ୍ଣପୁର ଜିଲ୍ଲା ବୀରମହାରାଜପୁରର ମହାନଦୀ ନେତ୍ର ଚିକିତ୍ସାଳୟସମସ୍ୟା ଉପରେ ଏକ ଆଲୋଚନା ହୋଇଛି । ସ୍ଥାନୀୟ ବରିଷ୍ଠ ନାଗରିକ ସଂଗଠନ କାର୍ଯ୍ୟାଳୟ ପରିସରରେ ବୁଧବାର ଏକ ଜରୁରୀ ବୈଠକ ବସିଥିଲା । ଏଥିରେ ଅନୁଷ୍ଠାନର ସଭାପତି ଡକ୍ଟର ପ୍ରଫୁଲ୍ଲ ରଥଙ୍କ ସଭାପତିତ କରିଥିଲେ । ଏହି ବୈଠକରେ ଅଲ୍ ଇଣ୍ଡିଆ ଲେପ୍ରା ସୋସାଇଟି ମୁଖ୍ୟ ପ୍ରଶାନ୍ତ ନାୟକ ଯୋଗ ଦେଇଥିଲେ । ପଣ୍ଡାପାଲି ମହାନଦୀ ନେତ୍ର ଚିକିତ୍ସାଳୟରେ ସର୍ବସାଧାରଣଙ୍କ ପାଇଁ ମିଳୁଥିବା ସମସ୍ତ ସୁବିଧା ସୁଯୋଗ ସହ ଏହାର ବିକାଶ ଓ ଉନ୍ନତିରେ ସେ ସମସ୍ତଙ୍କ ସହଯୋଗ କାମନା କରିଥିଲେ । ଚିକିତ୍ସାଳୟର ବିଭିନ୍ନ ବିଭାଗରେ ଥିବା ସମସ୍ୟା ଓ ଏହାର ନିରାକରଣ ସମ୍ପର୍କରେ ଆଲୋଚନା ହୋଇଥିଲା । ଏହି ଆଲୋଚନାରେ ଅନୁଷ୍ଠାନର ଉପସଭାପତି ସୌମିତ୍ରୀ ମେହେର, ସମ୍ପାଦକ ସନ୍ତୋଷ ଷଡ଼ଙ୍ଗୀ, ବାସୁଦେବ ପଣ୍ଡା, ସତ୍ୟ ନାରାୟଣ ନାୟକ, ଜ୍ଞାନେନ୍ଦ୍ର ତ୍ରିପାଠୀ, ଚମରା ମହାକୁର ପ୍ରମୁଖ ଅଂଶଗ୍ରହଣ କରିଥିଲେ ।

## ଗୋଇଣ୍ଡିମୁଣ୍ଡାପଡ଼ାରେ ଦୀପ ଯଜ୍ଞ



**ଗୋଲାମୁଣ୍ଡା, ୧୯ ।୧୧(ସମିସ):** କଳାହାଣ୍ଡି ଜିଲ୍ଲା ଗୋଲାମୁଣ୍ଡା ବ୍ଲକ ମାନଝରି ପଞ୍ଚାୟତ ଡୁଡୁକେଲ ଗୋଇନ୍ଦିମୁଣ୍ଡାପଡ଼ାରେ ବୁଧବାର ସନ୍ଧ୍ୟାରେ ମା'ଗାୟତ୍ରୀଙ୍କ ଦୀପ ଯଜ୍ଞ ଅନୁଷ୍ଠିତ ହୋଇଯାଇଛି ।ପଡ଼ାର ରୁକ୍ମଣୀ ମହାନନ୍ଦ, ଦିପ୍ତିମୟୀ ମହାନନ୍ଦ, ଲଳିତା ମହାନନ୍ଦ, ପଦ୍ମା ହରିପାଲ, ଚଞ୍ଚଳା ହରିପାଲ, ବେଲମତି ମହାନନ୍ଦ, ଭୂଜ ମଣି ମହାନନ୍ଦ, ବିକି ମହାନନ୍ଦ, ତୁଳସା ମହାନନ୍ଦ, ଗୌରୀ ମହାନନ୍ଦ, ଉଷା ହରିପାଲ, ଗୋଲାପି ମହାନନ୍ଦ ସମେତ ଶତାଧିକ ଲୋକ ଅଂଶ ଗ୍ରହଣ କରିଥିଲେ । ସିମାଞ୍ଚଳ ଭାଟି, ଏବଂ ତାଙ୍କ ସହଯୋଗୀ ଅଭିରାମ ହଂସ, ବୈବ ହଂସ, ଗୋବିନ୍ଦ ବଗର୍ତ୍ତି, କୁମର ମଣି ମାଝି ପ୍ରମୁଖ ପୂଜନ କାର୍ଯ୍ୟନିର୍ବାହ କରିଥିଲେ । ମା'ଗାୟତ୍ରୀଙ୍କ ମନ୍ତ୍ର ପାଠ ସହ ମା'ଙ୍କ ମହିମା ଉପରେ ବିସ୍ତୃତ ଭାବରେ ପ୍ରବଚକମାନେ ପ୍ରବଚନ ପ୍ରଦାନ ଥିଲେ ।

## ଆନ୍ତଃ ମହାବିଦ୍ୟାଳୟସ୍ତରୀୟ ଭଲିବଲ୍ ଟୁର୍ଣ୍ଣାମେଣ୍ଟ



**ମ.ରାମପୁର, ୧୯ ।୧୧ (ସମିସ):** ମା'ମାଣିକେଶ୍ୱରୀ ବିଶ୍ୱବିଦ୍ୟାଳୟ ଆନୁକୂଲ୍ୟରେ ଆନ୍ତଃ ମହାବିଦ୍ୟାଳୟସ୍ତରୀୟ ଭଲିବଲ୍ ଟୁର୍ଣ୍ଣାମେଣ୍ଟ ମ, ରାମପୁର ମହାବିଦ୍ୟାଳୟ ଖେଳ ପଡ଼ିଆରେ ଅନୁଷ୍ଠିତ ହୋଇଥିଲା । ଏଥିରେ ୧୭ ମହାବିଦ୍ୟାଳୟ ଯୋଗ ଦେଇଥିଲେ । ଉଦ୍‌ଘାଟନୀ ମ୍ୟାଚ୍‌ରେ ମ, ରାମପୁର ମହା ବିଦ୍ୟାଳୟର ଅଧ୍ୟକ୍ଷ ସୁଧାଂଶୁ ଶେଖର ପଣ୍ଡା ଯୋଗ ଦେଇ ଥିବା ବେଳେ ଉଦ୍‌ଯାପନୀ ଉତ୍ସବରେ ମୁଖ୍ୟଅତିଥି ଭାବେ ପୂର୍ବତନ ବିଧାୟକ ଭୂପିନ୍ଦର ସିଂ ଯୋଗଦେଇ । ବିଜୟୀ +୩ କୁଶୁର୍ଲା ମହାବିଦ୍ୟାଳୟ ଓ ଉପବିଜେତା ମ.ରାମପୁର ମହା ବିଦ୍ୟାଳୟ ଦଳକୁ ଅତିଥିମାନେ ପୁରସ୍କୃତ କରିଥିଲେ । ଖେଳ ପରିଚାଳନା ଯୁଗଳ କିଶୋର ପଧାନ, ଏମ କୁମାର ଖର୍ସେଲ, ତୋଫାନ ଗୌଡିଆ, ସରୋଜ ପଧାନ, ଅଜିତ ନାୟକ, ସ୍କୋରର ଅଧ୍ୟାପକ ବିଜୟ କୁମାର ଭୋଇ, ଧାରା ବିବରଣୀ ଅଧ୍ୟାପକ ସୁମନ୍ତ ମାଝୀ, ଭୂପେନ୍ଦ୍ର ମଙ୍ଗରାଜ ଦେଇଥିବା ବେଳେ ଆଥେଲେଟିକ ଆସୋସିଏସନ୍ ର ଉପ ସଭାପତି ଅଧ୍ୟାପକ ରାମଚନ୍ଦ୍ର ପ୍ରହରାଜ, ସମ୍ପାଦକ ପ୍ରାଧ୍ୟାପକ କଳକୀରାମ ବଗର୍ତ୍ତୀ, ଶୃଙ୍ଖଳା କମିଟିର ମୁଖ୍ୟ ପ୍ରାଧ୍ୟାପକ ତ୍ରିନାଥ ବିଶୋଇ ଓ ମ.ରାମପୁର ମହା ବିଦ୍ୟାଳୟର ସମସ୍ତ କର୍ମଚାରୀ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ ।

# ସୁଧୀର ସ୍ମାରକୀ କ୍ରିକେଟ୍ ଟୁର୍ଣ୍ଣାମେଣ୍ଟ



**ବୀରମହାରାଜପୁର, ୧୯ ।୧୧ (ସମିସ)**

କମିରା ଖେଳ ପଡ଼ିଆରେ ସୁଧୀର ସ୍ମାରକୀ ଟୁର୍ନାମେଣ୍ଟର ପ୍ରଥମ କ୍ୱାର୍ଟର ଫାଇନାଲ ମ୍ୟାଚ୍ ଅନୁଷ୍ଠିତ ହୋଇଯାଇଛି । ଏମ୍‌ଏମ୍‌ସିସି କମିରା ଏବଂ ଏମ୍‌ଆରଏ୍ କମାଣ୍ଡୋ-୧୧ ଭୁବନଶ୍ୱର ମଧ୍ୟରେ ମ୍ୟାଚ୍ ଅନୁଷ୍ଠିତ ହୋଇଥିଲା । ଏମ୍‌ଏମ୍‌ସିସି କମିରା ଟସ୍ ଜିଣି ପ୍ରଥମେ ଫିଲ୍ଡିଂ କରିଥିଲା । କମାଣ୍ଡୋ-୧୧ ବ୍ୟାଟିଂ କରି ନିର୍ଦ୍ଧାରିତ ୧୦ ଓଭରରେ ୩ ୱିକେଟ ବିନିମୟରେ ୧୭୧ ରନ୍ ସଂଗ୍ରହ କରିଥିଲା । ଜବାବରେ ଏମ୍‌ଏମ୍‌ସିସି କମିରା ନିର୍ଦ୍ଧାରିତ ୧୦ ଓଭରରେ ୫ ୱିକେଟ ବିନିମୟରେ ୧୧୫ ରନ୍ ସଂଗ୍ରହ କରି ପରାଜିତ ହୋଇଥିଲା । କମାଣ୍ଡୋ ୧୧ର ଚିନ୍ମୟ ନନ୍ଦ ୩୦ ବଲ୍‌ରେ ୯୦ ରନ୍ ସଂଗ୍ରହ କରି ମ୍ୟାନ ଅଫ ଦି ମ୍ୟାଚ୍ ହୋଇଥିଲା । ମ୍ୟାଚକୁ ଶ୍ରୀବନ୍ତ ନାଏକ ପରିଚାଳନା କରିଥିଲେ । ବୁଦ୍ଧଦେବ ମହାରଣା ମ୍ୟାଚର ଧାରା ବିବରଣୀ ପ୍ରଦାନ କରିଥିଲେ ।

# ଓଡ଼ିଶା-ନାଗାଲାଣ୍ଡ ରଣଜୀ: ଜୟ-ପରାଜୟର ବ୍ୟବଚ୍ଛେଦ

## ସମୀରଙ୍କ ସ୍ପୋର୍ଟିଂ ୱିକେଟ କାମ ଦେଲା



ଭୁବନେଶ୍ୱର,୧୯ ।୧୧(ସମିସ): ଚଳିତ ରଣଜୀ ସିଜିନରେ ଓଡ଼ିଶା ସ୍ଥାନୀୟ କିଟ୍ ଗ୍ରାଉଣ୍ଡରେ ନାଗାଲାଣ୍ଡକୁ ପରାସ୍ତ କରି ପ୍ରଥମ ବିଜୟ ହାସଲ କରିଛି। ଚତୁର୍ଥ ତଥା ଅନ୍ତିମ ଦିବସର ତୃତୀୟ ସେସନରେ ହିଁ ଓଡ଼ିଶା ବିଜୟ ହାସଲ କରିଥିଲା। ଅର୍ଥାତ ଏହା ଏକ ସ୍ପୋର୍ଟିଂ ୱିକେଟ ବୋଲି ପ୍ରମାଣିତ ହୋଇଛି। ତେଣୁ କିଟ୍ କ୍ରିକେଟ ଗ୍ରାଉଣ୍ଡ କ୍ୟୁରେଟରର ସମୀର ନାୟକଙ୍କ ପରିଶ୍ରମ କାମ ଦେଇଛି। ମ୍ୟାଚ୍ ଅନ୍ତିମ ସେସନ ପର୍ଯ୍ୟନ୍ତ ଯାଇଥିବାରୁ ସେ ସନ୍ତୋଷ ପ୍ରକଟ କରିଛନ୍ତି। ସମୀର ପୂର୍ବତନ ଓଡ଼ିଶା କ୍ରିକେଟ ଆସୋସିଏସନ (ଓସିଏ) କ୍ୟୁରେଟର ପଙ୍କଜ ପଟ୍ଟନାୟକ ଓ ହୃଷିକେଶ ସିଂଙ୍କୁ ନିଜର ଗୁରୁ ମାନନ୍ତି। ପିଚ୍ ତିଆରି କରିବାର ପ୍ରକ୍ରିୟା ସେ ତାଙ୍କଠାରୁ ଶିକ୍ଷା କରିଛନ୍ତି। ପିଚ୍ ତିଆରି କରିବାରେ ସେ ନିପୁଣତା ହାସଲ କରିଛନ୍ତି। ୨୦୧୩ରୁ ସେ କିଟ୍ ସହିତ ଜଡିତ ରହିଆସିଛନ୍ତି। କିଟ୍ ପାଇଁ ସ୍ଥାୟୀ ଭାବେ ନିୟୋଜିତ ହୋଇ ସଫଳତାର ସହ ନିଜର ଦାୟିତ୍ୱ ବହନ କରୁଛନ୍ତି।

## ବିଳମ୍ବରେ ପାଳି ଘୋଷଣା କରିଥିଲା ଓଡ଼ିଶା: ଦେବାଶିଷ



ଭୁବନେଶ୍ୱର,୧୯ ।୧୧(ସମିସ): ଓଡ଼ିଶା ଡେରିରେ ବିଜୟ ହାସଲ କରିଥିଲେ ମଧ୍ୟ ଏହି ବିଜୟ ଦଳକୁ ଆବଶ୍ୟକୀୟ ମୋମେଣ୍ଟମ୍ ପ୍ରଦାନ କରିଛି ବୋଲି ପୂର୍ବତନ ଓଡ଼ିଆ ଅନ୍ତର୍ଜାତୀୟ କ୍ରିକେଟର ତଥା ନାଗାଲାଣ୍ଡ କୋଚ୍ ଦେବାଶିଷ ମହାନ୍ତି କହିଛନ୍ତି। ବିପ୍ଳବ ସାମନ୍ତରାୟ ଓ ଅନୀଲ ପରିଡା ଏବଂ ଦ୍ୱିତୀୟ ଇନିଂସରେ ସ୍ୱସ୍ତିକ ସାମଲ ଓ ଅଧିନାୟକ ଶୁଭ୍ରାଂଶୁ ସେନାପତିଙ୍କ ବ୍ୟାଟିଂକୁ ସେ ପ୍ରଶଂସା କରିଛନ୍ତି। ପ୍ରଥମ ପାଳିରେ ବିପ୍ଳବ ଶତକରୁ ବଞ୍ଚିତ ହୋଇଥିଲେ ମଧ୍ୟ ଲଢୁଆ ପାଳି ଖେଳିଥିଲେ। ଏମାନଙ୍କ ପ୍ରଦର୍ଶନ ଯୋଗୁଁ ଓଡ଼ିଶା ବିଜୟର ହକ୍‌ଦାର ଥିଲା। କିନ୍ତୁ ଘରୋଇ ଦଳ ବିଳମ୍ବରେ ପାଳି ଘୋଷଣା କରିଥିଲା। ଯଦି ନାଗାଲାଣ୍ଡ ଆଉ ଟିକିଏ ଭଲ ବ୍ୟାଟିଂ କରିଥାନ୍ତା, ତାହେଲେ ଫଳାଫଳ ଅଲଗା ହୋଇଥାନ୍ତା ବୋଲି ସେ କହିଛନ୍ତି। କିନ୍ତୁ ନାଗାଲାଣ୍ଡର ଖେଳାଳି ଭଲ ଲଢ଼େଇ କରିଥିଲେ ବୋଲି ସେ କହିଛନ୍ତି। ନାଗାଲାଣ୍ଡର ବୋଲିଂ ଭଲ ଥିଲା। ତେବେ ବ୍ୟାଟିଂରେ ଉନ୍ନତିର ଆବଶ୍ୟକ ବୋଲି ସେ କହିଛନ୍ତି। ଆଗକୁ ଓଡ଼ିଶା ଗୋଟିଏ ମ୍ୟାଚ୍ ଘରୋଇ ମାଟିରେ ଓ ବାହାରେ ଖେଳିବ। ଏହି ଦୁଇଟି ମ୍ୟାଚ୍‌ରେ ଓଡ଼ିଶା ଭଲ ପ୍ରଦର୍ଶନ କରିବ ବୋଲି ସେ ଆଶା ପ୍ରକାଶ କରିଛନ୍ତି। କ୍ରମାଗତ ୪ଟି ପରାଜୟ ପରେ ଏହି ବିଜୟ ଓଡ଼ିଶା ଖେଳାଳିଙ୍କୁ ଯଥେଷ୍ଟ ଆତ୍ମବିଶ୍ୱାସ ପ୍ରଦାନ କରିଛି ବୋଲି ସେ କହିଛନ୍ତି। ଦଳର ଏଥର ବହୁତ ନୂଆ ଖେଳାଳି ସ୍ଥାନ ପାଇଛନ୍ତି ଓ ସେମାନେ ଆଶା ଅନୁରୂପ ପ୍ରଦର୍ଶନ କରିଛନ୍ତି ବୋଲି ଦେବାଶିଷ କହିଛନ୍ତି।

## ପ୍ରଦର୍ଶନରେ ସ୍ଥିରତା ନିହାତି ଆବଶ୍ୟକ: ଶୁଭ୍ରାଂଶୁ



ଭୁବନେଶ୍ୱର,୧୯ ।୧୧(ସମିସ): ଓଡ଼ିଶାର ବିଜୟ ନେଇ ଅଧିନାୟକ ଶୁଭ୍ରାଂଶୁ ସେନାପତି ବେଶ୍ ଉତ୍ସାହିତ ଅଛନ୍ତି। ଆଗକୁ ବାକିଥିବା ଦୁଇଟି ମ୍ୟାଚ୍‌ରେ ତାମିଲନାଡୁ ଓ ଝାଡଖଣ୍ଡ ବିପକ୍ଷରେ ଏହି ମୁମେନଟମ ବଜାୟ ରଖିବୁ ବୋଲି ସେ କହିଛନ୍ତି। ଚାପରେ ବିପ୍ଳବ ଭଲ ଖେଳିଥିଲେ ମଧ୍ୟ ଶତକ ହାସଲ କରିପାରି ନଥିଲେ। କିନ୍ତୁ ଏହି ଇନିଂସ କାମ ଦେଇଥିଲା। ୩ଟି ପରାଜୟ ପରେ ଏହି ବିଜୟ ଆମକୁ ଉତ୍ସାହିତ କରିଛି ଓ ଏହା ଆଗକୁ କାମ ଦେବ। କିନ୍ତୁ ଦଳର ପ୍ରଦର୍ଶନରେ ସ୍ଥିରତା ରହୁନାହିଁ ବୋଲି ସେ ସ୍ୱୀକାର କରିଛନ୍ତି। ସମସ୍ତେ ଏଥିପାଇଁ ଚିନ୍ତିତ ମଧ୍ୟ ଅଛନ୍ତି। ପ୍ରଦର୍ଶନରେ ସ୍ଥିରତା ଆବଶ୍ୟକ। ଆରମ୍ଭରୁ ଆମର ପ୍ରଦର୍ଶନ ଭଲ ନଥିଲା। ଦ୍ୱିତୀୟ ଇନିଂସରେ ଖେଳିଥିବା ୧୩୭ ରନର ଶତକୀୟ ପାଳିକୁ ନେଇ ସେ ସନ୍ତୁଷ୍ଟ ଅଛନ୍ତି ବୋଲି କହିଛନ୍ତି। ଅନୀଲ ପରିଡା ଶତକୀୟ ପାଳି ମଧ୍ୟ ପ୍ରଶଂସନୀୟ ବୋଲି ସେ କହିଛନ୍ତି। କିନ୍ତୁ ଆଗକୁ ଏହାକୁ ବଜାୟ ରଖିବାର ଆବଶ୍ୟକତା ରହିଛି ବୋଲି ସେ ଗୁରୁତ୍ୱ ଦେଇ କହିଛନ୍ତି।


### ବିର୍ସା ମୁଣ୍ଡାଙ୍କ ଜୟନ୍ତୀ ଉପଲକ୍ଷେ ପ୍ରଦର୍ଶନୀ ମ୍ୟାଚ୍

## ଆଫ୍ଟରନୁନ୍ କ୍ଲବକୁ ହରାଇଲା ମର୍ଣ୍ଣିଂ କ୍ଲବ



ଭୁବନେଶ୍ୱର, ୧୯ ।୧୧ (ସମିସ): ବିର୍ସାମୁଣ୍ଡାଙ୍କ ୧୫୦ତମ ଜୟନ୍ତୀ ଉପଲକ୍ଷେ ମା ସୁନାଦେଇ ୱାର୍କସ, ତୁଷାର ଚାରିଟେବଲ୍ ଟ୍ରଷ୍ଟ ଏବଂ ନ୍ୟୁ ଏଜି କଲୋନୀର ମିଳିତ ଆନୁକୂଲ୍ୟରେ ଏକ ପ୍ରଦର୍ଶନୀ ମ୍ୟାଚ୍ ଅନୁଷ୍ଠିତ ହୋଇଯାଇଛି। ଏହି ମ୍ୟାଚରେ ମର୍ଣ୍ଣିଂ ଷ୍ଟାର୍ କ୍ଲବ ୪-୦ ଗୋଲରେ ଆଫ୍ଟରନୁନ କ୍ଲବକୁ ପରାସ୍ତ କରିଥିଲା। କୈଳାସ ପଣ୍ଡା ରେଫରୀ ଭାବେ ମ୍ୟାଚ୍ ପରିଚାଳନା କରିଥିଲେ। କମଳକାନ୍ତ ନାୟକ, ରାଜୀବ ଶେଖର ସାହୁ, ନ୍ୟୁ ଏଜି କଲୋନୀର ସମ୍ପାଦକ ଅଶୋକ ପଟ୍ଟନାୟକ, କାଳୀପ୍ରସାଦ ମିଶ୍ର ପ୍ରମୁଖ ଅତିଥି ଭାବେ ଉପସ୍ଥିତ ରହି ପୁରସ୍କାର ପ୍ରଦାନ କରିଥିଲେ। ମର୍ଣ୍ଣିଂ କ୍ଲବର ସୋମ ପଣ୍ଡା ଶ୍ରେଷ୍ଠ ଗୋଲ୍‌କିପର, ସତୀଶ କୁମାର ପାତ୍ର ଓ ଆୟୁଷ ଅସୁରଜିତ ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଥିଲେ।

## ଦକ୍ଷିଣ ଆଫ୍ରିକା-ଏ’ର ସାନ୍ତ୍ୱନାମୂଳକ ବିଜୟ



ରାଜକୋଟ,୧୯ ।୧୧(ଏଜେନ୍ସି): ଲୁହାନ-ଡ୍ରେ ପ୍ରିଟୋରିୟସ ଓ ରିଭାଲ୍ଡୋ ମୁନ୍ସ୍ୱାମୀଙ୍କ ଶତକ ବଳରେ ଏଠାରେ ବୁଧବାର ଅନୁଷ୍ଠିତ ତୃତୀୟ ଦିନିକିଆ ମ୍ୟାଚ୍‌ରେ ଦକ୍ଷିଣ ଆଫ୍ରିକା-ଏ’ ୭୩ ରନ୍‌ରେ ଭାରତକୁ ହରାଇ ସାନ୍ତ୍ୱନାମୂଳକ ବିଜୟ ହାସଲ କରିଛି। ଏହି ମ୍ୟାଚରେ ପ୍ରିଟୋରିୟସ ୧୨୩ ଓ ମୁନ୍ସ୍ୱାମୀଙ୍କ ୧୦୭ ରନ୍ ସହାୟତାରେ ପ୍ରଥମେ ବ୍ୟାଟିଂ କରିଥିବା ଦକ୍ଷିଣ ଆଫ୍ରିକା-ଏ’ ୬ ୱିକେଟ ହରାଇ ୩୨୫ ରନ୍ କରିଥିଲା। ଜବାବରେ ଭାରତ-ଏ’ ଆୟୂଷ ବଦୋନିଙ୍କ ୬୬ ଓ ଇଶାନ କିସାନଙ୍କ ୫୩ ରନ୍ ସତ୍ତ୍ୱେ ୪୯.୧ ଓଭରରେ ୨୫୨ ରନ୍ କରି ଅଲଆଉଟ ହୋଇଥିଲା। ବିଜୟୀ ଦଳର ପ୍ରିଟୋରିୟସଙ୍କୁ ଏହି ମ୍ୟାଚ୍‌ର ଶ୍ରେଷ୍ଠ ଓ ଭାରତର ଋତୁରାଜ ଗାଏକ୍ୱାଡ୍‌ଙ୍କୁ ସିରିଜ୍‌ର ଶ୍ରେଷ୍ଠ ଖେଳାଳି ବିବେଚିତ କରାଯାଇଛି।

## ୧୦୦ତମ ଟେଷ୍ଟରେ ରହିମ୍‌ଙ୍କ ୯୯*

ମୀରପୁର, ୧୯ ।୧୧ (ଏଜେନ୍ସି): ଏଠାରେ ଆୟର୍ଲାଣ୍ଡ ଓ ଘରୋଇ ବାଂଲାଦେଶ ମଧ୍ୟରେ ପ୍ରଥମ ଟେଷ୍ଟମ୍ୟାଚ୍ ଆରମ୍ଭ ହୋଇଛି। ଏହା ହେଉଛି ବାଂଲାଦେଶର ପୂର୍ବତନ ଅଧିନାୟକ ମୁସ୍‌ଫିକୁର ରହିମ୍‌ଙ୍କ ୧୦୦ତମ ଟେଷ୍ଟ। ଏହି ସ୍ମରଣୀୟ ମ୍ୟାଚ୍‌କୁ ସବୁଦିନ ମନେରଖିବା ଭଳି ଇନିଂସ ଖେଳିଛନ୍ତି ରହିମ୍। ସେ ୯୯ ରନ୍ କରି ଅପରାଜିତ ରହିବା ସହ ଶତକ ଦ୍ୱାରରେ ରହିଛି। ଫଳରେ ପ୍ରଥମ ଦିନରେ ବାଂଲାଦେଶ ପ୍ରଥମ ଇନିଂସରେ ୪ ୱିକେଟ୍ ହରାଇ ୨୯୨ ରନ୍ କରିପାରିଛି। ଅନ୍ୟମାନଙ୍କ ମଧ୍ୟରେ ସାଦ୍‌ମାନ ଇସ୍‌ଲାମ ୩୫, ମୋମିନୁଲ ହମଖ ୬୩ ଓ ଲିଟନ ଦାସ ଅପରାଜିତ ୪୭ ରନ୍‌ର ଇନିଂସ ଖେଳିଛନ୍ତି। ଆୟରଲାଣ୍ଡର ଅଫ୍‌ସ୍ପିନର ଆଣ୍ଡି ମ୍ୟାକ୍‌ବ୍ରାଇନ୍ ୪ଟିଯାକ ୱିକେଟ୍ ନେଇଛନ୍ତି।

## ଟେନିସ୍ ହଲ୍ ଅଫ ଫେମ୍‌ରେ ଫେଡେରର

ଜେନେଭା,୧୯।୧୧(ଏଜେନ୍ସି): ବିଶ୍ୱବିଖ୍ୟାତ ଖେଳାଳି ସ୍ୱିଜରଲାଣ୍ଡର ରୋଜର ଫେଡେରର ଟେନିସ ହଲ ଅଫ୍ ଫେମ୍‌ରେ ସାମିଲ ହୋଇଛନ୍ତି। ରୋଡସ ଦ୍ୱୀପପୁଞ୍ଜରେ ଅବସ୍ଥିତ ଏହି କାର୍ଯ୍ୟାଳୟ ପକ୍ଷରୁ ଏ ସମ୍ପର୍କରେ ଘୋଷଣା କରାଯାଇଛି। ଫେଡେରର ତାଙ୍କ ଜୀବନ କାଳରେ ୨୦ଟି ଗ୍ରାଣ୍ଡସ୍ଲାମ ଟାଇଟଲ ବିଜୟୀ ହୋଇଛନ୍ତି। କିନ୍ତୁ ତାଙ୍କ ସମୟରେ ବିଶ୍ୱର ଆଉ ଦୁଇଜଣ କିଂବଦନ୍ତି ଖେଳାଳି ରାଫେଲ ନାଦାଲ ଓ ନୋଭାକ ଜୋକୋଭିଚ୍‌ଙ୍କ ସହ ପ୍ରତିଦ୍ୱନ୍ଦ୍ୱିତା ଖୁବ୍ ଉଚ୍ଚକୋଟୀର ହୋଇଥିଲା।

C-1395

Email ID : gmwatcosbp@gmail.com

GOVERNMENT OF ODISHA
WATER CORPORATION OF ODISHA
OFFICE OF THE GENERAL MANAGER, WATCO DIVISION, SAMBALPUR.
NOTICE INVITING TENDERS
NATIONAL COMPETITIVE BIDDING THROUGH e-Procurement
Bid Identification No. GMWATCOSBP-12/2025-26 Dt. 03.11.2025

| | | |
|---|---|---|
| 01. | Name of the Work | : 1 no. work |
| 02. | Type of Bid | : Single Bid System |
| 03. | Estimated Cost | : Rs. 49.15 lakh |
| 04. | Period of Completion | : 8 (Eight) Calendar Months |
| 05. | Date & Time of availability of bid document in the portal | : From 11.00 AM of dt. 07.11.2025 to 5.00 PM of 17.11.2025 |
| 06. | Last date / time of receipt of bids in the portal | : 5.00 PM of 17.11.2025. |
| 07. | Date & Time of opening of Bids | : At 11.30 AM of 18.11.2025. |
| 08. | Name and Address of the Officer Inviting Bid | : General Manager, WATCO Division, Sambalpur, Brooks' Hill, Near Stadium, At/Po- Motijharan, Dist- Sambalpur-768001. |

Further details can be seen from the web site http://tenders.ori.nic.in or www.tendersorissa.gov.in

OIPR-

General Manager,
WATCO Division, Sambalpur

OFFICE OF THE PRINCIPAL
GANGESWARI HIGHER SECONDARY SCHOOL
POTTANGI, KORAPUT PIN: 764039

Letter No: GHSS.168/2025 Date: 19/11/2025

QUOTATION CALL NOTICE

Sealed quotations are invited from intending firms/FPM/DGS&D rate contract suppliers having CST/VAT, TIN/PAN number to reach by Dated: 05/12/2025 by Registered Post/Speed Post for supply of the following items. Item quoted need to be super scribed on the envelope. The rate should be inclusive of all taxes and F.O.R. destination. The undersigned reserves the right to accept or reject any or all the quotations without assigning any reason thereof.

| Sl No. | ITEM | SPECIFICATION |
|---|---|---|
| 1. | Rack (8 Nos.) | Iron open Rack of 6 feet length & 4.5 feet breadth with 5 tray. |
| 2. | Printer (1 Nos.) | HP Laser Jet 1020 Plus |
| 3. | Xereox Machine | EPSON L6490 /HP LaserJet/Bizhub 227, Kanika |
| 4. | Library Almirah (1 Nos.) | Front Glass fitting Almirah of General Size |
| 5. | Almirah (01 Nos) | Almirah of General Size 6 fit |

SD/- PRINCIPAL
Gangeswari Higher Secondary School
Pottangi, Koraput

## ଗ୍ରେଟ୍‌ବ୍ୟାଚ୍ ନ୍ୟୁଜିଲାଣ୍ଡ କ୍ରିକେଟ ସଭାପତି

ଖ୍ରୀଷ୍ଟଚର୍ଚ୍ଚ,୧୯।୧୧(ଏଜେନ୍ସି): ପୂର୍ବତନ ଅନ୍ତର୍ଜାତୀୟ ଖେଳାଳି, ସିଲେକ୍ଟର ତଥା କୋଚ୍ ମାର୍କ ଗ୍ରେଟବ୍ୟାଚ୍ ନ୍ୟୁଜିଲାଣ୍ଡ କ୍ରିକେଟର ନୂଆ ସଭାପତି ନିର୍ବାଚିତ ହୋଇଛନ୍ତି। ସେ ଲେସ୍‌ଲୀ ମୁଡ୍ରୋଚ୍‌ଙ୍କ ସ୍ଥାନରେ ଏହି ଦାୟିତ୍ୱ ନେବେ। ୧୯୮୮ରୁ ୯୬ ମଧ୍ୟରେ ନ୍ୟୁଜିଲାଣ୍ଡ ପକ୍ଷରୁ ୪୧ ଟେଷ୍ଟ ଓ ୮୪ଟି ଦିନିକିଆ ମ୍ୟାଚ୍ ଖେଳିଥିବା ଗ୍ରେଟ୍‌ବ୍ୟାଚ୍ ଜଣେ ଟପ୍ ଅର୍ଡରବ୍ୟାଟର ଭାବେ ସୁନାମ ଅର୍ଜନ କରିଥିଲେ। ଏହାଛଡ଼ା ବୋର୍ଡ ଚେୟାରମ୍ୟାନ୍ ଭାବେ ଡାଏନା ତାଙ୍କ ପଦ ବଜାୟ ରଖିଛନ୍ତି। ୩ଜଣ ଖେଳାଳି ରେବେକା ରୋଲ୍ସ, ମାର୍ଟିନ ସ୍ନେଡେନ୍ ଓ ଇୱେନ ଚାଟଫିଲ୍ଡ ଆଜୀବନ ସଦସ୍ୟଭାବେ ନିର୍ବାଚିତ ହୋଇଛନ୍ତି।

■ ଚେସ୍ ବିଶ୍ୱକପ୍

## ଭାରତର ଚ୍ୟାଲେଞ୍ଜ ଶେଷ

ପଣଜୀ,୧୯।୧୧(ଏଜେନ୍ସି): କ୍ୱାର୍ଟର ଫାଇନାଲରେ ପ୍ରବେଶ କରିଥିବା ଏକମାତ୍ର ଭାରତୀୟ ଖେଳାଳି ଅର୍ଜୁନ ଏରିଗାଏସି ଚୀନ୍‌ର ୱେଇ ୟିଙ୍କଠାରୁ ପରାଜିତ ହେବା ପରେ ଏଠାରେ ଚାଲିଥିବା ପୁରୁଷ ଚେସ୍ ବିଶ୍ୱକପ୍‌ରେ ଭାରତର ଚ୍ୟାଲେଞ୍ଜ ଶେଷ ହୋଇଛି। ଏହି ଟୁର୍ଣ୍ଣାମେଣ୍ଟରେ ୧୯ଜଣ ଭାରତୀୟ ଅଂଶଗ୍ରହଣ କରିଥିଲାବେଳେ ମାତ୍ର ଜଣେ ଖେଳାଳି କ୍ୱାର୍ଟରଫାଇନାଲ ପର୍ଯ୍ୟନ୍ତ ଯାଇପାରିଥିଲେ। ୟିଙ୍କ ସହ ସେ ପ୍ରଥମ ମୁକାବିଲା ଡ୍ର କରିବା ପରେ ଦ୍ୱିତୀୟ ରାଉଣ୍ଡରେ ହାରିଯାଇଥିଲେ।

## ୱେଷ୍ଟଇଣ୍ଡିଜ୍ ବିପକ୍ଷ ଦିନିକିଆ ଶୃଙ୍ଖଳା ଜିତିଲା ନ୍ୟୁଜିଲାଣ୍ଡ

ନାପିଅର, ୧୯ ।୧୧ (ଏଜେନ୍ସି): ୱେଷ୍ଟଇଣ୍ଡିଜ୍ ବିପକ୍ଷ ଘରୋଇ ଟ୍ୱେଣ୍ଟି୨୦ ଶୃଙ୍ଖଳା ଜିତିନେଇଛି ନ୍ୟୁଜିଲାଣ୍ଡ। ବୁଧବାର ଦ୍ୱିତୀୟ ଦିନିକିଆ ମ୍ୟାଚ୍‌ରେ ୱେଷ୍ଟଇଣ୍ଡିଜକୁ ୫ ୱିକେଟ୍‌ରେ ନ୍ୟୁଜିଲାଣ୍ଡ ପରାସ୍ତ କରିଛି। ଫଳରେ ୨-୦ରେ ଆଗୁଆ ହୋଇ ନ୍ୟୁଜିଲାଣ୍ଡ ତିନି ମ୍ୟାଚ୍‌ର ଶୃଙ୍ଖଳା ହାତେଇ ପାରିଛି। ବର୍ଷା ଯୋଗୁଁ ମ୍ୟାଚ୍ ୩୪ ଓଭରର ହୋଇଥିଲା। ସାଇ ହୋପ୍‌ଙ୍କ ଅପରାଜିତ ଶତକ ବଳରେ ପ୍ରଥମେ ବ୍ୟାଟିଂକରି ୱେଷ୍ଟଇଣ୍ଡିଜ୍ ୯ ୱିକେଟ୍‌ରେ ୨୪୭ ରନ୍ କରିଥିଲା। ପରେ ଡେଭନ୍ କନ୍‌ୱେଙ୍କ ୯୦ ରନ୍ ବଳରେ ୩ଟି ବଲ୍ ବାକିଥାଇ ୫ ୱିକେଟ୍ ହରାଇ ନ୍ୟୁଜିଲାଣ୍ଡ ଜିତି ନେଇଥିଲା।

### ଆନ୍ତଃସ୍କୁଲ ଖୋ ଖୋ’

## କିସ୍ ଚାମ୍ପିଅନ, ପୁରୀ ରନର୍ସଅପ୍



ଭୁବନେଶ୍ୱର, ୧୯ ।୧୧ (ସମିସ): ଯାଜପୁରର ବରୁଣେଶ୍ୱର କଲେଜରେ ଅନୁଷ୍ଠିତ ଆନ୍ତଃସ୍କୁଲ ଉଚ୍ଚ ମାଧ୍ୟମିକ ବାଳକ ଖୋ ଖୋ ଟୁର୍ଣ୍ଣାମେଣ୍ଟରେ କିସ୍ ଚାମ୍ପିଅନ ହୋଇଛି। ଭୁବନେଶ୍ୱରର କିସ୍ ଓ ପୁରୀ ହାଇସ୍କୁଲ ମଧ୍ୟରେ ଫାଇନାଲ ଖେଳାଯାଇଥିଲା। ଏହି ମୁକାବିଲାରେ କିସ୍ ୯ ପଏଣ୍ଟରେ ପୁରୀକୁ ପରାସ୍ତ କରିଥିଲା। ଦୁଇ ଦିନିଆ ଏହି ସମ୍ମାନଜନକ ଖୋ ଖୋ ଚାମ୍ପିଅନସିପ୍‌ରେ ମୋଟ୍ ୯ଟି ଦଳ ଅଂଶଗ୍ରହଣ କରିଥିଲେ। ଏହି ସଫଳତା ଲାଗି କିଟ୍ ଓ କିସ୍‌ର ପ୍ରତିଷ୍ଠାତା ପ୍ରଫେସର ଅଚ୍ୟୁତ ସାମନ୍ତ ଦଳର ସମସ୍ତ ଖେଳାଳିଙ୍କୁ ଅଭିନନ୍ଦନ ଜଣାଇଛନ୍ତି।

THE BISRA STONE LIME COMPANY LIMITED
CIN: L14100OR1910GO1033904
Registered office: House No: 255, Pristine Green, Pokhariput, Bhubaneswar, Odisha-751020

STATEMENT OF FINANCIAL RESULTS FOR THE QUARTER ENDED 30TH SEPTEMBER 2025

| Sl. No. | Particulars | Half Year Ended | Year Ended | |
|---|---|---|---|---|
| | | 30.09.2025 | 30.09.2024 | 31.03.2025 |
| | | (Reviewed) | | (Audited) |
| 1 | Total Income from Operation (including Other Income) | 4,937.51 | 3,124.00 | 6,260.56 |
| 2 | Net Profit / (Loss) for the period (Before Tax, exceptional and / or extra ordinary items) | 695.79 | 539.93 | 671.34 |
| 3 | Net Profit / (Loss) for the period Before Tax (after exceptional and / or extraordinary items) | 695.79 | 539.93 | 671.34 |
| 4 | Net Profit / (Loss) for the period after Tax (after exceptional and / or extra ordinary items) | 455.14 | 400.03 | 438.51 |
| 5 | Total Comprehensive income for the period [comprising profit / (loss) for the period(after tax) and other comprehensive income (after tax)] | 455.14 | 400.03 | 492.93 |
| 6 | Paid up Equity Share Capital (Face Value Rs. 10/- each) | 8,728.63 | 8,728.63 | 8,728.63 |
| 7 | Other Equity (Excluding Revaluation Reserve as per Balance Sheet) | (20,725.14) | (21,273.21) | (21,180.29) |
| 8 | Earning per share (Rs) | | | |
| | (i) Basic: | 0.52 | 0.46 | 0.50 |
| | (ii) Diluted | 0.52 | 0.46 | 0.50 |

1. The above results of the Company were approved by the Board of Directors at their respective meetings held on 18.11.2025.
2. The above is the extract of the detail format of Financial Result filed with the Stock Exchange under Regulation 33 and 52 of the SEBI (Listing Obligations and Disclosure Requirements) Regulations, 2015.

For and on behalf of the Board of Director
Sd/-
(A.K.Bagchi)
Managing Director-BSLC

Place: Vishakhapatnam
Date: 18.11.2025

## ଆଜିର ରାଶିଫଳ

**ମେଷ:** କୌଣସି କାର୍ଯ୍ୟରୁ ଲାଭ ମିଳିବ। ଦିନଟି ହସଖୁସିରେ ଅତିବାହିତ ହେବ। କୌଣସି ନୂଆ ଜିନିଷ କିଣିବେ। ଜୀବନସାଥୀଙ୍କ ସହ ସୁଖଦ ସମୟ ଅତିବାହିତ କରିବେ। ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବ।

**ବୃଷ:** ଦିନଟି ମିଶ୍ରିତ ଫଳ ପ୍ରଦାନ କରିବ। ପୈତୃକ ବ୍ୟବସାୟରେ ପରିବର୍ତ୍ତନ ଆଣିବେ। ଅବିବାହିତଙ୍କ ବିବାହ ସ୍ଥିର ହେବ। କର୍ମକ୍ଷେତ୍ରରେ କାର୍ଯ୍ୟଭାର ବଢ଼ିବ। ସମୟ ପୂର୍ବରୁ କାର୍ଯ୍ୟ ସମ୍ପାଦନ କରିବେ।

**ମିଥୁନ:** ଶିକ୍ଷା କ୍ଷେତ୍ରରେ ସଫଳତା ପ୍ରାପ୍ତ ହେବ। ପ୍ରେମ ଜୀବନ ସୁଖମୟ ହେବ। ସାଙ୍ଗ ଦ୍ୱାରା ଲାଭବାନ ହେବେ। ବ୍ୟବସାୟରେ ସଫଳତା ମିଳିବ। ବ୍ୟସ୍ତତା ଭିତରେ ନିଜ ପାଇଁ ସମୟ ବାହାର କରିବେ।

**କର୍କଟ :** ପଡ଼ୋଶୀଙ୍କ ସହ ବିବାଦ ହୋଇପାରେ। ବରିଷ୍ଠ ଅଧିକାରୀ ଆପଣଙ୍କ କାର୍ଯ୍ୟରେ ଖୁସି ହେବେ। ନୂଆ ବ୍ୟବସାୟର ଯୋଜନା କରିବେ। ଗୁରୁଜନଙ୍କ ସହଯୋଗ ମିଳିବ।

**ସିଂହ:** ଦିନଟି ଭଲରେ କଟିବ। ଚାକିରିରେ ପରିବର୍ତ୍ତନ ଆସିବ। କୌଣସି ନୂଆ ଦାୟିତ୍ୱ ତୁଲାଇବେ। ବ୍ୟବସାୟ ସମ୍ବନ୍ଧିତ ଦୂର ସ୍ଥାନକୁ ଯାତ୍ରା କରିବେ। କାର୍ଯ୍ୟକ୍ଷେତ୍ରରେ କିଛି ସମସ୍ୟା ଆସିବ।

**କନ୍ୟା:** ଘରକୁ ଅତିଥି ଆଗମନ କରିବେ। ସ୍ୱାମୀ-ସ୍ତ୍ରୀ ସୁଖଦ ମୁହୂର୍ତ୍ତ ଅତିବାହିତ କରିବେ। ପରିବାର ସଦସ୍ୟଙ୍କ ସ୍ୱାସ୍ଥ୍ୟକୁ ନେଇ ଚିନ୍ତାରେ ରହିବେ। ଅଟକି ରହିଥିବା ଧନ ଆଗମନ ହେବ।

**ତୁଳା:** ବନ୍ଧୁଙ୍କ ସହ କୌଣସି ନୂଆ କାର୍ଯ୍ୟର ଯୋଜନା କରିବେ। ବାପାମାଆଙ୍କ ସହଯୋଗରେ କିଛି ନୂଆ ଦାୟିତ୍ୱ ଗ୍ରହଣ କରିବେ। ଅଟକିଥିବା କାର୍ଯ୍ୟକୁ ପୂରା କରିବେ।

**ବିଛା:** ନୂଆ ଚାକିରି ପାଇଁ ଉତ୍ସାହିତ ରହିବେ। ବଡ଼ ଭାଇଙ୍କ ପରାମର୍ଶ ନେବେ। କ୍ରୀଡ଼ାବିତ୍‌ଙ୍କୁ ସଫଳତା ପ୍ରାପ୍ତି ହେବ। ଛାତ୍ରଛାତ୍ରୀଙ୍କର ନୂଆ ବିଷୟ ପ୍ରତି ରୁଚି ବଢ଼ିବ। ବ୍ୟବସାୟରେ ଅର୍ଥ ନିବେଶ କରନ୍ତୁ ନାହିଁ।

**ଧନୁ:** ବ୍ୟାଙ୍କ ଓ ଆଇଟିରେ ସଫଳତା ମିଳିବ। ବ୍ୟବସାୟକୁ ବିସ୍ତାର କରିବେ ଏବଂ ଏହାକୁ ନେଇ କୌଣସି ନୂଆ ସମସ୍ୟା ସୃଷ୍ଟି ହେବ। ଘରେ ମାଙ୍ଗଳିକ କାର୍ଯ୍ୟ ଅନୁଷ୍ଠିତ ହେବ। ଧାର୍ମିକ ସ୍ଥାନକୁ ଯାତ୍ରା କରିବେ।

**ମକର:** ସମୟ ପୂର୍ବରୁ ସମସ୍ତ କାର୍ଯ୍ୟ ପୂରଣ କରିବେ। ପୁରୁଣା ବନ୍ଧୁଙ୍କ ସହ ସମୟ ଅତିବାହିତ କରିବେ। ସୃଜନାତ୍ମକ କାମ ପ୍ରତି ଆଗ୍ରହ ବଢ଼ିବ। ବାଦବିବାଦଠାରୁ ଦୂରେଇ ରହିବେ।

**କୁମ୍ଭ:** ବ୍ୟବସାୟିକ ଚିନ୍ତାଧାରାରେ ପରିବର୍ତ୍ତନ ଆଣିବେ। ଉଚ୍ଚଶିକ୍ଷା ପାଇଁ ଉତ୍ତମ ସମୟ। ଧାର୍ମିକ କାର୍ଯ୍ୟରେ ସାମିଲ ହେବେ। ନୂଆ ପ୍ରୋଜେକ୍ଟରେ କାମ କରିବାର ସୁଯୋଗ ମିଳିବ। ଜାଗାବାଡ଼ି କିଣିବେ।

**ମୀନ:** ସ୍ୱାସ୍ଥ୍ୟ ସମସ୍ୟାକୁ ନେଇ ଡାକ୍ତରଙ୍କ ସହ ପରାମର୍ଶ କରିବେ। ରାଜନୀତିରେ ସଫଳତା ମିଳିବ। ସାଙ୍ଗସାଥୀଙ୍କ ସହ ସମୟ ଅତିବାହିତ କରିବେ। ଆର୍ଥିକ ସ୍ଥିତିରେ ଉନ୍ନତି ପରିଲକ୍ଷିତ ହେବ।



**ବାଦାମ ତେଲ:** ଶୀତ ଦିନେ ଏହି ତେଲକୁ ଲଗାଇଲେ ତ୍ୱଚା ସୁନ୍ଦର ଓ କୋମଳ ରହେ । ତା'ସହ ଦାଗ ଆଦି ମଧ୍ୟ ଦୂର ହୋଇଥାଏ ।

**ଆଭକାଡୋ ଅଏଲ୍:** ଏହାକୁ ନିତିଦିନ ଲଗାଇବା ଦ୍ୱାରା ତ୍ୱଚା ଉଜ୍ଜ୍ୱଳ ଦିଶେ ।

**କୁମକୁମାଦି ତେଲ:** ଏହି ତେଲକୁ ମୁହଁରେ ଲଗାଇଲେ ମୁହଁ ସୁନ୍ଦର ଦେଖାଯାଏ । ତ୍ୱଚା ଉଜ୍ଜ୍ୱଳ ଦେଖାଯିବା ସହ ତ୍ୱଚା ଜନିତ ଅନ୍ୟାନ୍ୟ ସମସ୍ୟା ମଧ୍ୟ ଦୂର ହୋଇଥାଏ ।

**ଅଲିଭ୍ ଅଏଲ:** ଅଲିଭ୍ ତେଲକୁ ମୁହଁରେ ମାଲିସ୍ କରିବା ଦ୍ୱାରା ତ୍ୱଚା କୋମଳ ହୋଇଥାଏ । ତା'ସହ ଶୁଷ୍କତା ଦୂର ହୁଏ ।

**ନଡ଼ିଆ ତେଲ:** ତ୍ୱଚାକୁ କୋମଳ ରଖିବାକୁ ଚାହୁଁଥିଲେ ନଡ଼ିଆ ତେଲ ବ୍ୟବହାର କରିବା ଉତ୍ତମ । ତ୍ୱଚା କୁଞ୍ଚନ ସମସ୍ୟା ଦୂର ହୁଏ ।

# ତ୍ୱଚା ପାଇଁ ତେଲ

ଶୀତ ଦିନେ ତ୍ୱଚା ଶୁଷ୍କ ହୋଇଯାଏ । ଏଥିପାଇଁ ଅନେକେ ବଡିଲୋସନ୍ ଲଗାଇଥାନ୍ତି । ହେଲେ ଏହା ଦୀର୍ଘ ସମୟ ପାଇଁ ପ୍ରଭାବୀ ହୋଇ ନ ଥାଏ । ଏପରିସ୍ଥଳେ ପ୍ରାକୃତିକ ତେଲ ଲଗାଇ ତ୍ୱଚାକୁ ମଏଶ୍ଚରାଇଜ୍ କରିପାରିବେ ।

# ନିମ୍ବ ବଡ଼ିରୁ ବ୍ୟବସାୟ



ସାଧାରଣତଃ ନିମ୍ବ ଫୁଲ ବର୍ଷକେ ଥରେ ଆସିଥାଏ । ତେଣୁ ଏହାର ଚାହିଦା ଅଧିକ ଥାଏ । ଅଧିକାଂଶ ଲୋକେ ଏହାକୁ ତରକାରୀ, ଭଜା ଓ ପିଠଉ କରି ଖାଇଥାନ୍ତି; କିନ୍ତୁ ଛତିଶଗଡ଼ ଜାଂଜଗୀର - ଚାମ୍ପା ଜିଲ୍ଲାର ମହିଳାମାନେ ଏହି ନିମ୍ବଫୁଲକୁ ଉପଯୋଗ କରି ବଡ଼ି ପ୍ରସ୍ତୁତ କରୁଛନ୍ତି । ଏହାକୁ ସ୍ଥାନୀୟ ଅଞ୍ଚଳ ଓ ବଜାରରେ ବିକ୍ରି କରି ଅର୍ଥ ଉପାର୍ଜନ କରିଥାନ୍ତି । ମହିଳାଙ୍କ କହିବାନୁଯାୟୀ, ଏହି ବଡ଼ି ସ୍ୱାସ୍ଥ୍ୟ ପାଇଁ ହିତକର ହେବା ସହ ସ୍ୱାଦିଷ୍ଟ ଲାଗିଥାଏ । ଏଥିସହ ଏହା ଶରୀରରେ ଶର୍କରା ମାତ୍ରା ନିୟନ୍ତ୍ରଣ କରିଥାଏ ।

ଗଙ୍ଗା ମୈୟା ସ୍ୱୟଂ ସହାୟକ ଗୋଷ୍ଠୀର ପୁଷ୍ପା ଯାଦବଙ୍କ କହିବାନୁଯାୟୀ, ବହେରାଡିହ ଗ୍ରାମର ମହିଳାମାନେ ଏକାଠି ହୋଇ ଏହି ବଡ଼ି ପ୍ରସ୍ତୁତ କରିଥାନ୍ତି । ଏଥିପାଇଁ ପ୍ରଥମେ ମହିଳାମାନେ ସ୍ଥାନୀୟ ଅଞ୍ଚଳରୁ ନିମ୍ବଫୁଲ ସଂଗ୍ରହ କରି ଖରାରେ ଶୁଖାନ୍ତି । ଏହାପରେ ଫୁଲକୁ ଧୋଇ ଗରମପାଣିରେ ପକାଇ କିଛି ସମୟ ଫୁଟାନ୍ତି । ଫୁଟିଗଲା ପରେ ପାଣିରୁ ନିମ୍ବ ଫୁଲକୁ ଛାଣି ପୁଣି ଥରେ ଖରାରେ ସୁଖାଇବାକୁ ପଡ଼ିଥାଏ । ଏହାପରେ ବଡ଼ି ପାଇଁ ବିରିଡାଲି ବତୁରାଇ ଗୋଟିଏ ରାତି ରଖନ୍ତି । ପରେ ଡାଲିକୁ ବାଟି ନିମ୍ବଫୁଲ ମିଶାଇ ଲୁଣ, ଲଙ୍କାଗୁଣ୍ଡ, ହେଙ୍ଗୁ, ଜୁଆଣି ଆଦି ପକାଇ ଛୋଟ ଛୋଟ ଗୁଳା କରି ବଡ଼ି ପ୍ରସ୍ତୁତ



କରନ୍ତି । ଏହାପରେ ବଡ଼ିକୁ ଟାଣ ଖରାରେ ଦିନେ କିମ୍ବା ଦୁଇ ଦିନ ଶୁଖାନ୍ତି । ଏହାକୁ ଲୋକେ ସେମାନଙ୍କ ପସନ୍ଦ ମୁତାବକ ଖାଇଥାନ୍ତି ।

ଅନେକେ ଏହାକୁ ଲାଉ ବଡ଼ି ଭଳି ତେଲରେ ଭାଜି ଖାଆନ୍ତି । ସ୍ଥାନୀୟ ଅଞ୍ଚଳରେ ଏହି ବଡ଼ିର ବେଶ୍ ଚାହିଦା ରହିଛି । କିଲୋପିଛା ଏହାର ମୂଲ୍ୟ ୧୦୦୦ ଟଙ୍କା । ଏହାକୁ ଖାଲି ପେଟରେ ଖାଇଲେ ଅଧିକ ସୁଫଳ ମିଳେ ବୋଲି ଗୋଷ୍ଠୀର ସଭାପତି ପୁଷ୍ପା କହିଛନ୍ତି । ଏହାକୁ ପିଲାଠୁ ନେଇ ବୟସ୍କ ସମସ୍ତେ ଖାଇପାରିବେ । ହେଲେ ସୁଗାର ଥିବା ଲୋକଙ୍କ ପାଇଁ ଏହା ବେଶ୍ ଲାଭଦାୟକ । ଦୈନିକ ଏହି ବଡ଼ି ଖାଇଲେ ସୁଗାର(ଶର୍କରା) ମାତ୍ରା କମ୍ ହୋଇଥାଏ । ବଜାରରେ ଏହାର ଖୁବ୍ ଚାହିଦା ରହିଛି । ମହିଳାମାନେ ପ୍ରତ୍ୟେକ ବର୍ଷ ନିମ୍ବଫୁଲ ଆସିଲେ ଏହି ବଡ଼ି ପ୍ରସ୍ତୁତ କରିଥାନ୍ତି । ଅନ୍ୟ ଦିନଗୁଡ଼ିକରେ ଲାଉ, ଫୁଲ, ଲିଆ ଭଳି ବିଭିନ୍ନ ବଡ଼ି ପ୍ରସ୍ତୁତ କରନ୍ତି । ଏହାକୁ ପ୍ୟାକେଟ୍ କରି ସ୍ଥାନୀୟ ଅଞ୍ଚଳରେ ବିକ୍ରି କରି ପରିବାର ପ୍ରତିପୋଷଣ କରିଥାନ୍ତି । ଘରର ସବୁକାମ ସରିବା ପରେ ଫାଙ୍କା ସମୟକୁ ଉପଯୋଗ କରି ମହିଳାମାନେ ବଡ଼ି ବ୍ୟବସାୟ କରିଥାନ୍ତି । ଗୋଷ୍ଠୀରେ ଏବେ ୨୦ ଜଣ ମହିଳା ଥିବାବେଳେ ଆଗାମୀ ଦିନରେ ଅଧିକ ମହିଳାଙ୍କୁ ଏଥିରେ ସାମିଲ କରିବାକୁ ପୁଷ୍ପା ଆଶା ରଖିଛନ୍ତି ।

# ଅମୃତ ଅଁଳା

ଶୀତଦିନେ କେଶ ରୁକ୍ଷ, ଦୁର୍ବଳ ଓ ନିର୍ଜୀବ ଦେଖାଯାଏ । ଥଣ୍ଡା ଓ ବାୟୁର ଆର୍ଦ୍ରତା କେଶକୁ କ୍ଷତି ପହଞ୍ଚାଇଥାଏ । ଏପରି ସ୍ଥଳେ ଅଁଳା କେଶ ପାଇଁ ଖୁବ୍ ହିତକର ହୋଇଥାଏ । ଏଥିରେ ଭିଟାମିନ୍ ସି, ଆଣ୍ଟିଅକ୍ସିଡାଣ୍ଟ ଓ ଅନ୍ୟ ପୋଷକ ତତ୍ତ୍ୱ ଥାଏ । ଏହା କେଶକୁ ପୋଷଣ ଦେବା ସହ ରୁପି ସମସ୍ୟା ଦୂର କରିଥାଏ । ଏହା ନିୟମିତ ବ୍ୟବହାର କଲେ କେଶ ଘନ, ଉଜ୍ଜ୍ୱଳ ଓ ଭିତରୁ ମଜଭୂତ୍ ରହିଥାଏ ।

### ଅଁଳା ତେଲରେ ମସାଜ୍

ଅଁଳା ତେଲକୁ ନଖଉଷୁମ କରି କେଶରେ ମସାଜ କରନ୍ତୁ । ଏହା କେଶମୂଳକୁ ପୋଷଣ ଦେବା ସହ ରକ୍ତ ସଞ୍ଚାଳନ ବୃଦ୍ଧି କରି କେଶ ବଢ଼ାଇ ଥାଏ. ।

### ଅଁଳା ଓ ନଡ଼ିଆ ତେଲ

ଅଁଳା ପାଉଡରକୁ ନଡ଼ିଆ ତେଲରେ ପକାଇ ଏକ ପେଷ୍ଟ ପ୍ରସ୍ତୁତ କରନ୍ତୁ । ଏହାକୁ କେଶମୂଳରେ ଲଗାଇ ୩୦ ମିନିଟ୍ ପରେ ଧୋଇ ଦିଅନ୍ତୁ । ଏହା କେଶକୁ ଆର୍ଦ୍ର ଓ ମଜଭୂତ ରଖିଥାଏ ।

### ଅଁଳା ଓ ଦହି

ଅଁଳା ପାଉଡରରେ ଦହି ମିଶାଇ ଏକ ପେଷ୍ଟ ପ୍ରସ୍ତୁତ କରନ୍ତୁ । ଏହା ରୁକ୍ଷକେଶ ସମସ୍ୟା ଦୂର କରିଥାଏ । କେଶରେ ଚମକ ଆଣିଥାଏ ।

### ଅଁଳା ଓ ହେନା ମାସ୍କ

ଅଳ୍ପ ପାଣି ନେଇ ସେଥିରେ ହେନା ପାଉଡର ମିଶାଇ ହେୟାର ମାସ୍କ ପ୍ରସ୍ତୁତ କରନ୍ତୁ । ଏହାକୁ ତିନି ଚାରି ଘଣ୍ଟା ରଖି ଦିଅନ୍ତୁ । ଏହାପରେ ଭଲରେ ମିକ୍ସ କରି କେଶରେ ଲଗାନ୍ତୁ । ଏକ ଘଣ୍ଟାପରେ କେଶକୁ ଧୋଇ ଦିଅନ୍ତୁ । ଏହାକେଶକୁ ପ୍ରାକୃତିକ ଚମକ ଓ ମଜଭୂତ କରିଥାଏ ।



# ମେକ୍‌ଅପ୍‌ରୁ ବିରତି

ମେକ୍‌ଅପ୍ କରିବାକୁ ସମସ୍ତେ ପସନ୍ଦ କରନ୍ତି । ଏହା ତ୍ୱଚାରେ ଥିବା ଦାଗ, ବ୍ରଣ ଦୂର କରି ପ୍ରାକୃତିକ ଚମକ ଆଣିଥାଏ । କିନ୍ତୁ ଲଗାତାର ମେକ୍‌ଅପ୍ କଲେ ଏହା ତ୍ୱଚାରେ ଅନେକ ସମସ୍ୟା ସୃଷ୍ଟି କରିଥାଏ । ଶରୀରକୁ ସୁସ୍ଥ ରଖିବା ପାଇଁ ଯେପରି ଡିଟକ୍ସ କରାଯାଏ, ସେହିପରି ତ୍ୱଚାକୁ ମଧ୍ୟ ମେକ୍‌ଅପ୍‌ରୁ ବିରତି ଦେବାକୁ ପଡ଼ିଥାଏ । ନଚେତ୍ ତ୍ୱଚାର ପୋର୍ସଗୁଡ଼ିକ ବନ୍ଦ ହୋଇ ପ୍ରାକୃତିକ ଚମକ ହଜିଯାଏ । ତେଣୁ ସମୟେ ସମୟେ ମେକ୍‌ଅପ୍‌ରୁ ବିରତି ନେବା ଆବଶ୍ୟକ ।



### ଚମକ ବିହୀନ ତ୍ୱଚା

ମେକ୍‌ଅପ୍ ପରେ ତ୍ୱଚାରେ ଚମକ ଆସିଥାଏ; କିନ୍ତୁ ହାଇଲାଇଟର୍ ଓ ବ୍ଲଶ୍ ଲଗାଇବା ପରେ ତ୍ୱଚା ରୁକ୍ଷ, ତଥା ନିର୍ଜୀବ ଲାଗୁଥିଲେ, ଏହା ବିପଦର ସଂକେତ ହୋଇପାରେ । ଦୀର୍ଘ ସମୟ ତ୍ୱଚାରେ ମେକ୍‌ଅପ୍ ରହିଲେ, ଏହା ତ୍ୱଚାର ଥିବା କଣିକାକୁ କ୍ଷତି ପହଞ୍ଚାଇଥାଏ । ତେଣୁ ସୁସ୍ଥ ତ୍ୱଚା ପାଇଁ ମଝିରେ ମଝିରେ ମେକ୍‌ଅପ୍‌ରୁ ବିରତି ନେବା ଜରୁରୀ ।

### ଶୁଷ୍କତା

ଦୈନିକ ମେକ୍‌ଅପ୍ କରିବା ଦ୍ୱାରା ତ୍ୱଚାରେ ଥିବା ପ୍ରାକୃତିକ ତେଲ କମିଯାଏ । ତ୍ୱଚାର ସୁରକ୍ଷା ପରସ୍ତ ଦୁର୍ବଳ ହୋଇଯାଏ । ଏହା ଉପରେ ମେକ୍‌ଅପ୍ କଲେ ତ୍ୱଚାରେ ଶୁଷ୍କତା ଓ ଫଟା ଫଟା ଦାଗ ଦେଖିବାକୁ ମିଳିଥାଏ । ତେଣୁ ତ୍ୱଚାରେ ମେକ୍‌ଅପ୍ ନ ଲଗାଇ କ୍ରିମ୍ ମଏଶ୍ଚରାଇଜର୍ ଲଗାଇ ଦେଖାଶୁଣା କରିପାରିବେ ।

### ବାରମ୍ବାର ବ୍ରଣ

ତ୍ୱଚାରେ ଫାଉଣ୍ଡେସନ୍, କନ୍‌ସିଲର୍, ବ୍ଲଶ୍ ଆଦି ବାରମ୍ବାର ଲଗାଇଲେ ତ୍ୱଚାରେ ଏହା ଜମିରହେ । ଫଳରେ ଧୂଳି, ବାୟୁ ପ୍ରଦୂଷଣ ସଂସ୍ପର୍ଶରେ ଆସି ମୁହଁରେ ବ୍ରଣ ହୋଇଥାଏ । ତେଣୁ ଏପରି ସ୍ଥିତି ଉପୁଜୁଥିଲେ ତ୍ୱଚାରେ କିଛିଦିନ ପାଇଁ ମେକ୍‌ଅପ୍ ଲଗାଇବା ଛାଡ଼ି ଦିଅନ୍ତୁ ।

# ଶୀତଦିନେ ଘରକୁ ଦିଅନ୍ତୁ ନୂଆ ରଙ୍ଗ

ଋତୁ ଅନୁଯାୟୀ ଲୋକେ ଖାଦ୍ୟ,ପାନୀୟ ତଥା ପୋଷାକ ଆଦିରେ ପରିବର୍ତ୍ତନ କରିଥାନ୍ତି । ସେହିପରି ଘରକୁ ମଧ୍ୟ ଋତୁ ଅନୁସାରେ ରଙ୍ଗ କରିବା ଜରୁରୀ । ଏପରି କରିବା ଦ୍ୱାରା ଘର ସୁନ୍ଦର ଦିଶିବା ସହ ଆରାମଦାୟକ ଅନୁଭୂତି ମିଳିଥାଏ ।

- ଶୀତଦିନେ ହାଲୁକା, ନ୍ୟୁଟ୍ରାଲ୍ ରଙ୍ଗ ଖୁବ୍ ଭଲ ହୋଇଥାଏ । ଅଫ୍‌ହ୍ୱାଇଟ୍, କ୍ରିମ୍ ଭଳି ରଙ୍ଗ ଘରକୁ ବଡ଼ ଦେଖାଇବା ସହ ବିଭିନ୍ନ ସାଜଉପକରଣ ସହ ମେଳ ଖାଇଥାଏ । କାନ୍ଥ ତଥା ଫର୍ଣ୍ଣିଚର ପାଇଁ ଏହି ରଙ୍ଗ ଖୁବ୍ ସୁନ୍ଦର ଦିଶିଥାଏ ।
- ସେହିପରି ଶୀତଦିନେ ଘରକୁ ଟିକେ ଉଷୁମ ରଖିବାକୁ ଚାହୁଁଥିଲେ, ଗାଢ଼ ନାଲି ରଙ୍ଗ କରିପାରିବେ । ଏହା ଘରକୁ ସୁନ୍ଦର କରିଥାଏ । ଏଥିସହ ଚାହିଁଲେ ଘରେ ମେରୁନ୍ ରଙ୍ଗ ଲଗାଇପାରିବେ । ଏହା ଘରକୁ ଏକ ଫେଷ୍ଟିଭ୍ ଲୁକ୍ ଦେଇଥାଏ ।
- ଘରେ ପ୍ରାକୃତିକ ଚମକ ଆଣିବାକୁ ଚାହୁଁଥିଲେ, ବ୍ରାଉନ୍ ଓ କଫିସେଡ୍ ବ୍ୟବହାର କରିପାରିବେ । ଏହି ରଙ୍ଗ କାଠ, ଉଲ୍ ଓ ଲାଇଲେନ୍ ଭଳି ଫାବ୍ରିକ୍‌କୁ ସୁନ୍ଦର ଦିଶିଥାଏ । ଏହାଦ୍ୱାରା ଘରେ ଶାନ୍ତି ଅନୁଭୂତ ହୋଇଥାଏ ।



ମୋ ହାଣ୍ଡିଶାଳରୁ...

# ପିଜ୍ଜା ପରଟା



### ଆବଶ୍ୟକ ସାମଗ୍ରୀ

ଅଟା -୨୫୦ ଗ୍ରାମ୍, କଟା ପିଆଜ - ଅଧା କପ୍, କଟା କ୍ୟାପ୍ସିକମ୍ - ଅଧା କପ୍, ମିଠା ମକ୍କା- ଅଧା କପ୍, ଟମାଟୋ - ଅଧା କପ୍, ମ୍ୟାଗି ମସଲା - ଅଧା ଚାମଚ, ଟମାଟୋ ସସ୍ - ଏକ ଚାମଚ, ଚିଜ୍ - ଅଧା କପ୍ , ଲୁଣ- ସ୍ୱାଦ ଅନୁସାରେ, ତେଲ - ଆବଶ୍ୟକତା ଅନୁସାରେ ।

### ପ୍ରସ୍ତୁତି ପ୍ରଣାଳି

ପ୍ରଥମେ ଅଟାରେ ପାଣି ଅଳ୍ପ ଲୁଣ ଦେଇ ଚକଟି ଦିଅନ୍ତୁ । ଏହାକୁ ଗୁଳା କରି ଗୋଲାକାରରେ ବେଲନ୍ତୁ । ଏହାପରେ ରୁଟିରେ ଏକ ଚାମଚ ତେଲ ଓ ମ୍ୟାଗି ମସଲା ଦେଇ ରୁଟିର ଚାରିକଡ଼େ ଲଗାନ୍ତୁ । ଗୋଟିଏ କଣ୍ଟା ଚାମଚ ସାହାଯ୍ୟରେ ମଝିରେ ଦାଗ ଦିଅନ୍ତୁ । ଗ୍ୟାସ୍ ଲଗାଇ ତାୱା ଗରମ କରି ରୁଟିକୁ ସେକନ୍ତୁ । ଦୁଇପାଖ ହାଲୁକା ସେକି ହୋଇଯିବା ପରେ ଏହାକୁ ଏକ ପ୍ଲେଟ୍‌କୁ କାଢ଼ି ଦିଅନ୍ତୁ । ରୁଟି ଉପରେ ପିଜ୍ଜା ସସ୍ ଟମାଟୋ ସସ୍, ଚିଜ୍, ମିଠାମକା ଦେଇ ଏହା ଉପରେ କ୍ୟାପ୍‌ସିକମ୍, ଟମାଟୋ, ପିଆଜ ଦିଅନ୍ତୁ । ଏହାକୁ ଏକ ପ୍ୟାନ୍‌ରେ ବସାଇ ଉପରେ ଢାଙ୍କୁଣି ଘୋଡ଼ାଇ ଦିଅନ୍ତୁ । ୧୦ ମିନିଟ୍ ପରେ ଢାଙ୍କୁଣି ଖୋଲି ଏହାକୁ ପ୍ଲେଟ୍‌ରେ କାଢ଼ନ୍ତୁ । ପ୍ରସ୍ତୁତ ହୋଇଗଲା 'ପରଟା ପିଜ୍ଜା' ।

# ଟ୍ରେଣ୍ଡରେ ବବଲ୍ ହେମ୍ ଆଉଟ୍‌ଫିଟ୍



ଫେଶନ ଦୁନିଆରେ ଅନେକ ଷ୍ଟାଇଲ୍ ରହିଛି, ଯାହା କେବେ ହେଲେ ପୁରୁଣା ହୁଏନି । ଏହା ସମୟାନୁସାରେ ନୂଆ ରୂପରେ ଦେଖିବାକୁ ମିଳିଥାଏ । ସେମିତି ଏକ ଟ୍ରେଣ୍ଡ ହେଲା ବବଲ୍ ହେମ୍ ଆଉଟଫିଟ୍ । ଏହା ଅଶି ଦଶକରେ ଖୁବ୍ ଲୋକପ୍ରିୟ ଥିଲା । ଏବେର ମହିଳାଙ୍କ ମଧ୍ୟରେ ଏହାର ଚାହିଦା ରହିଛି । ଏହା ପାର୍ଟି, ଫଙ୍କ୍‌ଶନ୍, ଉତ୍ସବ, କାଜୁଆଲ୍ ସବୁ ଆଉଟ୍‌ଫିଟ୍‌କୁ ଭଲ ମାନିଥାଏ ।

- ଏ ପ୍ରକାର ଡ୍ରେସ୍‌ରେ କପଡ଼ାକୁ ତଳକୁ ମୋଡ଼ି ସିଲେଇ କରାଯାଇଥାଏ । ଏହାଦ୍ୱାରା ତଳଅଂଶ ଫୁଲି ଏକ ବେଲୁନ୍ ଆକାର ଦେଖାଯାଏ । ଏହା ସୁନ୍ଦର ଓ ଆକର୍ଷଣୀୟ ଦେଖାଯାଏ ।
- ଏହି ଡିଜାଇନ୍ ମିନି, ମିଡି ଓ ମ୍ୟାକ୍ସି ଆଦି ବିଭିନ୍ନ ଲମ୍ବର ରହିଛି । ତେବେ କୌଣସି ପାର୍ଟି, ଫଙ୍କସନ୍‌ରେ ପିନ୍ଧିବାକୁ ଚାହୁଁଥିଲେ , ସିଲ୍‌କ ବା ସାଟିନ୍ କପଡ଼ାର ପୋଷାକ ପିନ୍ଧିପାରିବେ ।
- ଏହି ଡ୍ରେସ୍ ସବୁ ପ୍ରକାର ଶାରୀରିକ ଗଠନକୁ ଭଲ୍ ମାନିଥାଏ । ତେଣୁ ଏହାର ଲୋକପ୍ରିୟତା ଖୁବ୍ ରହିଛି । ଏହି ବବଲ୍‌ଆକୃତି ଶରୀରକୁ ଏକ ବାଲାନ୍ସ ଲୁକ୍ ଦେଇଥାଏ । ଏହି ପୋଷାକ ଜୁଏଲାରୀ ବିନା ଅଧିକ ଆକର୍ଷଣୀୟ ଦିଶିଥାଏ ।



କିଟ୍ ରଣଜୀ ଲଢ଼େଇ: ନାଗାଲାଣ୍ଡ ୨୯୯ ରନ୍‌ରେ ପରାସ୍ତ

# ଓଡ଼ିଶାକୁ ସିଜିନ୍‌ର ପ୍ରଥମ ବିଜୟ ପଏଣ୍ଟ

ଭୁବନେଶ୍ୱର, ୧୯ ।୧୧ (ସମିସ)

ସ୍ଥାନୀୟ କିଟ୍ କ୍ରିକେଟ୍ ଗ୍ରାଉଣ୍ଡରେ ଭ୍ରମଣକାରୀ ନାଗାଲାଣ୍ଡ ବିପକ୍ଷରେ ଅନୁଷ୍ଠିତ ରଣଜୀ ଟ୍ରଫି ମୁକାବିଲାରେ ଓଡ଼ିଶା ୨୯୯ ରନର ବୃହତ୍ ବ୍ୟବଧାନରେ ବିଜୟୀ ହୋଇଛି। ଦୁଇ ସ୍ପିନର ଗୋବିନ୍ଦ ପୋଦ୍ଦାର (୫/୬୯) ଓ ବାଦଲ ସ୍ୱାଇଁ (୩/୩୮) ମିଳିତ ଭାବେ ୮ ୱିକେଟ୍ ନେଇ ଘରୋଇ ଓଡ଼ିଶାକୁ ଚଳିତ ସିଜନରେ ପ୍ରଥମ ବିଜୟ ଭେଟି ଦେଇଥିଲେ। ପୂର୍ବରୁ ବରୋଦା (୭ ୱିକେଟ), ଆନ୍ଧ୍ର ପ୍ରଦେଶ (ଇନିଂସ ଓ ୫୦ ରନ) ଓ ବିଦର୍ଭ (୧୦୦ ରନ) ନିକଟରୁ ହାରିଥିବା ଓଡ଼ିଶା କେବଳ ଉତ୍ତର ପ୍ରଦେଶ ବିପକ୍ଷରେ ଡ୍ର ରଖିଥିଲା। ଏବେ ୫ଟି ମ୍ୟାଚ୍ ଖେଳି ଓଡ଼ିଶା ୭ ପଏଣ୍ଟ ସହ ଏଲିଟ୍ ଗ୍ରୁପ୍-ଏ'ରେ ୬ଷ୍ଠ ସ୍ଥାନରେ ରହିଛି।

ଓଡ଼ିଶା ପକ୍ଷରୁ ଧାର୍ଯ୍ୟ ୪୬୫ ରନର କଷ୍ଟସାଧ ଲକ୍ଷ୍ୟକୁ ପିଛା କରିଥିବା ନାଗାଲାଣ୍ଡ ବୁଧବାର ମ୍ୟାଚର ଅନ୍ତିମ ତଥା ୪ର୍ଥ ଦିବସରେ ୧୬୫ ରନ କରି ଦ୍ୱିତୀୟ ପାଳିରେ ଅଲଆଉଟ୍ ହୋଇଯାଇଥିଲା। ନାଗାଲାଣ୍ଡକୁ ଅଲଆଉଟ୍ କରିବାକୁ ଓଡ଼ିଶା ବୋଲରଙ୍କୁ ୮୩ ଓଭର ବୋଲିଂ କରିବାକୁ ପଡ଼ିଥିଲା। ଭ୍ରମଣକାରୀ ଦଳ ପକ୍ଷରୁ ଓପନର୍ ଡେଗା ନିଶ୍ଚଳ (୧୨୬ ବଲରେ ୫୨ ରନ) ଓ ହେମ ଛେତ୍ରୀ (୧୦୨ ବଲରେ ୩୭ ରନ) ଧୀମା ବ୍ୟାଟିଂ କରି ମ୍ୟାଚକୁ ଡ୍ର ରଖିବାକୁ ଚେଷ୍ଟା କରିଥିଲେ। କିନ୍ତୁ ପାର୍ଟଟାଇମ ସ୍ପିନର ଗୋବିନ୍ଦ ଉଭୟଙ୍କୁ ଆଉଟ୍ ଓଡ଼ିଶା ଦଳ ପାଇଁ ବିଜୟ ପଥ ପରିଷ୍କାର କରିଦେଇଥିଲେ। ଗୋବିନ୍ଦ ୩୧ ଓଭର ବୋଲିଂ କରି ୧୩ ମେଡେନ ସହ ୬୯ ରନ ବ୍ୟୟରେ ସର୍ବାଧିକ ୫ଟି ୱିକେଟ୍ ନେଇଥିଲେ। ପ୍ରଥମଶ୍ରେଣୀ ଫର୍ମାଟରେ ଏହା ତାଙ୍କର ୩ୟ ୫ ୱିକେଟ ସଫଳତା ଥିଲା। ସେହିଭଳି ବାମହାତୀ ସ୍ପିନର ବାଦଲ ୧୯ ଓଭର ବୋଲିଂ କରି ୧୦ ମେଡେନ ସହ ୩୮ ରନ ଦେଇ ୩ଟି ୱିକେଟ୍ ନେଇଥିଲେ। ସମ୍ବିତ ବରାଳଙ୍କୁ ଗୋଟିଏ ୱିକେଟ୍ ମିଳିଥିବାବେଳେ ଅଭିଜ୍ଞ ଚେତନ ବିଷ୍ଟ ୧୯ ବଲ ଖେଳିଥିଲେ ମଧ୍ୟ ଖାତା ଖୋଲି ନ ପାରି ରନଆଉଟ୍ ହୋଇଥିଲେ। ପୂର୍ବରୁ ଅନିଲ ପରିଡ଼ା (୧୧୮)ଙ୍କ ଶତକ ବଳରେ ଓଡ଼ିଶା ପ୍ରଥମ ଇନିଂସରେ ୨୭୫ ରନ କରିଥିଲା। ଜବାବରେ ୧୬୧ ରନରେ ସୀମିତ ରହିଥିଲା। ୧୧୪ ରନରେ ଅଗ୍ରଣୀ ଥାଇ ଘରୋଇ ଦଳ ଦ୍ୱିତୀୟ ଇନିଂସରେ ୫ ୱିକେଟରେ ୩୫୦ ରନ କରି ପାଳି ଘୋଷଣା କରିଥିଲା। ଓପନର୍ ସ୍ୱସ୍ତିକ ସାମଲ ୧୬୯ ଓ ଅଧିନାୟକ ଶୁଭ୍ରାଂଶୁ ସେନାପତି ୧୩୭ ରନର ଶତକୀୟ ପାଳି ଖେଳିଥିଲେ। ସ୍ୱସ୍ତିକଙ୍କୁ ମ୍ୟାଚର ଶ୍ରେଷ୍ଠ ଖେଳାଳି ବିବେଚିତ କରାଯାଇଥିଲା। ସୟଦ ମୁସ୍ତାକ ଅଲି ଟ୍ରଫି ଲାଗି ରଣଜୀ ଟ୍ରଫିରେ ଏବେ ସାମୟିକ ବ୍ରେକ୍ ଲାଗିଛି। ଜାନୁଆରୀ ୨୨ରୁ ୬ଷ୍ଠ ଓ ୨୯ରୁ ଅନ୍ତିମ ତଥା ୭ମ ରାଉଣ୍ଡ ମ୍ୟାଚ୍ ଖେଳାଯିବ। ଏହି ଦୁଇଟି ମ୍ୟାଚରେ ଓଡ଼ିଶା ଯଥାକ୍ରମେ ତାମିଲନାଡୁ ଓ ଝାଡ଼ଖଣ୍ଡକୁ ଭେଟିବ।


ଗୋବିନ୍ଦ ପୋଦ୍ଦାର



ସ୍ୱସ୍ତିକ ସାମଲ

**ସଂକ୍ଷିପ୍ତ ସ୍କୋର**

**ଓଡ଼ିଶା ପ୍ରଥମ ଇନିଂସ**: ୨୭୫/୧୦ (ଅନିଲ-୧୧୮, ବିପ୍ଳବ- ୯୨, ଲମଲିୱତି ଲେମତୁର- ୩/୨୬)।
**ନାଗାଲାଣ୍ଡ ପ୍ରଥମ ଇନିଂସ**: ୧୬୧/୧୦ (ଡେଗା- ୭୨, ଗୋବିନ୍ଦ- ୩/୨୨)।
**ଓଡ଼ିଶା ୨ୟ ଇନିଂସ**: ୩୫୦/୫, ୭୧ ଓଭର (ସ୍ୱସ୍ତିକ- ୧୬୯, ଶୁଭ୍ରାଂଶୁ- ୧୩୭, ସମ୍ବିତ- ଅପରାଜିତ ୧୯, ପୋଦ୍ଦାର- ୧୨, ଭିନୋ- ୨/୭୯)।
**ନାଗାଲାଣ୍ଡ ୨ୟ ଇନିଂସ**: ୪୧/୧, ୧୮ ଓଭର (ଟାର୍ଗେଟ- ୪୬୫)।

■ ଗୌହାଟୀରେ ଶନିବାରରୁ ଦ୍ୱିତୀୟ ଟେଷ୍ଟ

## ଗିଲ୍‌ଙ୍କ ଖେଳିବା ନେଇ ସନ୍ଦେହ



ଗୌହାଟୀ,୧୯।୧୧(ଏଜେନ୍ସି): ଦକ୍ଷିଣ ଆଫ୍ରିକା ସହ ସ୍ଥାନୀୟ ବର୍ଷାପଡ଼ା ଷ୍ଟାଡିୟମ୍‌ରେ ଦ୍ୱିତୀୟ ଟେଷ୍ଟ ଖେଳିବାକୁ ଭାରତୀୟ କ୍ରିକେଟ ଦଳ ଏଠାରେ ବୁଧବାର ପହଞ୍ଚିଛି। ଏହି ଟେଷ୍ଟ ଆସନ୍ତା ଶନିବାର ବା ନଭେମ୍ବର ୨୨ରୁ ଆରମ୍ଭ ହେବ। ଇଡେନ୍‌ରେ ଖେଳାଯାଇଥିବା ପ୍ରଥମ ଟେଷ୍ଟ ତୃତୀୟ ଦିନରେ ଶେଷ ହୋଇଥିଲା। ଏହା ଫଳରେ କୋଲକାତାରେ ଭାରତୀୟ ଦଳକୁ ୨ ଦିନ ଛୁଟିରେ ରହିବାକୁ ପଡ଼ିଲା। ଭାରତୀୟ କ୍ରିକେଟ ଦଳର ଟୁର୍ ପ୍ଲାନ୍ ଅନୁଯାୟୀ ଆଜି ଖେଳାଳି ଓ ସପୋର୍ଟ ଷ୍ଟାଫ୍ ଗୁଆହାଟୀରେ ପହଞ୍ଚିଛନ୍ତି। କିନ୍ତୁ ପ୍ରଥମ ଟେଷ୍ଟର ଦ୍ୱିତୀୟ ଦିନ ୩ଟି ବଲ ଖେଳିବା ପରେ ଆହତ ହୋଇ ରିଟାୟର୍ଡ ହୋଇଥିବା ଭାରତୀୟ ଅଧିନାୟକ ଶୁବମନ ଗିଲ୍‌ଙ୍କ ଖେଳିବା ନେଇ ସନ୍ଦେହ ଦୂର ହୋଇନାହିଁ। କୋଲକାତାରେ ଚିକିତ୍ସା ପରେ ତାଙ୍କ ସ୍ୱାସ୍ଥ୍ୟାବସ୍ଥାରେ ଦ୍ରୁତ ଉନ୍ନତି ଘଟୁଛି। ଏବେ ସେ ବିସିସିଆଇ ମେଡିକାଲ ଟିମ୍ ତତ୍ତ୍ୱାବଧାନରେ ରହିଛନ୍ତି। କିନ୍ତୁ ବର୍ଷାପଡାରେ ସେ ଖେଳିବେ କି ନାହିଁ ତାହା ଶେଷ ମୁହୂର୍ତ୍ତରେ ଟିମ୍ ମ୍ୟାନେଜ୍‌ମେଣ୍ଟ ନିଷ୍ପତ୍ତି ନେବ ବୋଲି ଜଣାଯାଇଛି।

■ ଅଲ୍‌ଓଡ଼ିଶା ବିଲିୟାର୍ଡ୍ସ ଓ ସ୍ନୁକରରେ ବିପର୍ଯ୍ୟୟ

## ଅଗରୱାଲଙ୍କୁ ହରାଇଲେ ସିଂଘାଲ



ଭୁବନେଶ୍ୱର,୧୯।୧୧(ସମିସ): ପୂର୍ବତନ ଜାତୀୟ ବିଲିୟାର୍ଡ୍ସ ରନର୍ସ ଅପ୍ କୁନାଲ ଅଗରୱାଲଙ୍କୁ ହରାଇ ୧୫ ବର୍ଷୀୟ ରାଜ୍ୟ ଜୁନିଅର ଚାମ୍ପିଅନ୍ ବିଶେଷ ସିଂଘାଲ ଏଠାରେ ଚାଲିଥିବା ଅଲଓଡ଼ିଶା ବିଲିୟାର୍ଡ୍ସ ଆଣ୍ଡ ସ୍ନୁକର ର୍‌ୟାଙ୍କିଂ ପ୍ରତିଯୋଗିତାରେ ସବୁଠାରୁ ବଡ଼ ବିପର୍ଯ୍ୟୟ ସୃଷ୍ଟି କରିଛନ୍ତି। ଆଜି ଖେଳାଯାଇଥିବା ସିନିଅର ସ୍ନୁକର ଚାମ୍ପିଅନସିପ୍‌ରେ ୧୫ ବର୍ଷୀୟ ବିଶେଷ ୩-୨ ଫ୍ରେମ୍‌ରେ କୁନାଲ ଅଗରୱାଲଙ୍କୁ ହରାଇ ପରବର୍ତ୍ତୀ ରାଉଣ୍ଡକୁ ଉନ୍ନୀତ ହୋଇଛନ୍ତି। ବିଲିୟାର୍ଡ୍ସ ଚାମ୍ପିଅନ ଆଶୁତୋଷ ପାଢ଼ୀ ଓ ରନର୍ସ ଅପ୍ ସୁବ୍ରତ ଦାସଙ୍କ ଆଜିର ମୁକାବିଲାରେ ୱାକ୍ ଓଭର ମିଳିଛି। ଅନ୍ୟମାନଙ୍କ ମଧ୍ୟରେ ଡାକ୍ତର ରାକେଶ ରୋଶନ ପ୍ରଧାନ, ସିଦ୍ଧାର୍ଥ ସେନ୍, ଅନୁଜ ପଣ୍ଡା, ସୁଦୀପ୍ତ ଦାସ ମଧ୍ୟ ବିଜୟୀ ହୋଇ ପରବର୍ତ୍ତୀ ରାଉଣ୍ଡକୁ ଉନ୍ନୀତ ହୋଇଛନ୍ତି।

■ ଷ୍ଟେଟ-ଏ ଟ୍ରଫି: ମୁମ୍ବଇଠାରୁ ହାରିଲା

## ଆନ୍ଧ୍ରଠୁ ଜିତିଲେ କ୍ୱାର୍ଟର ଖେଳିବ ଓଡ଼ିଶା



କଟକ,୧୯।୧୧(ସମିସ): ୨୩ବର୍ଷରୁ କମ୍ ପୁରୁଷ ଷ୍ଟେଟ-ଏ ଟ୍ରଫିର ୬ଷ୍ଠ ଲିଗ୍ ମ୍ୟାଚ୍‌ରେ ଓଡ଼ିଶା ୮ ୱିକେଟରେ ମୁମ୍ବଇ ଠାରୁ ପରାସ୍ତ ହୋଇଛି। ବରୋଦାର କୋଟାମ୍ବି ଷ୍ଟାଡିୟମରେ ଆଜି ଖେଳାଯାଇଥିବା ମ୍ୟାଚ୍‌ରେ ମୁମ୍ବାଇ ଟସ୍ ଜିତି ଓଡ଼ିଶାକୁ ବ୍ୟାଟିଂ ଡାକରା ଦେଇଥିଲା। ଦିନେଶ ମାଝୀଙ୍କ ୬୦ରନ୍ ସହାୟତାରେ ଓଡ଼ିଶା ସମସ୍ତ ୱିକେଟ ହରାଇ ୧୯୭ରନ ସଂଗ୍ରହ କରିଥିଲା। ମୁମ୍ବାଇର ହିମାଂଶୁ ସିଂହ ୩ଟି ୱିକେଟ ଦଖଲ କରିଥିଲେ। ୱିକେଟ କିପର ପ୍ରତୀକ ଯାଦବ(୬୩ରନ) ଏବଂ ଜୟ ଜୈନ(୭୭ରନ) ଅପରାଜିତ ଅର୍ଦ୍ଧଶତକୀୟ ପାଳି ଖେଳି ମୁମ୍ବାଇକୁ ସହଜ ବିଜୟ ପ୍ରଦାନ କରିଥିଲେ। ୬ଟି ମ୍ୟାଚରୁ ୪ଟି ବିଜୟ ଏବଂ ୨ଟି ପରାଜୟ ବଳରେ ୧୬ ପଏଣ୍ଟ ହାସଲ କରି ଓଡ଼ିଶା ଗ୍ରୁପ-ବି ଟେବଲର ୩ୟ ସ୍ଥାନରେ ରହିଛି। ମୁମ୍ବାଇ(୨୪ପଏଣ୍ଟ) ଏବଂ ଆନ୍ଧ୍ରପ୍ରଦେଶ(୧୬ପଏଣ୍ଟ) ଯଥାକ୍ରମେ ପ୍ରଥମ ଓ ଦ୍ୱିତୀୟ ସ୍ଥାନରେ ଅଛନ୍ତି। ଆସନ୍ତା ୨୧ରେ ଓଡ଼ିଶା ଅନ୍ତିମ ଲିଗ୍‌ରେ ଆନ୍ଧ୍ରପ୍ରଦେଶକୁ ଭେଟିବ। ଏହି ମ୍ୟାଚ୍ ଜିତିଲେ ଓଡ଼ିଶା କ୍ୱାର୍ଟର ଫାଇନାଲରେ ପ୍ରବେଶ କରିବାର ସୁଯୋଗ

● ୨୩ ବର୍ଷରୁ କମ୍ ଜାତୀୟ ମହିଳା ଟି-୨୦

## ଅଲିସ୍ପା ଓଡ଼ିଶା ଦଳର ଅଧିନାୟିକା



ଭୁବନେଶ୍ୱର, ୧୯ ।୧୧ (ସମିସ): ବିସିସିଆଇ ଆନୁକୂଲ୍ୟରେ ଆସନ୍ତା ୨୪ ତାରିଖରୁ ୨୩ ବର୍ଷରୁ କମ୍ ଜାତୀୟ ମହିଳା ଟି-୨୦ ଟ୍ରଫି ଆରମ୍ଭ ହେବ। ଏଥିଲାଗି ବୁଧବାର ଓଡ଼ିଶା କ୍ରିକେଟ୍ ଆସୋସିଏସନ (ଓସିଏ)ର ସିନିୟର ମହିଳା ଚୟନ କମିଟି ଅଧକ୍ଷା ସସ୍ମିତା ପଟ୍ଟନାୟକ ଓ ମୁଖ୍ୟ କୋଚ୍ ସ୍ୱାଗତିକା ରଥ ୧୬ ଜଣିଆ ରାଜ୍ୟ ଦଳ ଘୋଷଣା କରିଥିଲେ। ଅଲିସ୍ପା ବିଶ୍ୱାଳଙ୍କୁ ଦଳର ନେତୃତ୍ୱ ଭାରତ ପ୍ରଦାନ କରାଯାଇଛି। ଓଡ଼ିଶା ନଭେମ୍ବର ୨୪ରେ ସିକ୍କିମ, ୨୫ରେ ଉତ୍ତରାଖଣ୍ଡ, ୨୭ରେ ହରିୟାଣା, ୨୯ରେ ବରୋଦା ଓ ଡିସେମ୍ବର ୧ରେ ମୁମ୍ବାଇ ବିପକ୍ଷରେ ଶେଷ ଲିଗ୍ ମ୍ୟାଚ୍ ଖେଳିବ। ଓଡ଼ିଶା ଏହାର ସମସ୍ତ ମ୍ୟାଚ୍ କେରଳର ତିରୁଅନନ୍ତପୁରମରେ ଖେଳିବ।

ଓଡ଼ିଶା ୨୩ ବର୍ଷରୁ କମ୍ ମହିଳା ଦଳ: ଅଲିସ୍ପା ବିଶ୍ୱାଳ (ଅଧିନାୟିକା), ତନ୍ମୟୀ ବେହେରା (ଉପ-ଅଧିନାୟିକା), ପୂଜାରାଣୀ ଦାସ, ଦିବ୍ୟା ରାଉତରାୟ, ତନ୍ୱୀ ରଞ୍ଜନା (ଉଭୟ ୱିକେଟ୍‌କିପର), ସୁଚିସ୍ମିତା ପଣ୍ଡା, ଅଙ୍କିତା ଗିରି, ପ୍ରାର୍ଥନା ପ୍ରତିଶ୍ରୁତି, ଶୁଭ୍ରା ସ୍ୱାଇଁ, ଜିଏମ୍ ଅଳକାନନ୍ଦା, ଅନନ୍ୟା ମିଶ୍ର, ସୁଲଗ୍ନା ନାୟକ, ଏସ୍‌ବି ଲରେନ୍ସ, ଶ୍ରେୟା ପ୍ରିୟଦର୍ଶିନୀ, ଜ୍ୟୋତି ପ୍ରସାଦ, କଳାନ୍ତି ଧରିତ୍ରୀ। ଷ୍ଟାଣ୍ଡବାଏ: ଜୟସ ନାୟକ, ରାଣୀ ପ୍ରସାଦ, ଏସ୍. ସ୍ୱାଇଁ ଓ ସୋନାଲିସା ସାହୁ।

## ଆମେରିକା ଭାରତର ପ୍ରଥମ ପ୍ରତିଦ୍ୱନ୍ଦ୍ୱୀ

ନୂଆଦିଲ୍ଲୀ,୧୯।୧୧(ଏଜେନ୍ସି): ଜିମ୍ବାୱେ ଓ ନାମିବ୍ୟାରେ ଆସନ୍ତାବର୍ଷ ଜାନୁଆରୀ ୧୫ରୁ ଫେବୃଆରୀ ୬ ତାରିଖଯାଏ ଆଇସିସି ୧୯ ବର୍ଷରୁ କମ୍ ପୁରୁଷ ବିଶ୍ୱକପ୍ କ୍ରିକେଟ ପ୍ରତିଯୋଗିତା ଆୟୋଜିତ ହେବ। ଏହି ପ୍ରତିଯୋଗିତାରେ ୧୬ଟି ଦେଶ ଭାଗନେଉଥିଲାବେଳେ ୨୩ ଦିନରେ ଖେଳାଯିବ ୪୧ଟି ମ୍ୟାଚ୍। ଏହି ଦେଶଗୁଡିକୁ ୪ଟି ଗ୍ରୁପ୍‌ରେ ଭାଗ କରାଯାଇଛି। ଏହା ମଧ୍ୟରୁ ଭାରତ ଗ୍ରୁପ୍-ଏ'ରେ ଆମେରିକା, ବାଂଲାଦେଶ ଓ ନ୍ୟୁଜିଲାଣ୍ଡ ସହ ସ୍ଥାନ ପାଇଛି। ଭାରତ ଜାନୁଆରୀ ୧୫ରେ ଆମେରିକା ସହ ପ୍ରଥମ ମ୍ୟାଚ୍, ୧୭ରେ ବାଂଲାଦେଶ ସହ ଦ୍ୱିତୀୟ ଓ ୨୪ରେ ନ୍ୟୁଜିଲାଣ୍ଡ ସହ ତୃତୀୟ ମ୍ୟାଚ୍ ଖେଳିବ। ସମସ୍ତ ମ୍ୟାଚ୍ ଜିମ୍ବାୱେର ବୁଲାୱାୟୋସ୍ଥିତ କ୍ୱିନ୍ସ ସ୍ପୋର୍ଟ୍ସ କ୍ଲବ୍ ଗ୍ରାଉଣ୍ଡରେ ଖେଳାଯିବ।

**୧୯ ବର୍ଷରୁ କମ୍ ପୁରୁଷ ବିଶ୍ୱକପ୍**

ସୟଦ ମୁସ୍ତାକ ଅଲ୍ଲୀ ଟି-୨୦

## ୫ ବର୍ଷ ପରେ ବିପ୍ଳବଙ୍କୁ ନେତୃତ୍ୱ

କଟକ,୧୯।୧୧(ସମିସ)



ବିସିସିଆଇ ଆନୁକୂଲ୍ୟରେ ଆସନ୍ତା ୨୬ ତାରିଖରୁ ସୟଦ ମୁସ୍ତାକ ଅଲ୍ଲୀ ଟି-୨୦ ଟୁର୍ଣ୍ଣାମେଣ୍ଟ ଆରମ୍ଭ ହେବ। ଏଥି ନିମନ୍ତେ ଘୋଷିତ ୨୦ଜଣିଆ ରାଜ୍ୟ ଦଳରେ ବିପ୍ଳବ ସାମନ୍ତରାୟଙ୍କୁ ନେତୃତ୍ୱ ମିଳିଛି। ପାଞ୍ଚବର୍ଷ ପରେ ବିପ୍ଳବ ଟି-୨୦ ଫର୍ମାଟର ଅଧିନାୟକ ପଦକୁ ଫେରିଛନ୍ତି। ସେହିଭଳି ଦଳରେ ୬ ନୂଆ ମୁହଁ ସ୍ଥାନ ପାଇଛନ୍ତି। ଅନିଲ ପରିଡ଼ା, ବାଦଲ ବିଶ୍ୱାଳ ଏବଂ ସୌରଭ ଗୌଡ ପ୍ରଥମଶ୍ରେଣୀ କ୍ରିକେଟରେ ପଦାର୍ପଣ କରିଥିଲେ ମଧ ଟି-୨୦ ଫର୍ମାଟରେ ନୂଆ ଚେହେରା। ଏହାଛଡ଼ା ୧୭ବର୍ଷୀୟ ସ୍ପିନର ରାଜ ଯାଦବ ଏବଂ ପେସ୍ ବୋଲର ଭଗୀଶ ଶର୍ମାଙ୍କ ସମେତ ସୌମ୍ୟରଞ୍ଜନ ଲେଙ୍କା ରାଜ୍ୟ ବରିଷ୍ଠ ଦଳରେ ପ୍ରଥମ ଥର ସୁଯୋଗ ପାଇଛନ୍ତି। ସେହିଭଳି ବାମହାତୀ ସ୍ପିନର ପପୁ ରାୟ ପାଖାପାଖି ୪୪ ମାସ ପରେ ସିନିଅର ଦଳକୁ ପ୍ରତ୍ୟାବର୍ତ୍ତନ କରିଛନ୍ତି। ଘୋଷିତ ଦଳରେ ଗୌରବ ଚୌଧୁରୀ, ସ୍ୱସ୍ତିକ ସାମଲ, ଆଦିତ୍ୟ ରାଉତ, ଆଶୀର୍ବାଦ ସ୍ୱାଇଁ, ପ୍ରୟାସ କୁମାର ସିଂହ, ସମ୍ବିତ ବରାଳ, ରାଜେଶ ମହାନ୍ତି, ଶୁଭ୍ରାଂଶୁ ସେନାପତି, ଶୁଭମ ଶତ୍ରୁଜିତ, ସନ୍ଦୀପ ପଟ୍ଟନାୟକ, ପପୁ ରାୟ, ଗୋବିନ୍ଦ ପୋଦ୍ଦାର, ସର୍ବେଶ୍ୱର ମହାନ୍ତି ରହିଛନ୍ତି। ନଭେମ୍ବର ୨୬ରେ ଲକ୍ଷ୍ନୌର ଏକନା କ୍ରିକେଟ ଷ୍ଟାଡିୟମରେ କେରଳ ବିପକ୍ଷରେ ଓଡ଼ିଶା ପ୍ରଥମ ମ୍ୟାଚ୍ ଖେଳିବ। ଏହାପରେ ଓଡ଼ିଶା ନଭେମ୍ବର ୨୮ରେ ଆନ୍ଧ୍ର, ୩୦ରେ ବିଦର୍ଭ, ଡିସେମ୍ବର ୨ରେ ଛତିଶଗଡ଼, ଡିସେମ୍ବର ୪ରେ ରେଳବାଇ, ୬ରେ ଆସାମ ଓ ଡିସେମ୍ବର ୮ରେ ମୁମ୍ବଇ ବିପକ୍ଷରେ ଶେଷ ଲିଗ୍ ମ୍ୟାଚ୍ ଖେଳିବାର କାର୍ଯ୍ୟସୂଚୀ ରହିଛି।

**୬ ନୂଆ ମୁହଁ; ୧୭ବର୍ଷୀୟ ରାଜଙ୍କୁ ସୁଯୋଗ**

ଫିଫା ବିଶ୍ୱକପ୍‌ରେ କ୍ଷୁଦ୍ରତମ ଦେଶ

## ୧.୫ ଲକ୍ଷ ଜନସଂଖ୍ୟା ବିଶିଷ୍ଟ କୁରାକାଓର ଯୋଗ୍ୟତା

ଜାମାଇକା, ୧୯ ।୧୧ (ଏଜେନ୍ସି): କାରିବୀୟାନ ଦୀପ ରାଷ୍ଟ୍ର କୁରାକାଓ କ୍ଷୁଦ୍ରତମ ଦେଶ ଭାବେ ଫିଫା ବିଶ୍ୱକପ୍‌କୁ ଯୋଗ୍ୟତା ଅର୍ଜନ କରିବାର ସୌଭାଗ୍ୟ ଲାଭ କରିଛି। ବୁଧବାର ଅନୁଷ୍ଠିତ ଯୋଗ୍ୟତା ପର୍ଯ୍ୟାୟର ଏକ ମ୍ୟାଚରେ କୁରାକାଓ ଗୋଲ୍‌ଶୂନ୍ୟ ଭାବେ ଜାମାଇକା ବିପକ୍ଷରେ ଡ୍ର ରଖିଥିଲା। ଫଳରେ ଗ୍ରୁପ୍-ଏଚ୍'ରେ ୬ ମ୍ୟାଚ୍ ଖେଳି ୩ଟି ଲେଖାଏ ବିଜୟ ଓ ଡ୍ର ସହ ୧୨ ପଏଣ୍ଟ ପାଇ ଟେବଲ ଶୀର୍ଷରେ ରହିବା ସହ କୁରାକାଓ ୨୦୨୬ ଫିଫା ବିଶ୍ୱକପ୍‌କୁ ଯୋଗ୍ୟତା ଅର୍ଜନ କରି ଇତିହାସ ରଚିଛି। ୧୭୧ ସ୍କୋୟାର ମାଇଲ୍ସ ବିଶିଷ୍ଟ କୁରାକାଓର ଜନସଂଖ୍ୟା ମାତ୍ର ୧ ଲକ୍ଷ ୫୬ ହଜାର। ଫିଫା ବିଶ୍ୱକପ୍‌କୁ ଯୋଗ୍ୟତା ଅର୍ଜନ କରିବାରେ ଏହା ବିଶ୍ୱର କ୍ଷୁଦ୍ରତମ ଦେଶ ହେବାର ରେକର୍ଡ କରିଛି। ପୂର୍ବରୁ ଏହି ରେକର୍ଡ ଆଇସଲାଣ୍ଡ ନାମରେ ରହିଥିଲା। ୨୦୧୮ ବିଶ୍ୱକପ୍ ଖେଳିଥିବା ଆଇସଲାଣ୍ଡର ଜନସଂଖ୍ୟା ସେ ସମୟରେ ୩.୫ ଲକ୍ଷ ଥିଲା। ସେହିଭଳି ଆଗାମୀ ବିଶ୍ୱକପ୍‌କୁ ଖେଳିବାକୁ ଯୋଗ୍ୟତା ଅର୍ଜନ କରିଥିବା ଆଫ୍ରିକୀୟ ରାଷ୍ଟ୍ର କେପ୍ ଭର୍ଡେର ଜନସଂଖ୍ୟା ୫.୨୮ ଲକ୍ଷ ରହିଛି। ଅପରପକ୍ଷରେ ଦୁଇଦିନ ତଳେ ନରୱେ ୨୮ ବର୍ଷ ପରେ ଫିଫା ବିଶ୍ୱକପ୍ ଖେଳିବାକୁ ଯୋଗ୍ୟତା ଅର୍ଜନ କରିଥିଲା। ଉଲ୍ଲେଖଯୋଗ୍ୟ, ଫିଫା ବିଶ୍ୱକପ୍‌ର ୨୩ତମ ସଂସ୍କରଣ ଆସନ୍ତାବର୍ଷ ଜୁନ ୧୧ରୁ ଆମେରିକା, ମେକ୍ସିକୋ ଓ କାନାଡାରେ ମିଳିତ ଭାବେ ଆୟୋଜିତ ହେବ। ଇତିହାସରେ ପ୍ରଥମଥର ଲାଗି ଏଥର ୪୮ ଟି ଦଳକୁ ନେଇ ବିଶ୍ୱକପ୍ ଖେଳାଯିବ।




PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, DENGSARGI, BAREIPALI-768006, DIST: SAMBALPUR, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS